

ଗଜାନନଂ ଭୂତଗଣାଦି ସେବିତମ୍
କପିତ୍ଥ ଜମ୍ବୁଫଳଚାରୁ ଭକ୍ଷଣମ୍,
ଉମାସୁତଂ ଶୋକ ବିନାଶକାରକମ୍
ନମାମି ବିଘ୍ନେଶ୍ୱର ପାଦପଙ୍କଜମ୍॥


- RNI REGD NO: 42041/83
- www.sakalaepaper.com
- /sakalanews
- /sakalanews
- www.thesakala.in

# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

VOLUME- 43 ◆ISSUE-63 ◆WEDNESDAY ◆27 AUGUST 2025 ◆PAGE-12 ◆₹ 6.00 | PANIKOILI | ◆ବର୍ଷ-୪୩ ◆ସଂଖ୍ୟା-୬୩ ◆ବୁଧବାର ◆୨୭ ଅଗଷ୍ଟ ୨୦୨୫ ◆ପୃଷ୍ଠା-୧୨ ◆ଟ.୬.୦୦


ଉପସ୍ଥାପକ

JAY BHARAT FOUNDATION ODISHA



ପ୍ରାୟୋଜକ

BHARAT MASALA

*The Taste of New India*

## ଭାରତ ଯେଉଁଠି, ପ୍ରତିଭା ସେଇଠି

# ୨୬ତମ ଭାରତ ପ୍ରତିଭା ସମ୍ମାନ ଏବଂ
# ୨୬ତମ ଭାରତ ମସଲାର ପ୍ରତିଷ୍ଠା ଦିବସ - ୨୦୨୫



ଉଦ୍‌ଘାଟକ

**ଶ୍ରୀଯୁକ୍ତ ପୃଥ୍ୱୀରାଜ ହରିଚନ୍ଦନ**
ମାନ୍ୟବର ଆଇନ, ପୂର୍ତ୍ତ ଓ ଅବକାରୀ ମନ୍ତ୍ରୀ,
ଓଡିଶା ସରକାର



ମୁଖ୍ୟ ଅତିଥି

**ଶ୍ରୀଯୁକ୍ତ ଶୁଭାଶିଷ ଖୁଣ୍ଟିଆ**
ମାନ୍ୟବର ସାଂସଦ, ରାଜ୍ୟସଭା



ସମ୍ମାନିତ ଅତିଥି

**ଶ୍ରୀଯୁକ୍ତ ଦେବୀ ରଞ୍ଜନ ତ୍ରିପାଠୀ**
ମାନ୍ୟବର ବାଙ୍କୀ ବିଧାୟକ



ସମ୍ମାନିତ ଅତିଥି

**ଶ୍ରୀମତୀ ସୋଫିଆ ଫିର୍ଦୋଷ**
ମାନ୍ୟବର ବାରବାଟୀ-କଟକ ବିଧାୟିକା



ସମ୍ମାନିତ ଅତିଥି

**ଶ୍ରୀଯୁକ୍ତ ହେମନ୍ତ ଶର୍ମା (ଆଇ.ଏ.ଏସ୍.)**
ମାନ୍ୟବର ଅତିରିକ୍ତ ମୁଖ୍ୟ ସଚିବ, ଶିଳ୍ପ ଏବଂ ଅଣୁ, କ୍ଷୁଦ୍ର
ଓ ମଧ୍ୟମ ଉଦ୍ୟୋଗ ବିଭାଗ, ଓଡ଼ିଶା ସରକାର



ସମ୍ମାନିତ ଅତିଥି

**ପ୍ରଫେସର (ଡା.) ଜୟନ୍ତ କୁମାର ପଣ୍ଡା**
ମାନ୍ୟବର ପ୍ରଫେସର ପି.ଜି. ମେଡିସିନ୍ ବିଭାଗ,
ଏସ୍.ସି.ବି. ମେଡିକାଲ୍ କଲେଜ, କଟକ

## ସମ୍ବର୍ଦ୍ଧିତ ପ୍ରତିଭାବୃନ୍ଦ



ଭାରତ ଗୌରବ ସମ୍ମାନ

**ଶ୍ରୀ ଦୁର୍ଯ୍ୟୋଧନ ମହାନ୍ତି**
(ପୂର୍ବତନ ମୁଖ୍ୟ ଭାରତୀୟ ସେନା ଅଧିକାରୀ)



ସେବା ଭାରତ ସମ୍ମାନ

**ଡ. କେଶବ ଚନ୍ଦ୍ର ଶତପଥୀ**
(ଡି.ଏ.ଭି ସ୍କୁଲ ନିର୍ଦ୍ଦେଶକ, ଓଡିଶା)



କଥା ଭାରତ ସମ୍ମାନ

**ଡ. ଅରବିନ୍ଦ ବେହେରା**
(ଆଇ.ଏ.ଏସ୍.)



ସଂସ୍କୃତି ଭାରତ ସମ୍ମାନ

**ଡ. ଶ୍ୱେତ କୁମାର ଦାଶ**
(ଚଳଚ୍ଚିତ୍ର ନିର୍ମାତା ଏବଂ ନିର୍ଦ୍ଦେଶକ)



କ୍ରୀଡ଼ା ଭାରତ ସମ୍ମାନ

**ଶ୍ରୀ କିଶୋର ଚନ୍ଦ୍ର ଜେନା**
(ଏସିଆନ ରୌପ୍ୟ ବିଜୟୀ)



ବିଦ୍ୟା ଭାରତ ସମ୍ମାନ

**ତପେଶ୍ୱର ବାଗ**
(+୨ ବିଜ୍ଞାନ)



ବିଦ୍ୟା ଭାରତ ସମ୍ମାନ

**ଆର୍ଚ୍ଛି ଚିନ୍ମୟୀ ପ୍ରଧାନ**
(+୨ ବାଣିଜ୍ୟ)



ବିଦ୍ୟା ଭାରତ ସମ୍ମାନ

**ପ୍ରିୟଦର୍ଶିନୀ ଗଡ଼ନାୟକ**
(+୨ କଳା)

ସ୍ଥାନ: ଭାରତ ମସଲା ପରିସର, ରାମଦାସପୁର, କଟକ । ତାରିଖ: ୨୭.୦୮.୨୦୨୫ (ବୁଧବାର), ସମୟ: ଦିବା ୧୧ ଘଟିକା

Required Sales Executive. Both Male and Female can apply at: **info@bharatmasala.in**

### ପାର୍ବଣ ପୂର୍ବରୁ ଯୁବ ଓ ଛାତ୍ର ବିଜେଡିର ନବକଳେବର

# ଚିନ୍ମୟ ଯୁବ ଓ ଇପ୍‌ସିତା ଛାତ୍ର ସଭାପତି




**ଯୁବ ସଂଗଠନରେ ବ୍ୟୋମକେଶ, ରାଜେନ୍ଦ୍ର, ଅମରେଶ, ସଞ୍ଜିତଙ୍କୁ ସ୍ୱତନ୍ତ୍ର ଦାୟିତ୍ୱ**
**ଛାତ୍ର ସଂଗଠନରେ ଦେବେଶ, ଦେବୀ, ସୁଭାଶିଷ, ସୌଭିକଙ୍କୁ ସ୍ୱତନ୍ତ୍ର ଦାୟିତ୍ୱ**

ଭୁବନେଶ୍ୱର,୨୬।୮ (ସମିସ): ନବକଳେବର ହୋଇଛି ବିଜେଡିର ଦୁଇ ଛାମୁଆ ସଙ୍ଗଠନ ଯୁବ ବିଜେଡି ଓ ଛାତ୍ର ବିଜେଡି। ମଙ୍ଗଳବାର ଦଳର ସଭାପତି ନବୀନ ପଟ୍ଟନାୟକ ଉଭୟ ସଙ୍ଗଠନର ସଭାପତିଙ୍କ ନାମ ଘୋଷଣା କରିଛନ୍ତି । ଛାତ୍ର ଓ ଯୁବ ରାଜନୀତିରେ ଅଭିଜ୍ଞ ଚିନ୍ମୟ ସାହୁଙ୍କୁ ଯୁବ ବିଜେଡି ସଭାପତି ରୂପେ ନିଯୁକ୍ତି ଦିଆଯାଇଥିବାବେଳେ ପ୍ରଥମଥର ପାଇଁ ଛାତ୍ର ବିଜେଡିର ମଙ୍ଗ ଜଣେ ମହିଳା ଯୁବ ନେତ୍ରୀଙ୍କ ଉପରେ ନ୍ୟସ୍ତ କରାଯାଇଛି ।ଏହା ସହିତ ଦୁଇ ସଙ୍ଗଠନର ସାଙ୍ଗଠନିକ ଶକ୍ତି ବୃଦ୍ଧି ଓ ଦିଶା ନିର୍ଦ୍ଦେଶ ନିମନ୍ତେ ଚାରି ଜଣ ଲେଖାଏଁ ଅନୁଭବୀ ତଥା ବରିଷ୍ଠ ନେତାଙ୍କ ଉପରେ ଦାୟିତ୍ୱ ନ୍ୟସ୍ତ କରାଯାଇଛି। ଯୁବ ବିଜେଡି ସଙ୍ଗଠନକୁ ଦୃଢ଼ କରିବା ନିମନ୍ତେ ପୂର୍ବତନ ଯୁବ ସଭାପତି ତଥା ବିଧାୟକ ବ୍ୟୋମକେଶ ରାୟଙ୍କୁ ବରିଷ୍ଠ ସାଧାରଣ ସମ୍ପାଦକ, ଯୁବ ନେତା ତଥା ପୂର୍ବତନ ବିଧାୟକ ରାଜେନ୍ଦ୍ର କୁମାର ସାହୁ, ପୂର୍ବତନ ଯୁବ ସଭାପତି ଅମରେଶ ପତ୍ରୀ ଏବଂ ସଞ୍ଜିତ ମହାନ୍ତିଙ୍କୁ ସ୍ୱତନ୍ତ୍ର ଦାୟିତ୍ୱ ପ୍ରଦାନ କରାଯାଇଛି । ଛାତ୍ର ବିଜେଡି ସଙ୍ଗଠନରେ ଦେବେଶ ଆଚାର୍ଯ୍ୟଙ୍କ ବରିଷ୍ଠ ସାଧାରଣ ସମ୍ପାଦକ ଦାୟିତ୍ୱ ପ୍ରଦାନ କରାଯାଇଛି। ଏହା ସହ ବିଧାୟକ ଦେବୀ ରଞ୍ଜନ ତ୍ରିପାଠୀ, ସାଂସଦ ସୁଭାଶିଷ ଖୁଣ୍ଟିଆ ଓ ବିଧାୟକ ସୌଭିକ୍ ବିଶ୍ୱାଳଙ୍କୁ ସାଧାରଣ ସମ୍ପାଦକ ଦାୟିତ୍ୱ ଦିଆଯାଇଛି । ପାର୍ବଣ ପୂର୍ବରୁ ନବୀନ ଉଭୟ ଛାମୁଆ ସଂଗଠନର ନବ କଳେବର କରିଥିବା ବେଳେ ଖୁବଶୀଘ୍ର ଅନ୍ୟ ପଦାଧିକାରୀଙ୍କୁ ମଧ୍ୟ ଦାୟିତ୍ୱ ପ୍ରଦାନ କରାଯିବ ବୋଲି ସୂଚନା ମିଳିଛି ।

### ଦୁର୍ଦ୍ଦଶା ବଢ଼ାଇଲା ସୁବର୍ଣ୍ଣରେଖା

# ପାଣିଘେରରେ ୧୧୪ ଗାଁ



ବାଲେଶ୍ୱର,୨୬।୮ (ସମିସ): ଲୋକଙ୍କ ଦୁର୍ଦ୍ଦଶା ବଢ଼ାଉଛି ସୁବର୍ଣ୍ଣରେଖା। ଏହାକୁ ମିଶାଇ କେବଳ ଚଳିତ ବର୍ଷ ସୁବର୍ଣ୍ଣରେଖାରେ ୬ଥର ବନ୍ୟା ଆସିଲାଣି। ବାରମ୍ବାର ବନ୍ୟା ଆସିବା ଦ୍ୱାରା ଧନଜୀବନ ପ୍ରଭାବିତ ହେବା ସହ ଚାଷ ଉଜୁଡ଼ି ଯାଇଛି। ଏପରିକି, ଚଳିତ ବନ୍ୟାରେ ଦୁଇଜଣ ବ୍ୟକ୍ତି ଭାସିଯାଇଥିବା ବେଳେ ଆଜି ସେମାନଙ୍କର ମୃତଦେହ ଉଦ୍ଧାର କରାଯାଇଥିବା ଜଣାପଡ଼ିଛି। ନଦୀର ଜଳସ୍ତର ଏବେ ବି ବିପଦ ସଙ୍କେତ ଉପରେ ରହିଛି। ଆଜି ସଂଧ୍ୟା ସୁଦ୍ଧା ରାଜଘାଟଠାରେ ନଦୀ ଜଳସ୍ତର ୧୦.୬୩ ମିଟର ଉପରେ ପ୍ରବାହିତ ହେଉଛି। ଏଠାରେ ଏହାର ବିପଦ ସଙ୍କେତ ୧୦.୩୬ ମିଟର ରହିଥିବା ବେଳେ ସତର୍କ ସଙ୍କେତ ୯.୪୫ ମିଟର ରହିଛି।

ବିଶେଷକରି ବସ୍ତା, ଜଳେଶ୍ୱର, ଭୋଗରାଇ ଏବଂ ବାଲିଆପାଳ ବ୍ଲକ ବେଶି ପ୍ରଭାବିତ ହୋଇଛି। ଏହି ୪ଟି ବ୍ଲକ୍‌ର ୨୮ଟି ପଞ୍ଚାୟତର ୧୧୪ଟି ଗାଁରେ ବନ୍ୟାଜଳ ପ୍ରବେଶ କରିଥିବା ବେଳେ ପାଖାପାଖି ୪୦ ହଜାରରୁ ଊର୍ଦ୍ଧ୍ୱ ଲୋକ ପ୍ରଭାବିତ ହୋଇଛନ୍ତି। ପ୍ରଶାସନ ପକ୍ଷରୁ ଲୋକଙ୍କୁ ସ୍ଥାନାନ୍ତର ହାର ବହୁ ନଗଣ୍ୟ ବୋଲି ଜଣାଯାଇଛି। ସେହିପରି ବନ୍ୟା ଯୋଗୁଁ ହେକ୍ଟରହେକ୍ଟର ଜମିରେ ବ୍ୟାପକ ଚାଷ ନଷ୍ଟ ହୋଇଛି। ଏହି ସମସ୍ତ ବ୍ଲକ ପାଇଁ ମୋଟ ୧୧ଟି ଉଦ୍ଧାରକାରୀ ଦଳକୁ ନିୟୋଜିତ କରାଯାଇଥିବା ବେଳେ ୪ଟି ମେଡିକାଲ ଟିମ, ୪ଟି ଭେଟନାରୀ ଟିମ ଏବଂ ୨୨ଟି ବୋଟ ରହିଛି ବୋଲି ଜଣାଯାଇଛି।

ଭୋଗରାଇ ବିଧାୟକ ଗୌତମବୁଦ୍ଧ ଦାସ କହିଛନ୍ତି ଯେ ଦୁଇ ମାସ ମଧ୍ୟରେ ଭୋଗରାଇରେ ୬ଥର ବନ୍ୟା ଆସିଲାଣି। ବିଶେଷକରି ଗାଲୁଡିହି ଓ ଚାନ୍ଦିନି ଡ୍ୟାମରୁ ପାଣି ଛଡାଯିବା ଫଳରେ ଏଠାରେ ବାରମ୍ବାର ବନ୍ୟା ପରିସ୍ଥିତି ସୃଷ୍ଟି ହେଉଛି। ହେଲେ ପ୍ରଶାସନ ପୂର୍ବରୁ ଲୋକମାନଙ୍କୁ ସତର୍କ କରାଯାଉନାହିଁ। ଲୋକମାନେ ସୂଚନା ପାଇବା ପୂର୍ବରୁ ବନ୍ୟା ଆସିଯାଉଥିବାରୁ ସେମାନେ ଉଚିତ ସମୟରେ ସେମାନଙ୍କର ଧନଜୀବନ ରକ୍ଷା କରିବାକୁ ଅସମର୍ଥ ହୋଇପଡୁଛନ୍ତି। ଲୋକମାନଙ୍କୁ ସୁରକ୍ଷା ଦେବାରେ ଜିଲ୍ଲା ପ୍ରଶାସନ ପୂରା ଫେଲ୍ ମାରିଛି। ଏପରିକି, ପ୍ରଭାବିତ ଲୋକମାନଙ୍କୁ ଠିକ ଭାବେ ପଲିଥିନ୍ ମଧ୍ୟ ଯୋଗାଇ ଦିଆଯାଇପାରୁନାହିଁ। ଜିଲ୍ଲା ପ୍ରଶାସନ ବିଭିନ୍ନ ଆଳ ଦେଖାଇ ପଲିଥିନ ପ୍ରଦାନ କରୁନାହିଁ ବୋଲି ଶ୍ରୀ ଦାସ ଅଭିଯୋଗ କରିଛନ୍ତି।

# ୨୯ ତାରିଖକୁ ଛୁଟି ଘୋଷଣା କଲେ ମୁଖ୍ୟମନ୍ତ୍ରୀ

- ପଶ୍ଚିମ ଓଡ଼ିଶାର ସାଂସ୍କୃତିକ ଐତିହ୍ୟକୁ ସମ୍ମାନ ଦେଇ ନିଷ୍ପତ୍ତି
- ସେପ୍ଟେମ୍ବର ୧୩ ତାରିଖକୁ କାର୍ଯ୍ୟ ଦିବସ ଭାବେ ଘୋଷଣା

ଭୁବନେଶ୍ୱର,୨୬।୮ (ସମିସ): ଆସନ୍ତା ୨୯ ତାରିଖ(ଶୁକ୍ରବାର)କୁ ସରକାରୀ ଛୁଟି ଭାବେ ଘୋଷଣା କରିଛନ୍ତି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ। ୨୯ ତାରିଖ ନୂଆଖାଇର ପରଦିନ। ପଶ୍ଚିମ ଓଡ଼ିଶାର ସାଂସ୍କୃତିକ ଐତିହ୍ୟକୁ ସମ୍ମାନ ଦେଇ ମୁଖ୍ୟମନ୍ତ୍ରୀ ଉପରୋକ୍ତ ନିଷ୍ପତ୍ତି ନେଇଛନ୍ତି ବୋଲି ମୁଖ୍ୟମନ୍ତ୍ରୀଙ୍କ କାର୍ଯ୍ୟାଳୟ ପକ୍ଷରୁ କୁହାଯାଇଛି। ଏହା ପରିବର୍ତ୍ତେ ସେପ୍ଟେମ୍ବର ୧୩ତାରିଖ (ଦ୍ୱିତୀୟ ଶନିବାର)କୁ କାର୍ଯ୍ୟ ଦିବସ ଭାବେ ଘୋଷଣା କରାଯାଇଛି। ଏନେଇ ରାଜସ୍ୱ ବିଭାଗ ପକ୍ଷରୁ ମଧ୍ୟ ବିଜ୍ଞପ୍ତି ପ୍ରକାଶ ପାଇଛି।

ମୁଖ୍ୟମନ୍ତ୍ରୀଙ୍କ କାର୍ଯ୍ୟାଳୟ ପକ୍ଷରୁ ଜାରି ପ୍ରେସ୍ ବିଜ୍ଞପ୍ତି ଅନୁଯାୟୀ, କୃଷିଭିତ୍ତିକ ଗଣପର୍ବ ନୂଆଖାଇ ଅବସରରେ ପ୍ରତିବର୍ଷ ଛୁଟି ଘୋଷଣା କରାଯାଇଥାଏ। ଚଳିତବର୍ଷ ଅଗଷ୍ଟ ୨୯କୁ ଛୁଟି ଘୋଷଣା କରାଯାଇଛି। ତେବେ ନୂଆଖାଇ ପରଦିନ ମଧ୍ୟ ପଶ୍ଚିମ ଓଡ଼ିଶାବାସୀଙ୍କ ପାଇଁ ଖୁବ୍ ଗୁରୁତ୍ୱପୂର୍ଣ୍ଣ। ସେ ଦିନ ଆତ୍ମୀୟସ୍ୱଜନମାନେ ପରସ୍ପର ସହ ସାକ୍ଷାତ କରି 'ନୂଆଖାଇ ଜୁହାର' କରନ୍ତି ଏବଂ ବିଭିନ୍ନ ସାଂସ୍କୃତିକ କାର୍ଯ୍ୟକ୍ରମରେ ଭାଗ ନିଅନ୍ତି। ପାରିବାରିକ, ସାମାଜିକ ଓ ସାଂସ୍କୃତିକ ଐତିହ୍ୟକୁ ସୁରକ୍ଷିତ କରିବା ଦିଗରେ ଏହା ଏକ ମହତ୍ୱପୂର୍ଣ୍ଣ ଦିନ। ଏହାକୁ ଦୃଷ୍ଟିରେ ରଖି ମୁଖ୍ୟମନ୍ତ୍ରୀ ୨୯ ତାରିଖକୁ ସମସ୍ତ ସରକାରୀ କାର୍ଯ୍ୟାଳୟ ତଥା ମାଜିଷ୍ଟ୍ରେରିଆଲ କୋର୍ଟ (କାର୍ଯ୍ୟନିର୍ବାହୀ) ପାଇଁ ଛୁଟି ଘୋଷଣା କରିଛନ୍ତି। ସମାନ ଭାବେ ଉଚ୍ଚଶିକ୍ଷା ଏବଂ ଗଣଶିକ୍ଷା ବିଭାଗ ପକ୍ଷରୁ ମଧ୍ୟ ଶୁକ୍ରବାରକୁ ସରକାରୀ ଛୁଟି ଭାବେ ଘୋଷଣା କରାଯାଇଛି।

# '୫-ଟି' ଓ 'ମୋ ସରକାର' ବ୍ୟବସ୍ଥାର କପି ପେଷ୍ଟ 'ଆମ ଶାସନ': ବିଜେଡି



- '୫-ଟି ଓ ମୋ ସରକାର' ବ୍ୟବସ୍ଥାର ଉପାଦେୟତାକୁ ବିଜେପି ସ୍ୱୀକାର କରିଛି
- ଆମ ଶାସନକୁ ମିଶାଇ ୨୫ ଯୋଜନାର ନାମ ପରିବର୍ତ୍ତନ କରି ଲାଗୁ ହୋଇଛି

ଭୁବନେଶ୍ୱର,୨୬।୮ (ସମିସ): ରାଜ୍ୟ ସରକାରଙ୍କ ଦ୍ୱାରା ଆଜି ଆରମ୍ଭ କରାଯାଇଥିବା 'ଆମ ଶାସନ' ବ୍ୟବସ୍ଥା ପୂର୍ବ ସରକାରଙ୍କ ଦ୍ୱାରା ୨୦୧୯ ମସିହାରୁ କାର୍ଯ୍ୟକାରୀ ହୋଇଆସୁଥିବା '୫-ଟି' ଓ 'ମୋ ସରକାର' ବ୍ୟବସ୍ଥାର କପି ପେଷ୍ଟ। ବିରୋଧୀ ଦଳର ଦାୟିତ୍ୱ ନିର୍ବାହ କରିବା ସମୟରେ ବିଜେପି ଏହି ବ୍ୟବସ୍ଥାକୁ ସମାଲୋଚନା କରି ଆସୁଥିଲା। ତେବେ ସରକାରକୁ ଆସିବାର ୧୪ ମାସ ପରେ ସମାନ ବ୍ୟବସ୍ଥାକୁ କେବଳ ନାମ ପରିବର୍ତ୍ତନ କରି ଲାଗୁ କରିଛି ଏବଂ '୫-ଟି ଓ ମୋ ସରକାର' ବ୍ୟବସ୍ଥାର ଉପାଦେୟତାକୁ ବିଜେପି ସରକାର ସ୍ୱୀକାର କରିଛି ବୋଲି କହିଛି ବିଜେଡି ।

ଶଙ୍ଖ ଭବନରେ ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ପୂର୍ବତନ ମନ୍ତ୍ରୀ ତଥା ଦଳର ଉପସଭାପତି ଅତନୁ ସବ୍ୟସାଚୀ ନାୟକ କହିଛନ୍ତି ଯେ ପୂର୍ବ ସରକାରଙ୍କ ଦ୍ୱାରା ପ୍ରଣୟନ କରାଯାଇଥିବା ଅନେକ ଲୋକପ୍ରିୟ ଯୋଜନାକୁ କେବଳ ନାମ ପରିବର୍ତ୍ତନ କରି ଓ ପୂର୍ବ ସରକାରଙ୍କ ଦ୍ୱାରା ସମ୍ପୂର୍ଣ୍ଣ ହୋଇଥିବା ସରକାରୀ ଭବନ ଗୁଡିକର ରଙ୍ଗ ପରିବର୍ତ୍ତନ କରିବା ପ୍ରାଥମିକତା ହୋଇଛି। ପୂର୍ବତନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କ ଦ୍ୱାରା ପ୍ରଣୟନ କରାଯାଇଥିବା ବିଭିନ୍ନ ଯୋଜନା ଗୁଡିକ ଭିତରୁ ୨୪ଟି ଯୋଜନାର ନାମ ପୂର୍ବରୁ ହୋଇସାରିଥିଲା ଓ ଆଜି ଆରମ୍ଭ ହୋଇଥିବା 'ଆମ ଶାସନ' ବ୍ୟବସ୍ଥା ପରେ ଏହି ସଂଖ୍ୟା ୨୫କୁ ଛୁଇଁଲା। ନବୀନ ପଟ୍ଟନାୟକଙ୍କ ଦ୍ୱାରା ୨୦୧୯ ମସିହା ଗାନ୍ଧୀ ଜୟନ୍ତୀ ଦିନ ଆରମ୍ଭ ହୋଇଥିବା '୫-ଟି' ମୋ ସରକାର ବ୍ୟବସ୍ଥା ଜାତୀୟସ୍ତରରେ ବହୁ ପ୍ରଶଂସିତ ହୋଇଥିଲା। କେନ୍ଦ୍ର ସରକାରଙ୍କ ସଂସ୍ଥା ନୀତି ଆୟୋଗ ଏହାକୁ ପ୍ରଶଂସା କରିଥିବା ବେଳେ ତତ୍କାଳୀନ କେନ୍ଦ୍ରମନ୍ତ୍ରୀ ଜିତେନ୍ଦ୍ର ସିଂ ଏହାକୁ ପ୍ରଶଂସା କରିବା ସହିତ ଏହି ବ୍ୟବସ୍ଥାକୁ ଅନ୍ୟ ରାଜ୍ୟମାନେ ମଧ୍ୟ ଲାଗୁ କରିବା ଦରକାର ବୋଲି କହିଥିଲେ। କେନ୍ଦ୍ର ସରକାରଙ୍କ ସୁଶାସନ ଇଣ୍ଡେକ୍ସ ଓ ପ୍ରଧାନମନ୍ତ୍ରୀଙ୍କ ଅଫିସ ମଧ୍ୟ ଓଡ଼ିଶାର ଏହି ବ୍ୟବସ୍ଥାକୁ ପ୍ରଶଂସା କରିଥିଲେ; କିନ୍ତୁ ରାଜ୍ୟର ବିଜେପି ନେତା ମାନେ ଏହାକୁ ରାଜନୀତି କରି ସମାଲୋଚନା କରି ଆସୁଥିଲେ। ବର୍ତ୍ତମାନ କେବଳ ନାମ ପରିବର୍ତ୍ତନ କରି ସମାନ ବ୍ୟବସ୍ଥାକୁ ଲାଗୁ କରାଯାଇଛି। କେବଳ ନାମ ପରିବର୍ତ୍ତନ କରି ଏହାକୁ ଲାଗୁ କରିବା, ଖଡା ବଡି ଥୋଡ ନା ଥୋଡ ବଡି ଖଡା ସଦୃଶ୍ୟ ହୋଇଛି। ନାମ ବଦଳେଇ ବିଭିନ୍ନ ଯୋଜନାକୁ ରାଜ୍ୟ ସରକାର ଲାଗୁ କରିଥିଲେ ହେଁ, ଫିଡବ୍ୟାକ ବ୍ୟବସ୍ଥାର ଅନୁପସ୍ଥିତ କାରଣରୁ ଏହି ଯୋଜନା ଗୁଡିକ ଅନ୍ତସାର ଶୂନ୍ୟ ହୋଇଯାଇଛି । ଜନସାଧାରଣ ଏହାର ସୁଫଳ ପାଇପାରୁ ନାହାନ୍ତି । ରାଜ୍ୟ ସରକାରଙ୍କ କାର୍ଯ୍ୟ କେବଳ କପି ପେଷ୍ଟରେ ସୀମିତ ହୋଇ ରହିଯାଇଛି।

## ବନ୍ୟା ପାଣିରେ ଭାସିଗଲେ ଛାତ୍ର

ଦଶରଥପୁର,୨୬।୮ (ସମିସ): କାଣୀ ନଦୀରେ ଘାଇ ଯୋଗୁ ସୃଷ୍ଟି ହୋଇଥିବା ବନ୍ୟାରେ ଆଜି ଜଣେ କଲେଜ ଛାତ୍ର ଭାସି ନିଖୋଜ ହୋଇଯାଇଛନ୍ତି। ସେ ହେଲେ, ନିଖୋଜ ଛାତ୍ର ଦଶରଥପୁର ବ୍ଲକ ମଲ୍ଲିକାପୁର ପଞ୍ଚାୟତ ୮ୱାର୍ଡର ମନ୍ମଥ ରଣାଙ୍କ ପୁଅ ମଦନ ମୋହନ ରଣା(୨୦)। ମଲ୍ଲିକାପୁର-ବଉଳାଙ୍ଗ ରାସ୍ତାର କେନ୍ଦୁଆ ନାଳ ଉପରେ ଥିବା ପୋଲ ତଳକୁ ଶୌଚ ହେବାକୁ ଯାଇଥିବା ବେଳେ ମଦନଙ୍କ ଗୋଡ଼ ଖସିଯିବାରୁ ସେ ବନ୍ୟାରେ ଭାସି ଯାଇଥିଲେ। ଖବର ପାଇ ସ୍ଥାନୀୟ ଲୋକେ ଏବଂ ଓଡ୍ରାଫ ଟିମ୍‌ର ଦୁଇଟି ବୋଟ୍ ଓ ବୁଡାଳି ଦଳ ମଦନଙ୍କୁ ଠାବ କରିବା ପାଇଁ ଉଦ୍ୟମ ଜାରି ରଖିଥିଲେ ମଧ୍ୟ ତାଙ୍କର କୌଣସି ପତ୍ତା ମିଳିପାରିନାହିଁ।

## ହସ୍‌ପିଟାଲ ଛାତରୁ ଖସି ରୋଗୀ ମୃତ

ରାଉରକେଲା,୨୬।୮ (ସମିସ): ସୁନ୍ଦରଗଡ଼ ଏନ୍‌ଟିପିସି ହସ୍‌ପିଟାଲର ୩ ମହଲା ଛାତରୁ ଖସି ଜଣେ ରୋଗୀଙ୍କ ମୃତ୍ୟୁ ଘଟିଛି। ମୃତ ଯୁବକ ହେଲେ, ଅନୀଲ ସୋରେଙ୍ଗ(୨୮)। ସେ ସୁନ୍ଦରଗଡ଼ ସଦର ଥାନା ଅନ୍ତର୍ଗତ ଦଇନିଡିହ ଗାଁ ନିବାସୀ ପିୟାନା ସୋରେଙ୍ଗଙ୍କ ପୁଅ। ସେ ବାତରୋଗରେ ପୀଡ଼ିତ ଥିଲେ। ଆଜି ସକାଳେ ସେ ବାଲକୋନୀରେ ଛିଡ଼ା ହୋଇଥିବା ବେଳେ ହଠାତ ତଳକୁ ଖସି ପଡ଼ିଥିଲେ। ଘଟଣାସ୍ଥଳରେ ତାଙ୍କର ମୃତ୍ୟୁ ହୋଇଥିବା ଜଣାପଡ଼ିଛି।

# ବିଧାନସଭାରେ ୩୦୦୦ରୁ ଅଧିକ ପଦ ଖାଲି

- ଦୀର୍ଘ ବର୍ଷରୁ ହୋଇନାହିଁ ନିଯୁକ୍ତି
- ପ୍ରକ୍ରିୟା ଆରମ୍ଭ କରିବାକୁ ଆଶାୟୀଙ୍କ ଦାବି

ଭୁବନେଶ୍ୱର, ୨୬।୮ (ସମିସ): ଓଡ଼ିଶା ବିଧାନସଭାରେ ବହୁ ମଞ୍ଜୁରୀପ୍ରାପ୍ତ ସରକାରୀ ପଦ ଖାଲି ପଡ଼ିଛି। ଦୀର୍ଘ ବର୍ଷ ହେଲା କୌଣସି ନୂତନ ନିଯୁକ୍ତି ହେଉନାହିଁ। କିଛି ଆଉଟ୍‌ସୋର୍ସିଂ କର୍ମଚାରୀଙ୍କୁ ନିଯୁକ୍ତ କରି କାମ ଚଳାଯାଉଛି। ଫଳରେ ପ୍ରଶାସନିକ ଓ ସମ୍ବିଧାନିକ କାର୍ଯ୍ୟ ଗୁରୁତର ଭାବେ ପ୍ରଭାବିତ ହେଉଛି। ନିଯୁକ୍ତି ପ୍ରକ୍ରିୟାକୁ ତ୍ୱରାନ୍ୱିତ କରିବା ପାଇଁ ବିଭିନ୍ନ ବିଭାଗରେ ଫାଙ୍କା ଥିବା ପଦର ତଥ୍ୟ ଦେବାକୁ ସରକାର ନିର୍ଦ୍ଦେଶ ଦେଇଛନ୍ତି। ହେଲେ, ବିଧାନସଭାରେ ଖାଲି ଥିବା ପ୍ରାୟ ୩ ହଜାର ପଦ ସମ୍ପର୍କରେ କୌଣସି ପଦକ୍ଷେପ ନିଆଯାଉ ନଥିବାରୁ ଆଶାୟୀଙ୍କ ମଧ୍ୟରେ ଅସନ୍ତୋଷ ଦେଖାଦେଇଛି।

ସୂଚନା ଅଧିକାର ଆଇନରେ ମିଳିଥିବା ତଥ୍ୟ ଅନୁସାରେ, ୨୦୨୦ ମସିହା ପର୍ଯ୍ୟନ୍ତ ପ୍ରାୟ ୨୭୭ ଗ୍ରୁପ୍-ଏ ପଦ ଖାଲି ପଡ଼ିଛି। ସେହିପରି ୪୮୭ଟି ଗ୍ରୁପ୍-ବି, ୧୧୯୬ଟି ଗ୍ରୁପ୍-ସି ଏବଂ ୬୧୫ଟି ଗ୍ରୁପ୍-ଡି ପଦରେ ନିୟମିତ କର୍ମଚାରୀ ନାହାନ୍ତି। ଏହି ଅବଧି ମଧ୍ୟରେ ମୋଟ୍ ୨୫୭୫ ପଦ ଫାଙ୍କା ହୋଇଥିବା ବେଳେ ସମ୍ପ୍ରତି ଆହୁରି ୬ଶହରୁ ଅଧିକ ପଦରୁ ଅଧିକାରୀ ଓ କର୍ମଚାରୀମାନେ ଅବସର ନେଇସାରିଥିବା ଜଣାପଡ଼ିଛି। ଅପରପକ୍ଷେ, ଏହି ସମୟ ଅବଧି ମଧ୍ୟରେ ମାତ୍ର ୭୧ଜଣଙ୍କୁ ନିଯୁକ୍ତି ମିଳିଛି। ତନ୍ମଧ୍ୟରେ କେବଳ ଗ୍ରୁପ୍-ଡି ପଦରେ ୩୫ ଓ ଗ୍ରୁପ୍-ସିରେ ୩୪ ଜଣ ନିଯୁକ୍ତି ପାଇଥିବା ବେଳେ ଗ୍ରୁପ୍-ବି ପଦରେ ମାତ୍ର ୨ଜଣ ଏବଂ ଗ୍ରୁପ୍-ଏ ପଦରେ କାହାକୁ ନିଯୁକ୍ତି ଦିଆଯାଇନାହିଁ।

ବହୁ ସଂଖ୍ୟାରେ ସରକାରୀ ପଦ ଖାଲି ଥିବା ବେଳେ ତହିଁରେ ନିଯୁକ୍ତି ଦେବାକୁ ସରକାର କୌଣସି ପଦକ୍ଷେପ ନ ନେବା ଆଶାୟୀଙ୍କୁ ନିରାଶ କରୁଛି। ଆଶାୟୀଙ୍କ କହିବା କଥା, ରାଜ୍ୟ ସରକାର ୫ ବର୍ଷରେ ଦେଢ଼ଲକ୍ଷ ଚାକିରି ଦେବାକୁ ଲକ୍ଷ୍ୟ ଧାର୍ଯ୍ୟ କରିଛନ୍ତି। ଏପରିକି, ପ୍ରଥମ ଦୁଇବର୍ଷରେ ୬୫ ହଜାର ନିଯୁକ୍ତି ଦିଆଯିବ ବୋଲି ମୁଖ୍ୟମନ୍ତ୍ରୀ ଘୋଷଣା କରିଛନ୍ତି। ଏଥିପାଇଁ ବିଭିନ୍ନ ବିଭାଗରେ ଖାଲି ଥିବା ପଦ ସମ୍ପର୍କରେ ତଥ୍ୟ ଦେବାକୁ ସମସ୍ତ ବିଭାଗକୁ ନିର୍ଦ୍ଦେଶ ମଧ୍ୟ ଦିଆଯାଇଛି। ଇତିମଧ୍ୟରେ ବହୁ ବିଭାଗ ସେମାନଙ୍କ ଖାଲି ପଦ ସମ୍ପର୍କରେ ତଥ୍ୟ ପ୍ରଦାନ କରିଥିବା ବେଳେ ବିଧାନସଭାରେ ଖାଲିଥିବା ପଦ ପୂରଣ ସମ୍ପର୍କରେ କୌଣସି ପଦକ୍ଷେପ ନିଆଯାଇନାହିଁ। ଏଣୁ ମୁଖ୍ୟମନ୍ତ୍ରୀ ଓ ମୁଖ୍ୟ ସଚିବଙ୍କୁ ଚିଠି ଲେଖି ବିଭିନ୍ନ ସରକାରୀ ଓ ସାମ୍ବିଧାନିକ କାର୍ଯ୍ୟ ତ୍ୱରାନ୍ୱିତ କରିବା ପାଇଁ ଖାଲି ପଦରେ ନିଯୁକ୍ତି ଦେବାକୁ ଆଶାୟୀ ସୁନୀଲ କୁମାର ମିଶ୍ର, ସୁଧାଂଶୁ ସେଖର ଜେନା, ରାଜଶେଖର ସେନାପତି, ଶୁଭ୍ରଜିତ୍ ସାହୁ ପ୍ରମୁଖ ଦାବି କରିଛନ୍ତି।

## ବଜ୍ରପାତରେ ନଣନ୍ଦ-ଭାଉଜ ସମେତ ୩ ମୃତ

ଛତ୍ରପୁର, ୨୬।୮ (ସମିସ): ଛତ୍ରପୁର ଓ ଗଞ୍ଜାମ ବ୍ଲକ୍ ଅଞ୍ଚଳରେ ମଙ୍ଗଳବାର ବଜ୍ରପାତରେ ୩ ମହିଳାଙ୍କ ମୃତ୍ୟୁ ଘଟିଛି। ଛତ୍ରପୁର ବ୍ଲକ ଅନ୍ତର୍ଗତ ସରଭୀମପୁର ଗ୍ରାମରେ ବିଲରେ କାମ କରୁଥିବା ବେଳେ ହଠାତ ବଜ୍ରପାତ ହୋଇଥିଲା। ଫଳରେ କୁନି ଗୌଡ଼ ଓ ନିରୁପମା ଗୌଡ଼ଙ୍କ ମୃତ୍ୟୁ ଘଟିଥିଲା। ଉଭୟ ନଣନ୍ଦ ଓ ଭାଉଜ ବୋଲି ଜଣାପଡ଼ିଛି। ସେମାନଙ୍କୁ ଛତ୍ରପୁର ଉପଖଣ୍ଡ ଚିକିତ୍ସାଳୟରେ ଭର୍ତ୍ତି କରାଯାଇଥିବା ବେଳେ ସେଠାରେ ଡାକ୍ତର ମୃତ ଘୋଷଣା କରିଥିଲେ। ସେହିପରି ଗଞ୍ଜାମ ବ୍ଲକ ଅନ୍ତର୍ଗତ ରାଉଳିବନ୍ଧ ଗ୍ରାମର ମିନି ଗୌଡ଼ ମଧ୍ୟ ବିଲରେ ଧାନ ରୋଇବା ବେଳେ ବର୍ଷା ସହ ବଜ୍ରପାତ ହୋଇଥିଲା। ଘଟଣାସ୍ଥଳରେ ସେ ଟଳିପଡ଼ିଥିଲେ। ତାଙ୍କୁ ଛତ୍ରପୁର ଉପଖଣ୍ଡ ଚିକିତ୍ସାଳୟକୁ ନିଆଯାଇଥିବା ବେଳେ ସେଠାରେ ଡାକ୍ତର ମୃତ ଘୋଷଣା କରିଥିଲେ। ଅନ୍ୟପଟେ ଛତ୍ରପୁର ବିଧାୟକ କୃଷ୍ଣଚନ୍ଦ୍ର ନାୟକ ଛତ୍ରପୁର ମେଡିକାଲରେ ପହଞ୍ଚି ମୃତକଙ୍କ ପରିବାରକୁ ସମବେଦନା ଜଣାଇବା ସହ ସରକାରଙ୍କ ପକ୍ଷରୁ ତୁରନ୍ତ କ୍ଷତିପୂରଣ ପ୍ରଦାନ ଲାଗି ଚେଷ୍ଟା କରିବେ ବୋଲି କହିଥିଲେ।

# ଚମ୍ପା ରାସପେଦାଙ୍କୁ ମୁଖ୍ୟମନ୍ତ୍ରୀଙ୍କ ସମ୍ବର୍ଦ୍ଧନା

ଭୁବନେଶ୍ୱର, ୨୬।୮ (ସମିସ): ବିଶେଷ ଅନୁନ୍ନତ ଜନଜାତି ସମୁଦାୟ (ପିଭିଟିଜି) ଶ୍ରେଣୀଭୁକ୍ତ ଦିଦାୟୀ ଜନଜାତିର ପ୍ରଥମ ଝିଅ ଭାବେ ଡାକ୍ତରୀ ପଢ଼ିବା ପାଇଁ ମନୋନୀତ ଥିବା ଚମ୍ପା ରାସପେଦାଙ୍କୁ ଆଜି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ସମ୍ବର୍ଦ୍ଧିତ କରିଛନ୍ତି। ତାଙ୍କର ଉଜ୍ଜ୍ୱଳ ଭବିଷ୍ୟତ କାମନା କରିବା ସହ ଉପହାର ଭାବେ ଏକ ଲାପଟପ୍ ଦେଇଛନ୍ତି। ଏହାସହ ଭଲ ପାଠ ପଢ଼ି ଜଣେ ଉତ୍ତମ ଡାକ୍ତର ଭାବେ ଲୋକଙ୍କ ସେବା କରିବାକୁ ପ୍ରୋତ୍ସାହିତ କରିଛନ୍ତି। ଅପରପକ୍ଷେ, ମୁଖ୍ୟମନ୍ତ୍ରୀଙ୍କ ପ୍ରେରଣା ଓ ପରାମର୍ଶ ପାଠ ପଢ଼ିବାକୁ ସର୍ବଦା ପ୍ରୋତ୍ସାହିତ କରିବ ବୋଲି ନିଜ ପ୍ରତିକ୍ରିୟାରେ ଚମ୍ପା କହିଛନ୍ତି।



ସୂଚନାଯୋଗ୍ୟ, ମାଲକାନଗିରି ଜିଲ୍ଲା କୋରୁକୋଣ୍ଡା ବ୍ଲକ୍‌ର ଆମ୍ଲିବେଡ଼ା ଗ୍ରାମର ଚମ୍ପା ପ୍ରଥମ ଦିଦାୟୀ ସମ୍ପ୍ରଦାୟର ପ୍ରଥମ ଡାକ୍ତରୀ ଛାତ୍ରୀ ଭାବେ ବାଲେଶ୍ୱରସ୍ଥିତ ଫକୀରମୋହନ ମେଡିକାଲ କଲେଜ ଏବଂ ହସ୍ପିଟାଲରେ ପାଠ ପଢ଼ିବେ। ତାଙ୍କ ବାପା ଲଚମୁ ରାସପେଦା ଚାଷ କାର୍ଯ୍ୟ କରୁଥିବା ବେଳେ ମା' ଗୃହିଣୀ। ଏକ ସାଧାରଣ ଆଦିବାସୀ ଚାଷୀ ପରିବାରରୁ ଆସୁଥିବା ଚମ୍ପା ଦୃଢ଼ ନିଷ୍ଠା ବଳରେ ସଫଳତା ପାଇଛନ୍ତି। ସେ ଖଇରପୁଟ ବ୍ଲକ୍ ନନ୍ଦିନୀଗୁଡ଼ାସ୍ଥିତ ପିଭିଟିଜି ବାଳିକା ଶିକ୍ଷା ବିଦ୍ୟାଳୟରୁ ଶିକ୍ଷାରମ୍ଭ କରିବା ପରେ ଚିତ୍ରକୋଣ୍ଡାସ୍ଥିତ ଏସ୍‌ଏସ୍‌ଡି ବାଳିକା ଉଚ୍ଚ ବିଦ୍ୟାଳୟରୁ ଦଶମ ଓ ଗୋବିନ୍ଦପାଲି ଏସ୍‌ଏସ୍‌ଡି ଉଚ୍ଚ ମାଧ୍ୟମିକ ବିଦ୍ୟାଳୟରୁ ୨୦୨୧ରେ ଯୁକ୍ତଦୁଇ ବିଜ୍ଞାନରେ ଉତ୍ତୀର୍ଣ୍ଣ ହୋଇଛନ୍ତି। ଆର୍ଥିକ ଅନଟନ ଉଚ୍ଚଶିକ୍ଷାରେ ଡୋରି ବାନ୍ଧିଦେବା ପରେ ନିଜର ଦୃଢ଼ ଇଚ୍ଛାଶକ୍ତି ବଳରେ ସେ ଡାକ୍ତର ହେବାର ସ୍ୱପ୍ନକୁ ସାକାର କରିଛନ୍ତି।

# ରାସ୍ତା ଉପରେ ଦୁଇଘଣ୍ଟା ହାତୀପଲ



**ଏକର ଏକର ଫସଲ ନଷ୍ଟ କଲେ**

ଅନୁଗୋଳ, ୨୬।୮ (ସମିସ): ଅନୁଗୋଳ ବନଖଣ୍ଡର ଶାବଳଭଙ୍ଗା ଗ୍ରାମରେ ହାତୀ ଉପଦ୍ରବ ଦେଖିବାକୁ ମିଳିଛି। ଭୋର୍ ପ୍ରାୟ ୪ଟାରେ ୧୭ଘରିଆ ଏକ ହାତୀପଲ ଗାଁ ଶିବମନ୍ଦିର ନିକଟରେ ଥିବା କିଛି ବିଲରେ ଧାନ ତଳି ଖାଉଥିଲେ। ସକାଳ ହେବାରୁ ସେମାନେ ମନ୍ଦରଗିରି ଜଙ୍ଗଲକୁ ଫେରିବା ପାଇଁ ଅନୁଗୋଳ-ବନ୍ତଲା ରାସ୍ତା ପାର୍ ହୋଇଥିଲେ। କିନ୍ତୁ ରାସ୍ତାକଡ଼ରେ ଦିଆଯାଇଥିବା ସୋଲାର୍ ତାର କାରଣରୁ ସେମାନେ ଅପରପାର୍ଶ୍ୱକୁ ଯାଇ ପାରିନଥିଲା। ଫଳରେ ପ୍ରାୟ ଦୁଇ ଘଣ୍ଟା ଧରି ସେମାନେ ରାସ୍ତାପାର୍ଶ୍ୱରେ ଛିଡ଼ା ହୋଇ ରହିଥିଲେ। ଏଥିଯୋଗୁଁ ରାସ୍ତାରେ ଯାତାୟାତ ବାଧାପ୍ରାପ୍ତ ହୋଇଥିଲା। ଅପରପକ୍ଷେ, ହାତୀପଲଙ୍କୁ ଦେଖିବାକୁ ଶହଶହ ଲୋକଙ୍କ ଭିଡ଼ ଜମିଥିଲା।

କିଛି ଦିନ ହେଲା, ହାତୀପଲ ପାଚିଲା ତାଳ ଖାଇବା ଉଦ୍ଦେଶ୍ୟରେ ଜଙ୍ଗଲ ଛାଡ଼ି ଗାଁ ପାଖାପାଖି ଚାଲି ଆସିଛନ୍ତି। ତାଳ ଖାଇବା ସହ ଧାନ ଫସଲକୁ ମଧ୍ୟ ନଷ୍ଟ କରୁଛନ୍ତି। ଏକରଏକର ଜମିରେ ଧାନ ଫସଲ ଖାଇବା ସହ ଗୋଡ଼ରେ ଦଳି ନଷ୍ଟ କରି ଦେଉଛନ୍ତି। ହାତୀ ଉପଦ୍ରବ ବଢୁଥିବା କାରଣରୁ ହାତୀପଲଙ୍କୁ ଅଞ୍ଚଳରୁ ଘଉଡ଼ାଇବାକୁ ସ୍ଥାନୀୟ ଚାଷୀଙ୍କ ସମେତ ବିଭିନ୍ନ ସାମାଜିକ ଅନୁଷ୍ଠାନ ପକ୍ଷରୁ ବାରମ୍ବାର ବନବିଭାଗ ତଥା ଜିଲ୍ଲା ପ୍ରଶାସନକୁ ଅଭିଯୋଗ କରାଯାଉଥିଲେ ସୁଦ୍ଧା ପ୍ରଶାସନ ପକ୍ଷରୁ ଏଥିପ୍ରତି ଦୃଷ୍ଟି ଦେଉ ନଥିବା ସ୍ଥାନୀୟବାସୀ ଅଭିଯୋଗ ଆଣିଛନ୍ତି।

# ଗଠନ ହେଲା ଶ୍ରୀମନ୍ଦିର ପରିଚାଳନା କମିଟି

### ୧୦ ମନୋନୀତ ସଦସ୍ୟଙ୍କ ନାଁରେ ବାଜିଲା ମୋହର

ପୁରୀ,୨୬।୮ (ସମିସ): ଦୀର୍ଘ ବର୍ଷେ ୧୩ ଦିନ ପରେ ଗଠନ ହୋଇଛି ଶ୍ରୀଜଗନ୍ନାଥ ମନ୍ଦିର ପରିଚାଳନା କମିଟି। ଫଳରେ ନୂଆ କମିଟିକୁ ନେଇ ଯେଉଁ ଆଶା ଆଶଙ୍କା ଲାଗିରହିଥିଲା ସେଥିରେ ପୂର୍ଣ୍ଣଚ୍ଛେଦ ପଡ଼ିଛି। ରାଜ୍ୟ ସରକାରଙ୍କ ଆଇନ ବିଭାଗ ପକ୍ଷରୁ ମଙ୍ଗଳବାର ଏ ସଂକ୍ରାନ୍ତରେ ବିଜ୍ଞପ୍ତି ପ୍ରକାଶ ପାଇଛି। ବିଜ୍ଞପ୍ତିରେ କମିଟିର ମନୋନୀତ ୧୦ ସଦସ୍ୟଙ୍କ ନାଁରେ ମୋହର ମାରିଛନ୍ତି ରାଜ୍ୟ ସରକାର। ମନୋନୀତ ସଦସ୍ୟଙ୍କ ମଧ୍ୟରେ ଅଧିକ ନୂଆମୁହଁ ରହିଛନ୍ତି। ଶ୍ରୀମନ୍ଦିର ପରିଚାଳନା ପାଇଁ ୮ ନୂଆମୁହଁଙ୍କୁ ନିଆଯାଇଥିବା ବେଳେ ୨ ଜଣ ପୁରୁଣା ମୁହଁଙ୍କୁ ପୁଣି ସୁଯୋଗ ଦିଆଯାଇଛି।

ବିଜ୍ଞପ୍ତି ଅନୁଯାୟୀ, କମିଟିରେ ମୁକ୍ତିମଣ୍ଡପ ପକ୍ଷରୁ ଦେଉଳ ପୁରୋହିତ ଡ. ସିଦ୍ଧେଶ୍ୱର ମହାପାତ୍ରଙ୍କୁ ନିଆଯାଇଛି। ସେହିପରି ୫ ସେବାୟତ ନିଯୋଗ ପକ୍ଷରୁ ପୂଜାପଣ୍ଡା ନିଯୋଗରୁ ଜଗନ୍ନାଥ ପୂଜାପଣ୍ଡା, ପୁଷ୍ପାଳକ ନିଯୋଗରୁ ମଧୁସୂଦନ ସିଂହାରୀ, ପ୍ରତିହାରୀ ନିଯୋଗରୁ ରାମନାରାୟଣ ଗୋଚ୍ଛିକାର, ସୁଆର ମହାସୁଆର ନିଯୋଗରୁ କୃଷ୍ଣଚନ୍ଦ୍ର ସାମନ୍ତରାୟ ଏବଂ ଦଇତାପତି ନିଯୋଗରୁ ଗଣେଶ ଦାସମହାପାତ୍ର ସ୍ଥାନ ପାଇଛନ୍ତି। ସେହିପରି ମଠାଧୀଶଙ୍କ ପକ୍ଷରୁ ବଳରାମ କୋଟ ମଠ ମହନ୍ତ ରଘୁବୀର ଦାସ ମହାରାଜ, ଚାର୍ଟାର୍ଡ ଆକାଉଣ୍ଟାଣ୍ଟ ଭାବେ ଏ.କେ. ସାବତ କମିଟିରେ ସ୍ଥାନ ପାଇଥିବା ବେଳେ, ବିଭିନ୍ନ କ୍ଷେତ୍ରରେ ପ୍ରତିଷ୍ଠା ଲାଭ କରିଥିବା ଦୁଇ ବୁଦ୍ଧିଜୀବୀ ଭାବେ ପୂର୍ବତନ ସିଏଜି ଡ. ଗିରୀଶ ଚନ୍ଦ୍ର ମୁର୍ମୁ ଏବଂ ସଂସ୍କୃତି ଗବେଷକ ମହେଶ କୁମାର ସାହୁ ସ୍ଥାନ ପାଇଛନ୍ତି।

### ବର୍ଷେ ପରେ ନୂଆ କମିଟି, ୮ ନୂଆମୁହଁ

ପରିଚାଳନା କମିଟିରେ ସ୍ଥାନ ପାଇଥିବା ୫ ସେବାୟତ ପ୍ରତିନିଧି ହେଉଛନ୍ତି ନୂଆମୁହଁ। ସେହିପରି ମୁକ୍ତିମଣ୍ଡପରୁ ଡ. ସିଦ୍ଧେଶ୍ୱର ମହାପାତ୍ର ପୂର୍ବରୁ ପରିଚାଳନା କମିଟି ସଦସ୍ୟ ରହିଥିଲେ। ତାଙ୍କୁ ପୁଣିଥରେ ସୁଯୋଗ ମିଳିଛି। ମଠାଧୀଶଙ୍କ ପକ୍ଷରୁ ପ୍ରତିନିଧିତ୍ୱ କରିବା ପାଇଁ ମହନ୍ତ ରଘୁବୀର ଦାସ ମହାରାଜଙ୍କୁ ପ୍ରଥମଥର ସୁଯୋଗ ମିଳିଛି। ସେହିପରି କମିଟିରେ ସ୍ଥାନ ପାଇଥିବା ଚାର୍ଟାର୍ଡ ଆକାଉଣ୍ଟାଣ୍ଟ ଏ.କେ. ସାବତ ପୂର୍ବରୁ ସଦସ୍ୟ ରହି ସାରିଥିବା ବେଳେ ୨ ବୁଦ୍ଧିଜୀବୀ ହେଉଛନ୍ତି ନୂଆମୁହଁ। ତେଣୁ ୧୦ ମନୋନୀତ ସଦସ୍ୟଙ୍କ ମଧ୍ୟରୁ ୮ ନୂଆମୁହଁ ହୋଇଥିବା ବେଳେ ୨ ଜଣ ପୁରୁଣା ସଦସ୍ୟଙ୍କୁ ପୁଣି ସୁଯୋଗ ଦିଆଯାଇଛି। ଅନ୍ୟପକ୍ଷରେ ୨୦୨୧ ଅଗଷ୍ଟ ୧୨ରେ ଗଠିତ ପରିଚାଳନା କମିଟିର ତିନିବର୍ଷିଆ କାର୍ଯ୍ୟକାଳ ଗତ ଅଗଷ୍ଟ ୧୧ ତାରିଖରେ ଶେଷ ହୋଇଥିଲା। ପୁରୁଣା କମିଟି କାର୍ଯ୍ୟକାଳ ପୂରିବାର ବର୍ଷେ ପରେ ପରିଚାଳନା କମିଟି ପୁନର୍ଗଠିତ ହୋଇଛି ।

ସୂଚନାଥାଉ କି, ଶ୍ରୀମନ୍ଦିର ପରିଚାଳନା କମିଟି ସଦସ୍ୟ ସଂଖ୍ୟା ୧୮ । ଏହାର ସ୍ଥାୟୀ ଅଧ୍ୟକ୍ଷ ଗଜପତି ମହାରାଜା ରହିଥିବାବେଳେ ଅତିରିକ୍ତ ମୁଖ୍ୟ ଶାସନ ସଚିବ ର୍‍ୟାଙ୍କର ଜଣେ ଅଧିକାରୀ କାର୍ଯ୍ୟକାରୀ ଅଧ୍ୟକ୍ଷ, ସଚିବ ର୍‍ୟାଙ୍କର ଜଣେ ଅଧିକାରୀ ମୁଖ୍ୟ ପ୍ରଶାସକ, ଜିଲ୍ଲାପାଳ ଉପମୁଖ୍ୟ ପ୍ରଶାସକ, ଆଇନ ବିଭାଗର ଅତିରିକ୍ତ ସଚିବ, ଦେବୋତ୍ତର କମିଶନର, ଏସ୍‌ପି ଏବଂ ଏଏସ୍‌ଆଇ ଅଧୀକ୍ଷଣ ଯନ୍ତ୍ରୀ କମିଟିର ସଦସ୍ୟ ରହିଥା'ନ୍ତି। ଏମାନଙ୍କ ବାଦ୍ ଅନ୍ୟ ୧୦ ଜଣ ହେଉଛନ୍ତି ମନୋନୀତ ସଦସ୍ୟ। ଏମାନଙ୍କ ମଧ୍ୟରେ ୫ ଜଣ ସେବାୟତ ପ୍ରତିନିଧି, ଜଣେ ମଠ ପ୍ରତିନିଧି, ଜଣେ ମୁକ୍ତିମଣ୍ଡପ ପ୍ରତିନିଧି, ଜଣେ ଚାର୍ଟାର୍ଡ ଆକାଉଣ୍ଟାଣ୍ଟ ଏବଂ ଦୁଇଜଣ ବିଭିନ୍ନ କ୍ଷେତ୍ରରେ ପ୍ରତିଷ୍ଠାଲାଭ କରିଥିବା ବ୍ୟକ୍ତି ରହିଥା'ନ୍ତି। ତେବେ ପରିଚାଳନା କମିଟିରେ ନିର୍ଦ୍ଦିଷ୍ଟ ୫ ସେବାୟତ ନିଯୋଗରୁ ସଦସ୍ୟ ପ୍ରତିନିଧିତ୍ୱ କରୁଛନ୍ତି। ଏହାକୁ ନେଇ ହାଇକୋର୍ଟଙ୍କ ଦ୍ୱାରସ୍ଥ ହୋଇଥିଲା ଖୁଣ୍ଟିଆ ନିଯୋଗ। ରୋଟେସନ ପଦ୍ଧତିରେ ବିଭିନ୍ନ ନିଯୋଗ ସଦସ୍ୟ ପ୍ରତିନିଧିଙ୍କୁ ସ୍ଥାନ ଦେବା ଲାଗି ଖୁଣ୍ଟିଆ ନିଯୋଗ ହାଇକୋର୍ଟଙ୍କ ଦ୍ୱାରସ୍ଥ ହୋଇଥିଲା। ହେଲେ ନୂତନ କମିଟିରେ ସେମିତି କିଛି ଫରକ୍ ଦେଖିବାକୁ ମିଳିନାହିଁ। ପୂର୍ବରୁ ଯେଉଁ ନିଯୋଗରୁ ସଦସ୍ୟମାନେ ପ୍ରତିନିଧିତ୍ୱ କରୁଥିଲେ ସେହି ନିଯୋଗରୁ ହିଁ ପ୍ରତିନିଧିତ୍ୱ କରିଛନ୍ତି।






# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

◆VOLUME- 43 ◆ISSUE-63 ◆WEDNESDAY ◆27 AUGUST 2025 ◆PAGE-12 ◆₹ 6.00

◆ବର୍ଷ-୪୩ ◆ସଂଖ୍ୟା-୬୩ ◆ବୁଧବାର ◆୨୭ ଅଗଷ୍ଟ ୨୦୨୫ ◆ପୃଷ୍ଠା-୧୨ ◆ଟ.୬.୦୦


# ଆଜିଠୁ ୫୦% ଟ୍ରମ୍ପ୍ ଟାରିଫ୍


◆ ଅତିରିକ୍ତ ୨୫ ପ୍ରତିଶତ ଶୁଳ୍କ ପାଇଁ ବିଜ୍ଞପ୍ତି ଜାରି

◆ ଆୟ କମିବ, ଚାକିରି ଯିବ, ହ୍ରାସ ପାଇବ ଅଭିବୃଦ୍ଧି

◆ ଫାର୍ମା କ୍ଷେତ୍ର ଉପରେ ୨୫୦% ଶୁଳ୍କ ଧମକ

■ ନୂଆଦିଲ୍ଲୀ, ୨୬।୮ (ଏଜେନ୍ସି): ବୁଧବାରଠାରୁ ଭାରତ ଉପରେ ଲାଗିବ ୫୦ % ଟ୍ରମ୍ପ ଟାରିଫ୍। ଭାରତୀୟ ସମୟ ଅନୁସାରେ ଏହି ଶୁଳ୍କ ବୁଧବାର ସକାଳ ୯ଟା ୩୧ ମିନିଟ୍‌ରୁ କାର୍ଯ୍ୟକାରୀ ହେବ। ଟ୍ରମ୍ପ ପ୍ରଶାସନ ଏ ସଂକ୍ରାନ୍ତରେ ବିଜ୍ଞପ୍ତି ଜାରି କରିଛି। ଆସନ୍ତାକାଲିଠାରୁ ଆମେରିକାକୁ ରପ୍ତାନୀ ହେବାକୁଥିବା ଭାରତୀୟ ସାମଗ୍ରୀ ଉପରେ ଫଳରେ ୫୦% ଶୁଳ୍କ ଲାଗିବ। ଟ୍ରମ୍ପଙ୍କ ଏହି ଟାରିଫ୍ ବୋମା କେବଳ ଆମେରିକୀୟ ଉପଭୋକ୍ତାଙ୍କ ପାଇଁ କଷ୍ଟପ୍ରଦ ହେବ ନାହିଁ, ଭାରତୀୟ ରପ୍ତାନୀକାରୀଙ୍କ ପାଇଁ ବି ମହଙ୍ଗା ସାବ୍ୟସ୍ତ ହେବାକୁ ଯାଉଛି। ଭାରତରୁ ଆମେରିକାକୁ ପ୍ରତିବର୍ଷ ବିଭିନ୍ନ କ୍ଷେତ୍ରରେ ପ୍ରାୟ ୮ ଲକ୍ଷ କୋଟି ଟଙ୍କାର ସାମଗ୍ରୀ ରପ୍ତାନୀ ହୋଇଥାଏ।

▶ପୃଷ୍ଠା-୭




# ରାଜ୍ୟରେ ଆରମ୍ଭ ହେଲା 'ଆମ ଶାସନ'

## ଲୋକଙ୍କ ପରାମର୍ଶ ହେଉଛି ସୁଶାସନର ମୁଖ୍ୟ ଉପାଦାନ: ମୁଖ୍ୟମନ୍ତ୍ରୀ

**କାର୍ଯ୍ୟକ୍ରମ ଓ ଯୋଜନା ସମ୍ପର୍କରେ ସିଧାସଳଖ ନିଆଯିବ ଲୋକଙ୍କ ମତାମତ**

**ୱେବସାଇଟ୍, ହ୍ୱାଟ୍ସଆପ୍, ଟୋଲ୍-ଫ୍ରି ନମ୍ବରରେ ଦେଇପାରିବେ ମତାମତ**




■ ଭୁବନେଶ୍ୱର, ୨୬।୮ (ସମିସ): ଶାସନ ବ୍ୟବସ୍ଥାରେ ରହିଥିବା ତ୍ରୁଟି ବିଚ୍ୟୁତି ବୁଝିବା, ବିଭିନ୍ନ ଯୋଜନା ଓ କାର୍ଯ୍ୟକ୍ରମ ସମ୍ପର୍କରେ ସାଧାରଣ ଲୋକଙ୍କ ମତାମତ ନେବା, ସାଧାରଣ ସେବାଗୁଡ଼ିକ ସମ୍ପର୍କରେ ତଥ୍ୟ ସଂଗ୍ରହ ନିମନ୍ତେ ତତ୍କାଳୀନ ମୁଖ୍ୟମନ୍ତ୍ରୀ ରାଜ୍ୟରେ ପ୍ରଚଳନ କରିଥିଲେ 'ମୋ ସରକାର' ବ୍ୟବସ୍ଥା। ଏହି ବ୍ୟବସ୍ଥାରେ ଲୋକମାନଙ୍କଠାରୁ ମୁଖ୍ୟମନ୍ତ୍ରୀଙ୍କ କାର୍ଯ୍ୟାଳୟ ସିଧାସଳଖ ତଥ୍ୟ ସଂଗ୍ରହ କରୁଥିଲା ଓ ଲୋକମାନେ ମଧ୍ୟ ସରକାରୀ ସେବା, କାର୍ଯ୍ୟକ୍ରମ ଓ ଯୋଜନାରେ ରହୁଥିବା ତ୍ରୁଟିବିଚ୍ୟୁତି ସମ୍ପର୍କରେ ସିଧାସଳଖ ଆପତ୍ତି ଅଭିଯୋଗ କରିବାରେ ସକ୍ଷମ ହେଉଥିଲେ। ରାଜ୍ୟରେ କ୍ଷମତା ପରିବର୍ତ୍ତନ ପରେ ବିଜେପି ସରକାର 'ମୋ ସରକାର' ବ୍ୟବସ୍ଥାକୁ ବନ୍ଦ କରି ଦେଇଥିଲେ। ମାତ୍ର ଏବେ 'ମୋ ସରକାର' ଢାଞ୍ଚାରେ ରାଜ୍ୟ

▶ପୃଷ୍ଠା-୭




# ଆସୁଛନ୍ତି ଗଜାନନ ୧୯ ବର୍ଷରେ ଲାଲ୍‌ବଜାର ରାଜା ଗଣେଶ ପୂଜା



**ବାରିପଦା, ୨୬ ।୮ (ସମିସ)**

ବାରିପଦା ସହର ପ୍ରତିଷ୍ଠିତ ତଥା ପୁରାତନ ଲାଲ ବଜାର ରାଜା ଗଣେଶ ପୂଜା ଚଳିତବର୍ଷ ୧୯ ବର୍ଷରେ ପଦାର୍ପଣ କରିଛି । ବୁଧବାର ଗଣେଶ ପୂଜା ହେବାକୁ ଥିବାବେଳେ ମାସକ ପୂର୍ବରୁ ପୂଜା ପ୍ରସ୍ତୁତି ଆରମ୍ଭ ହୋଇଥିଲା । ସହରରେ ଅନୁଷ୍ଠିତ ହେଉଥିବା ଅନ୍ୟାନ୍ୟ ଗଣେଶ ପୂଜା ମଣ୍ଡପ ମଧ୍ୟରେ ଲାଲବଜାର ମଣ୍ଡପର ବିଶେଷତ୍ୱ ରହିଛି । ଗତ ୨୦୦୬ରେ ଲାଲବଜାର ଅଞ୍ଚଳର ଜନସାଧାରଣଙ୍କ ପ୍ରଚେଷ୍ଟାରେ ଗଣେଶ ପୂଜା ଆରମ୍ଭ ହୋଇଥିଲା । ମୁମ୍ବଇ ସ୍ଥିତ ଲାଲବାଗଚା ରାଜା ଶୈଳୀରେ ଏଠାରେ ମଧ୍ୟ ବିଘ୍ନ ବିନାଶକ ଗଜାନନ ପୂଜା ପାଇଥାନ୍ତି । ଏଠାକାର ମୂର୍ତ୍ତି ହିଁ ଲାଲ ବଜାର ରାଜା ପୂଜା କମିଟିର ସବୁଠୁ ଆକର୍ଷଣର କେନ୍ଦ୍ର ବିନ୍ଦୁ ଅଟେ । ବାରିପଦା ସହରର ସବୁଠୁ ବଡ଼ ପୂଜା ପେଣ୍ଡାଲରେ ଉଚ୍ଚ ଶ୍ରୀ ଗଣେଶଙ୍କ ମୂର୍ତ୍ତି ପ୍ରସ୍ତୁତ କରାଯାଇଥାଏ । ଏହି ମୂର୍ତ୍ତିକୁ ପଡୋଶୀ ପଶ୍ଚିମବଙ୍ଗ ରୁ ମୂର୍ତ୍ତି କାରିଗର ଆସି ପ୍ରସ୍ତୁତ କରିଥାନ୍ତି ।

**ଲାଲ୍ ବାଗଚା ରାଜା ଭଳି ସୁଉଚ୍ଚ ମୂର୍ତ୍ତିରେ ପୂଜା ପାଇବେ ବିଘ୍ନ ବିନାଶକ**

ଚଳିତବର୍ଷ ମଧ୍ୟ ଶ୍ରୀ ଗଣେଶ ପୂଜାକୁ ନିଆରା ଢଙ୍ଗରେ ପାଳନ କରିବା ପାଇଁ କମିଟି ପକ୍ଷରୁ ପ୍ରସ୍ତୁତି ଆରମ୍ଭ ହୋଇଯାଇଛି । କମିଟି ପକ୍ଷରୁ ସଦସ୍ୟ ମାନଙ୍କୁ ନେଇ ବୈଠକ କରି ବଜେଟ୍ ପ୍ରସ୍ତୁତି କରାଯାଇଛି । ପୂଜାର ତୋରଣ, ସାଜସଜ୍ଜା, ଆନୁଷଙ୍ଗିକ ବ୍ୟବସ୍ଥା ଓ ମୂର୍ତ୍ତି ତିଆରି ଶେଷ ହୋଇଛି । ସହରରେ ସବୁଠାରୁ ଆକର୍ଷଣୀୟ ପୂଜାକୁ ବେଶ୍ ଶାନ୍ତିଶୃଙ୍ଖଳାରେ ପ୍ରତିବର୍ଷ ପାଳନ ହୋଇଆସୁଛି । ଏଥିପାଇଁ ପୂଜା କମିଟି ସଦସ୍ୟ ଓ ଉପଦେଷ୍ଟା ମଣ୍ଡଳୀ ବେଶ ସକ୍ରିୟ ରହିଛନ୍ତି । ଏଠାକାର ଘଟ ଉତ୍ତୋଳନଠାରୁ ଆରମ୍ଭ କରି ପୂଜାବିଧି, ପ୍ରସାଦ ବଣ୍ଟନ ଓ ବିସର୍ଜନରେ ସ୍ୱତନ୍ତ୍ରତା ରହିଛି । ପ୍ରାୟ ସପ୍ତାହକ ଧରି ମଣ୍ଡପ ପାର୍ଶ୍ୱରେ ସାଂସ୍କୃତିକ କାର୍ଯ୍ୟକ୍ରମ ଆଦି ଅନୁଷ୍ଠିତ ହେବ । ସପ୍ତାହବ୍ୟାପୀ ପ୍ରସାଦ ବଣ୍ଟନ ବ୍ୟବସ୍ଥା ସମେତ ବିସର୍ଜନରେ ମଧ୍ୟ ସ୍ୱତନ୍ତ୍ରତା ରହିଛି । ବିସର୍ଜନ ସମୟରେ ଡିଜେ ବଦଳରେ ପାରମ୍ପରିକ ବାଜାକୁ ଅଧିକ ପ୍ରାଧାନ୍ୟ ଦିଆଯାଇଥାଏ । ବାରିପଦା ନଗରପାଳ କୃଷ୍ଣାନନ୍ଦ ମହାନ୍ତିଙ୍କ ପୌରୋହିତ୍ୟରେ କମିଟି ପକ୍ଷରୁ ପୂଜା ପ୍ରସ୍ତୁତି ହେଉଥିବା ବେଳେ ଗଣେଶଚନ୍ଦ୍ର ଦାସ, ବରିଷ୍ଠ ଆଡଭୋକେଟ ବିଭୁପ୍ରସାଦ ଦାଶ, ଆଡଭୋକେଟ ଜ୍ୟୋତିପ୍ରକାଶ ରଥ, ପାର୍ଥସାରଥୀ ସ୍ୱାଇଁ, ରବୀନ୍ଦ୍ର ସ୍ୱାଇଁ, ତିମିରିକାନ୍ତ ଦାସ, ତୁଷାରକାନ୍ତି ଦାସ ପ୍ରମୁଖଙ୍କ ସହଯୋଗରେ ପ୍ରସ୍ତୁତି ଜାରି ରହିଛି ।

## 'ଆମ ଖଟି ପିଲା' କ୍ଲବ୍‌ର ଗଣେଶ ପୂଜା
# ବାଲ୍ ଗଣେଶ ଅବତାର ଆକର୍ଷଣ

**ବାରିପଦା, ୨୬ ।୮ (ସମିସ):** ରାତି ପାହିଲେ ଗଜାନନଙ୍କ ପୂଜା । ଫଳରେ ସବୁ ପୂଜା ମଣ୍ଡପ ଚଳଚଞ୍ଚଳ । ବାରିପଦା ସହରରେ ଏହି ପୂଜାକୁ ନେଇ ପ୍ରସ୍ତୁତି ଶେଷ ହୋଇଛି । ସ୍ୱରୂପ ନଗରର 'ଆମ ଖଟି ପିଲା' କ୍ଲବର ଗଣେଶ ପୂଜା ଅନ୍ୟତମ । ଅଞ୍ଚଳର ଯୁବଗୋଷ୍ଠୀଙ୍କ ଉଦ୍ୟମରେ ଗଣେଶ ପୂଜା ଆରମ୍ଭ ହୋଇଥିବା ବେଳେ ଚଳିତବର୍ଷ ୩ ବର୍ଷରେ ପଦାର୍ପଣ କରିଛି । ମୟୂରଭଞ୍ଜ ବିୟୁଟି ଓ ଆମ ଖଟି ପିଲା ମିଳିତ ଆନୁକୂଲ୍ୟରେ ସ୍ୱରୂପ ନଗର ସ୍ଥିତ ମା' ଅମ୍ବିକା ମନ୍ଦିର ନିକଟ ଗଣେଶ ପୂଜା ଅଖରୋଟ ଉପରେ ବସିଥିବା ବାଲ ଗଣେଶ ଥିମରେ ଗଜାନନଙ୍କ ମୂର୍ତ୍ତି ପ୍ରସ୍ତୁତ କରାଯାଇଛି । ଏଥିସହିତ ଚଳିତ ବର୍ଷ ୧୮ କିଲୋ ଗଣେଶଙ୍କ ପ୍ରିୟ ପ୍ରସାଦ ମୋଦକ ଲାଗିହେବ । ଫଳରେ ନିଆରାଭାବେ ବିଦ୍ୟାଦାତା ଅବତାରରେ ଗଜାନନ ପୂଜା ପାଇବେ । ଉକ୍ତ ଥିମର ମୂର୍ତ୍ତି ଚଳିତ ବର୍ଷ ବାରିପଦାରେ ଆକର୍ଷଣ କେନ୍ଦ୍ରବିନ୍ଦୁ ସାଜିବ ବୋଲି ପୂଜା କମିଟି ପକ୍ଷରୁ କୁହାଯାଇଛି । ପଶ୍ଚିମବଙ୍ଗରୁ ମୂର୍ତ୍ତି କାରିଗର ଆସି ଥିମରେ ଗଜାନନଙ୍କ ମୂର୍ତ୍ତି ପ୍ରସ୍ତୁତି ଆରମ୍ଭ କରି ଦେଇଛନ୍ତି । ପୂଜା ତୋରଣ, ସାଜସଜ୍ଜା, ଆନୁଷଙ୍ଗିକ ବ୍ୟବସ୍ଥା ଓ ମୂର୍ତ୍ତି ତିଆରି କାମ ଜୋରଦାର ଚାଲିଛି । ବୁଧବାର ସକାଳୁ ଘଟ ଉତ୍ତୋଳନ ଓ ପୂଜା ଆୟୋଜନ କରଯାଇଛି । ଅଗଷ୍ଟ ୩୦ ତାରିଖ ସନ୍ଧ୍ୟା ଭକ୍ତ



ଓ ଜନସାଧାରଣଙ୍କୁ ଅନ୍ନପ୍ରସାଦ ବଣ୍ଟନ କରାଯିବ । ବିସର୍ଜନରେ ପାରମ୍ପରିକ ବାଦ୍ୟଯନ୍ତ୍ରରେ ଭସାଣି ଯାତ୍ରା ଅନୁଷ୍ଠିତ ହେବ ବୋଲି କ୍ଲବ ସୂତ୍ରରୁ ପ୍ରକାଶ । କ୍ଲବର ସଭାପତି ଭାବେ ରୋହିତ ପଟ୍ଟନାୟକ, କାର୍ଯ୍ୟକାରୀ ସଭାପତି କୁମାର ରାକେଶ, ସତ୍ୟପ୍ରକାଶ, ସମ୍ପାଦକ/ କୋଷାଧ୍ୟକ୍ଷ ଭାବେ ରାକେଶ ପ୍ରହରାଜ, ଯୁଗ୍ମ ସମ୍ପାଦକ ମୋହନ ଦାସ, ଅମିତ ବେରା, କାର୍ଯ୍ୟକାରୀ ସମ୍ପାଦକ ରଞ୍ଜନ ବେହେରା, ଅଫତାବ ହୁସେନ, ସହକାରୀ ସମ୍ପାଦକ ବିବେକ ସାହୁ, ରିତେଶ ପୃଷ୍ଟି, ସାଂସ୍କୃତିକ ସମ୍ପାଦକ ହିତେଶ ପୃଷ୍ଟି, ଅତିରିକ୍ତ ସାଂସ୍କୃତିକ ସମ୍ପାଦକ ଏସକେ ଇନାୟତ, ଋଷିରାଜ ସୋରେନ, ଗଣମାଧ୍ୟମ ସଂଯୋଜକ ଦେବବ୍ରତ ଦେ, କ୍ଷିରୋଦ କୁମାର ବେହେରା, କୁମାର ରାକେଶ ପ୍ରମୁଖ ସହଯୋଗ କରୁଛନ୍ତି ।

# ପାର୍ବଣ ଆରମ୍ଭରୁ ଫଳଦର ଆକାଶ ଛୁଆଁ

**ବାରିପଦା, ୨୬ ।୮ (ସମିସ):** ବୁଧବାର ଗଣେଶପୂଜା, ଗୁରୁବାର ନୂଆଖାଇ ଓ ରବିବାର ରାଧାଷ୍ଟମୀ । ଏଥିପାଇଁ ଫଳ ବଜାରରେ ଦର ଆକାଶ ଛୁଆଁ ହୋଇଛି । ପାର୍ବଣ ଋତୁ ଆରମ୍ଭରୁ ବଜାରରେ ସବୁ ଫଳ ଦର ମଧ୍ୟ ବୃଦ୍ଧି ପାଇଛି । ବଜାରରେ ଆକାଶ ଛୁଆଁ ଫଳ ଦରଦାମ ଦେଖି ଗ୍ରାହକ ଚିନ୍ତାରେ ପଡ଼ିଛନ୍ତି । ଗଣେଶ ପୂଜାକୁ ନେଇ ବେଶ ଚଳଚଞ୍ଚଳ ହୋଇ ପଡ଼ିଛି ବାରିପଦା ସହର । କିଏ ପୂଜା ସାମଗ୍ରୀ କିଣୁଛନ୍ତି ତ ଆଉ କିଏ ଫଳ ମୂଳ କିଣୁଛନ୍ତି । ସବୁଠାରେ ଦେଖିବାକୁ ମିଳିଛି ମହଙ୍ଗାର ମାଡ । ସବୁ ଦରଦାମ୍ ଆକାଶ ଛୁଆଁ ହୋଇଛି । ସେଓ କିଲୋ ପ୍ରତି ୧୦୦ରୁ ଆରମ୍ଭ କରି



୪୮୦ଟଙ୍କା, କମଳା କିଲୋ ପ୍ରତି ୧୪୦ରୁ ଆରମ୍ଭ କରି ୪୫୦ଟଙ୍କା, ଅଙ୍ଗୁର କିଲୋ ପ୍ରତି ୧୬୦ରୁ ଆରମ୍ଭ କରି ୧୨୦୦ଟଙ୍କା, ଖଜୁରୀ ୧୦୦ରୁ ଆରମ୍ଭ କରି ୭୦୦ଟଙ୍କା, ନାସପାତି କିଲୋ ପ୍ରତି ୧୩୦ରୁ ଆରମ୍ଭ କରି ୪୮୦ଟଙ୍କା, କଦଳୀ ଡ଼ର୍ଜନ ୫୦ରୁ ଆରମ୍ଭ କରି ୧୦୦ଟଙ୍କା, ପାଚିଲା ଅମୃତଭଣ୍ଡା ଗୋଟାକୁ ୭୦ରୁ ୧୦୦ଟଙ୍କା, ପିଜୁଳି କିଲୋ ପ୍ରତି ୮୦ଟଙ୍କାରୁ ଆରମ୍ଭ କରି ୧୫୦ଟଙ୍କା, ସପୁରୀ କିଲୋ ପ୍ରତି ୬୦ରୁ ଆରମ୍ଭ କରି ୧୨୦ଟଙ୍କା ପର୍ଯ୍ୟନ୍ତ ରହିଛି । ନଡିଆ ଗୋଟା ୩୦ରୁ ୬୦ଟଙ୍କା ଥିବା ବେଳେ ପଇଡ ଦର ସର୍ବନିମ୍ନ ୪୦ଟଙ୍କା ରହିଛି । ସେହିପରି କାକୁଡି କିଲୋ ମଧ୍ୟ ୮୦ରୁ ୧୦୦ ଟଙ୍କା ହୋଇଛି । ଲଗାଣ ବର୍ଷା ପାଇଁ ଦେଶୀ କାକୁଡି ଅମଳ କ୍ଷତି ପହଞ୍ଚିଛି । ମୟୂରଭଞ୍ଜ ଜିଲ୍ଲାର ବାରିପଦା ଠାରୁ ଆରମ୍ଭ କରି ରାଇରଙ୍ଗପୁର, କରଞ୍ଜିଆ, ଉଦଳା ଓ ବେତନଟୀ ଆଦି ସହର ସମେତ ଅନ୍ୟାନ୍ୟ ବଜାର ଓ ହାଟ ବ୍ୟବ୍ୟସାୟୀ ପଡୋଶୀ ରାଜ୍ୟର ପନିପରିବା ଓ ଫଳମୂଳ ଆମଦାନୀ ଉପରେ ନିର୍ଭରଶୀଳ । ପଶ୍ଚିମ ଓଡ଼ିଶାର ବରଗଡ଼ ଠାରୁ ଆରମ୍ଭ କରି ବେଙ୍ଗାଲୁରୁ, ରାଞ୍ଚି ଓ ପଶ୍ଚିମବଙ୍ଗରୁ ପନିପରିବା ଆସୁଥିବା ସ୍ଥାନର ଦରଦାମ ବୃଦ୍ଧି ଉପରେ ବିକ୍ରି ସ୍ଥାନ ଦର ନିର୍ଭର କରୁଛି । ଏପରି ସ୍ଥଳେ ପୂଜା ପାଇଁ ବଜାରରେ ପ୍ରବଳ ଭିଡ ମଧ୍ୟ ଦେଖିବାକୁ ମିଳିଛି । କିନ୍ତୁ ଉଚ୍ଚ ଦରଦାମ ଶୁଣି ଗ୍ରାହକ ଚିନ୍ତାରେ ପଡ଼ିଯାଇଛନ୍ତି । ପୂଜାକୁ ନେଇ ଲୋକଙ୍କ ମନରେ ଉତ୍ସାହ ଥିବାରୁ ଦରବୃଦ୍ଧି ପାଇଁ ପରିମାଣ କମର ଫଳମୂଳ କିଣୁଥିବା ଦେଖିବାକୁ ମିଳିଛି । ଅପର ପକ୍ଷରେ କିଛି ବ୍ୟବ୍ୟସାୟୀ ବଜାର ଚାହିଦା ଦେଖି ଦରଦାମ ବୃଦ୍ଧି କରିଥିବା ଅଭିଯୋଗ ହୋଇଛି ।

## ସ୍ୱାସ୍ଥ୍ୟ ବିଭାଗ ନିର୍ଦ୍ଦେଶକଙ୍କ ଆଦେଶନାମାକୁ ଅବମାନନା
# ୧୨ ଫାର୍ମାସୀ ଅଫିସରଙ୍କୁ ବେଆଇନ ବଦଳି

**ବାରିପଦା ୨୬ ।୮ (ସମିସ):** ରାଜ୍ୟ ସ୍ୱାସ୍ଥ୍ୟ ବିଭାଗର ନିର୍ଦ୍ଦେଶକଙ୍କ ନିର୍ଦ୍ଦେଶନାମାକୁ ଖିଲାପକରି ୧୨ ଜଣ ଫାର୍ମାସୀ ଅଫିସରଙ୍କ ବଦଳିକୁ ସଂଘ ପକ୍ଷରୁ ବେଆଇନ ଦର୍ଶାଯାଇ ଦାୟିତ୍ୱରେ ଥିବା କିରାଣୀଙ୍କ ବିରୋଧରେ ତଦନ୍ତ ପୂର୍ବକ କାର୍ଯ୍ୟାନୁଷ୍ଠାନ ଦାବି କରାଯାଇଛି । ଘଟଣାରୁ ପ୍ରକାଶ ଯେ, ରାଜ୍ୟ ସରକାର ଫାର୍ମାସିଷ୍ଟ କ୍ୟାଡର ପୁନର୍ଗଠନ ୨୦୨୩ ନଭେମ୍ବରରେ କରିଥିଲେ । ଫାର୍ମାସିଷ୍ଟରୁ ଫାର୍ମାସି ଅଫିସର ପଦବୀ ନାମକରଣ କରିବା ସହିତ ୪୦୭୨ରୁ ୫୦୦୯ ପଦବୀକୁ ବୃଦ୍ଧି କରି ବେସ୍ ଲେବଲରେ ଥିବା ୭୯୨ ପଦବୀ ଉଚ୍ଛେଦ କରିଥିଲେ । ଏହାପରେ ସରକାରଙ୍କ ତରଫରୁ ୨୦.୪.୨୦୨୪ରେ ଜିଲ୍ଲାୱାରୀ କେତେ ପଦବୀ ରହିବ ଆକାଉଣ୍ଟ ଜେନେରାଲଙ୍କ ପାଖକୁ ଏକ ପତ୍ର କରିଥିଲେ । ପୁଣି ୨୭.୧.୨୦୨୫ରେ ବିଭିନ୍ନ ଡାକ୍ତରଖାନାରେ ଫାର୍ମାସୀ ଅଫିସର ପଦବୀରେ କେତେଜଣ ରହିବେ ସ୍ୱାସ୍ଥ୍ୟ ସଚିବ ଆକାଉଣ୍ଟ ଜେନେରାଲଙ୍କୁ ଜଣାଇଥିଲେ । ସେହି ସମୟରେ ତଳ ପଦବୀରେ ଉଚ୍ଛେଦ କରାଯାଇଥିବା ଫାର୍ମାସି ଅଫିସରଙ୍କୁ ଯେ ପର୍ଯ୍ୟନ୍ତ ପଦୋନ୍ନତି କାର୍ଯ୍ୟକାରୀ ହୋଇନଥିବ ସେ ଯାଏ ଦରମା ପାଇବାରେ କୌଣସି ଅସୁବିଧା ହେବ ନାହିଁ ବୋଲି ସ୍ୱାସ୍ଥ୍ୟ ସଚିବ ଉଲ୍ଲେଖ କରିଛନ୍ତି । ଏବେ ସୁଦ୍ଧା ରାଜ୍ୟର ଅନ୍ୟ ୨୯ଟି ଜିଲ୍ଲାରେ କୌଣସି ଫାର୍ମାସୀ ଅଫିସରଙ୍କୁ ସ୍ଥାନାନ୍ତର କରାଯାଇ ନ ଥିବା ସ୍ଥଳେ ହଠାତ ମୟୂରଭଞ୍ଜ ଜିଲ୍ଲାରେ ଗତ ଜୁଲାଇ ୩ ଓ ୮ ତାରିଖରେ କ୍ରିଏସନ /ଏବୋଲିସନ / ଆପ୍ ଗ୍ରେଡେସନ ଆଳରେ ୧୨ ଜଣଙ୍କୁ ବଦଳି କରିଛନ୍ତି; ଯାହାକି ସାଧାରଣ ପ୍ରଶାସନ ବିଭାଗର ଚିଠି ନଂ ୧୨୬୮/ ତା ୧୬.୪.୨୦୨୫କୁ ବିରୁଦ୍ଧାଚରଣ କରୁଛି । ଏହି ୧୨ଜଣଙ୍କୁ ମୁଖ୍ୟ ଜିଲ୍ଲା ଚିକିତ୍ସା ଅଧିକାରୀଙ୍କ ଅଫିସରୁ ଫୋନ ଯୋଗେ ଦେଖା କରିବା ପାଇଁ କଲ କରାଯାଇଥିଲା । ଯିଏ ଦେଖାକଲେ ନାହିଁ ତାଙ୍କୁ ଦୂର ସ୍ଥାନକୁ ବଦଳି କରାଗଲା । ମୟୂରଭଞ୍ଜ ସିଡିଏମ୍‌ଓ ସାଧାରଣ ବଦଳି କରିବା ପାଇଁ ଏକ କମିଟି ଜୁନ ୪ ତାରିଖରେ କରିଥିଲେ ଏବଂ ୧୨.୬.୨୫ରେ ଉକ୍ତ କମିଟି ବଦଳି ସମ୍ବନ୍ଧୀୟ ନିଷ୍ପତ୍ତି ନେଇଥିଲେ; କିନ୍ତୁ ଫାର୍ମାସୀ ଅଫିସରଙ୍କ କୌଣସି ବଦଳି ପ୍ରସ୍ତାବ ଏହି କମିଟିରେ ରଖାଯାଇ ନ ଥିଲା । ଏହି ବେଆଇନ ବଦଳିକୁ ସଂଘ ପ୍ରତିବାଦ କରିବାରୁ ଜିଲ୍ଲା ମୁଖ୍ୟ ଚିକିତ୍ସା ଓ ଜନସାସ୍ଥ୍ୟଅଧିକାରୀ ସାସ୍ଥ୍ୟ ନିର୍ଦ୍ଦେଶକଙ୍କ ପାଖକୁ ଏକ ସ୍ୱଷ୍ଟୀକରଣ କରିଥିଲେ । ଚିଠି ସ୍ୱାସ୍ଥ୍ୟନିର୍ଦ୍ଦେଶକଙ୍କ ପାଖରୁ ନ ଆସିଥିଲେ ମଧ୍ୟ ପୁଣି ହଠାତ ଡାକ୍ତରଖାନାର ୧୦ ଜଣ ଫାର୍ମାସୀ ଅଫିସରଙ୍କୁ ୫୦/୬୦ କିମି ଦୂରକୁ ବଦଳି କରାଗଲା । ଏହାପରେ ପୁଣି ଜିଲ୍ଲାପାଳ, ନଗର ଉନ୍ନୟନ ମନ୍ତ୍ରୀ ଡା. କୃଷ୍ଣଚନ୍ଦ୍ର ମହାପାତ୍ରଙ୍କ ନିକଟରେ ସଂଘ ପ୍ରତିବାଦ କରିବାରୁ ମନ୍ତ୍ରୀଙ୍କ ନିର୍ଦ୍ଦେଶରେ ଜିଲ୍ଲାପାଳ ହସ୍ତକ୍ଷେପ କରି ୨ଜଣଙ୍କ ରିଲିଫ ଆଦେଶକୁ ଗତ ୧୮ ତାରିଖରେ ରଦ୍ଦ କରିଛନ୍ତି । କିନ୍ତୁ ବଦଳି ଆଦେଶଗୁଡିକ ଏ ପର୍ଯ୍ୟନ୍ତ ରଦ୍ଦ ହୋଇନାହିଁ । ଇତି ମଧ୍ୟରେ ସାସ୍ଥ୍ୟ ନିର୍ଦ୍ଦେଶକଙ୍କ ନିକଟରୁ ଏକ ଚିଠି ଆସିଛି ଏବଂ ସାସ୍ଥ୍ୟ ନିର୍ଦ୍ଦେଶକ ସିଧାସଳଖ ସରକାରଙ୍କ ନିୟମକୁ ଉଲ୍ଲଂଘନ କରାଯାଇଥିବା ଦର୍ଶାଇଛନ୍ତି । ଜିଲ୍ଲାପାଳ କିମ୍ବା ସ୍ୱାସ୍ଥ୍ୟ ନିର୍ଦ୍ଦେଶକଙ୍କ ଠାରୁ ମଞ୍ଜୁରୀ ନିଆ ନ ଯାଇ କିପରି ବଦଳି କରାଗଲା ବୋଲି ସେ ପ୍ରଶ୍ନ କରିଛନ୍ତି । ସେହିପରି ଗତ ଜୁଲାଇ ୩୧ ତାରିଖରେ ନୂତନ ଭାବେ ଫାର୍ମାସି ଅଫିସରଙ୍କ ନିଯୁକ୍ତି ପାଇଁ ସ୍ଥାନ ନିରୂପଣ ନିମନ୍ତେ କାଉନସେଲିଂ କରାଯାଇଥିଲା । ହେଲେ ସେଥିରେ ମଧ୍ୟ ସଚ୍ଛତା ଅବଲମ୍ବନ କରାଯାଇ ନ ଥିଲା । ଯେଉଁ ୧୩ ଜଣ କାଉନସେଲିଂ ପାଇଁ ଆସିଥିଲେ ସେମାନଙ୍କୁ ଦୁଇଦିନ ପୂର୍ବରୁ ଖାଲି ଥିବା ସ୍ଥାନଗୁଡିକ ସମ୍ପର୍କରେ ସୂଚନା ଦେବା ନିୟମ ଥିଲେ ମଧ୍ୟ ତାହାର କରାଯାଇନଥିଲା । ତେଣୁ ଜିଲ୍ଲାପାଳ ଏବଂ ନଗରଉନ୍ନୟନ ମନ୍ତ୍ରୀ ଏହି ବେଆଇନ ବଦଳିକୁ ରଦ୍ଦକରି ସମ୍ପୃକ୍ତ କିରାଣୀଙ୍କ ବିରୋଧରେ ତଦନ୍ତ କରାଯାଇ ତୁରନ୍ତ ସ୍ଥାନାନ୍ତର କରାଯିବାକୁ ସଂଘ ତରଫରୁ ଦାବି କରାଯାଇଛି ବୋଲି ସଭାପତି ଚିନ୍ମୟ ସିହ୍ନା ଜଣାଇଛନ୍ତି ।

# ପ୍ରଫେସର ନାରାୟଣ ପ୍ରସାଦ ଏମ୍‌ପିସି କଲେଜର ନୂତନ ଅଧ୍ୟକ୍ଷ

**ବାରିପଦା, ୨୬ ।୮ (ସମିସ):** ବାରିପଦା ଏମପିସି ସ୍ୱୟଂଶାସିତ ମହାବିଦ୍ୟାଳୟର ନୂତନ ଭାରପ୍ରାପ୍ତ ଅଧ୍ୟକ୍ଷଭାବେ ପୁରୀ ଜିଲ୍ଲା ସତ୍ୟବାଦୀ ଓଡ଼ିଆ ବିଶ୍ୱବିଦ୍ୟାଳୟର ସହକାରୀ ପ୍ରଫେସର ନାରାୟଣ ପ୍ରସାଦ ବେହେରାଙ୍କୁ ଦାୟିତ୍ୱ ପ୍ରଦାନ କରାଯାଇଛି । ଏନେଇ ଉଚ୍ଚଶିକ୍ଷା ବିଭାଗ ପକ୍ଷରୁ ବିଜ୍ଞପ୍ତି ପ୍ରକାଶ ପାଇଛି । ଶ୍ରୀ ବେହେରା ଏହା ପୂର୍ବରୁ ଏମପିସି ସ୍ୱୟଂଶାସିତ ମହାବିଦ୍ୟାଳୟର ଓଡ଼ିଆ ବିଭାଗରେ ସହକାରୀ ପ୍ରଫେସର ଭାବେ କାର୍ଯ୍ୟରତ ଥିଲେ । ଏହି କଲେଜରେ ଗତ ମାସକ ମଧ୍ୟରେ ବାରମ୍ବାର ଛାତ୍ର ଅସନ୍ତୋଷ ଦେଖା ଦେଉଥିବାରୁ ସେମିଷ୍ଟର ପରୀକ୍ଷା, ଫଳ ପ୍ରକାଶ, ଲାଇବ୍ରେରୀ ସମେତ ପରିଚାଳନାରେ ସମସ୍ୟା ଦେଖିବାକୁ ମିଳୁଥିଲା । ଯାହାକୁ



ନେଇ ଛାତ୍ରଛାତ୍ରୀ ଆନ୍ଦୋଳନ କରିବା ସହ ଜିଲ୍ଲାପାଳଙ୍କ ଦ୍ୱାରସ୍ଥ ହୋଇଥିଲେ । ଏହାସହିତ ଉଚ୍ଚ ଶିକ୍ଷା ବିଭାଗର ଆଞ୍ଚଳିକ ନିର୍ଦ୍ଦେଶକ ପରିଦର୍ଶନ କରି ଛାତ୍ର ସମସ୍ୟା ନେଇ ଆଲୋଚନା କରିଥିଲେ । ତେବେ ବାରମ୍ବାର ଛାତ୍ର ଅସନ୍ତୋଷ କାରଣରୁ ଅଧ୍ୟକ୍ଷ ବଦଳି କରାଯାଇଛି । ଭାରପ୍ରାପ୍ତ ଅଧ୍ୟକ୍ଷା ଆଲବର୍ଟିନା ତିର୍କୀ ଉକ୍ତ ମହାବିଦ୍ୟାଳୟରେ ପୂର୍ବ ଭଳି ରାଜନୈତିକ ବିଜ୍ଞାନ ବିଭାଗରେ ସହକାରୀ ପ୍ରଫେସର ଭାବେ କାର୍ଯ୍ୟ କରିବେ ।

# ପୂର୍ତ୍ତ ବିଭାଗର ଅଜବନୀତି; ବର୍ଷାରେ ରାସ୍ତା ମରାମତି

**ବାରିପଦା, ୨୬ ।୮ (ସମିସ):** ଲଗାଣ ବର୍ଷା ଯୋଗୁଁ ବାରିପଦା ସହରର ରାସ୍ତାଗୁଡ଼ିକ ବିପର୍ଯ୍ୟସ୍ତ ହୋଇପଡ଼ିଛି । ସବୁଠି ଖାଲ ଖମାରରେ ଭର୍ତ୍ତି ହୋଇଯାଇଛି । ପୂର୍ତ୍ତ ବିଭାଗ ପକ୍ଷରୁ ବର୍ଷା ଋତୁ ଆରମ୍ଭ ପୂର୍ବରୁ ମରାମତି ହୋଇ ନ ଥିବାରୁ ରାସ୍ତାର ଅବସ୍ଥା ବେହାଲ ହୋଇଛି । ହେଲେ ପୂର୍ତ୍ତ ବିଭାଗ ଏବେ ବର୍ଷା ଲାଗିରହିଥିଲେ ମଧ୍ୟ ରାସ୍ତା ମରାମତି ଆରମ୍ଭ କରିଛି । ବର୍ଷା ଯୋଗୁଁ ରାସ୍ତାରେ ଖାଲ ଖମାର ହୋଇ ପାଣି ଜମି ରହିଛି । ଏହି ମରାମତି କେବଳ ଲୋକ ଦେଖାଣିଆଭାବେ କରାଯାଉଛି । ପୁଲିସ ଲାଇନ ସ୍କୁଲ ସମ୍ମୁଖରେ ଏପରି କାର୍ଯ୍ୟ ହେଉଥିବାରୁ ଲୋକେ ଅସନ୍ତୋଷ ପ୍ରକାଶ କରିଛନ୍ତି । ପାଣି ଉପରେ ପିଚୁ ପକାଇ ମରାମତି କରାଯାଉଛି । ଯାହିକି ବର୍ଷା ହେଲେ ତାହା ସମ୍ପୂର୍ଣ୍ଣ ଭାବେ ଉଠି ନଷ୍ଟ ହୋଇଯିବ । ସ୍କୁଲ ସମ୍ମୁଖ ରାସ୍ତାରେ



ବଡ଼ବଡ଼ ଖାଲ ହୋଇଥିବା ବେଳେ ରାତିରେ ଲୋକେ ଦୁର୍ଘଟଣାର ସମ୍ମୁଖୀନ ହେଉଛନ୍ତି । ତେଣୁ ପୂର୍ତ୍ତ ବିଭାଗର ଏଭଳି ଲୋକ ଦେଖାଣିଆ ମରାମତି କାର୍ଯ୍ୟକୁ ଲୋକେ ନାପସନ୍ଦ କରିଛନ୍ତି ।

# ତୀରମାଡ଼ ହାତୀକୁ ଖୋଜୁଛି ବନବିଭାଗ

**ମୋରଡା, ୨୬।୮ (ସମିସ):** ବେତନଟୀ ରେଞ୍ଜ ଅନ୍ତର୍ଗତ ଜଙ୍ଗଲରେ ବିଚରଣ କରୁଥିବା ଏକ ଦନ୍ତା ହାତୀକୁ ରିବାର ତୀର ମାଡ଼ ହୋଇଥିଲା । ରବିବାର ଜାମଶୋଳି ନିକଟରେ ୩୫ଟି ହାତୀ ଥିବାବେଳେ କେହି ଦୁର୍ବୃତ୍ତ ଏକ ହାତୀକୁ ତୀର ମାଡ଼ କରିଥିଲା । ତେବେ ଆହତ ହାତୀକୁ ଖୋଜିବା ପାଇଁ ବଡାମପୁର ବନାଞ୍ଚଳରେ ସୋମବାର ଏସସିଏଫ ମେହେରବାନ ଅଲ୍ଲି,



ବେତନଟି ରେଞ୍ଜର ମନୱାର ଖାଁ, ଫରେଷ୍ଟର ଦୀପକ ପାତ୍ରଙ୍କ ବନବିଭାଗ ଟିମ ପହଞ୍ଚି ଆହତ ହାତୀକୁ ଖୋଜଥିଲେ ମଧ୍ୟ କୌଣସି ପତ୍ତା ପାଇନାହାନ୍ତି । ଆଜି ମଧ୍ୟ ବନବିଭାଗ ଟିମ ଛାତନା, ଅସନବଣୀର ଫୋରେଷ୍ଟ ଅଞ୍ଚଳରେ ପହଞ୍ଚି ଖୋଜାଖୋଜି କରୁଛନ୍ତି ।

# ଘର ସମ୍ମୁଖରୁ ବାଇକ୍ ଚୋରି

**ବାରିପଦା, ୨୬ ।୮ (ସମିସ):** ମଙ୍ଗଳବାର ସକାଳୁ ଘର ସମ୍ମୁଖରେ ପାର୍କିଂ ହୋଇଥିବା ବାଇକ ଚୋରି ହୋଇଛି । ଏନେଇ ୱାର୍ଡ ନମ୍ବର ୧୫ ଅଞ୍ଚଳର ଶୁଭଙ୍କର ଧଳ ବାରିପଦା ଟାଉନ ଥାନାରେ ଅଭିଯୋଗ କରିଛନ୍ତି । ସେ ପ୍ରତିଦିନ ଭଳି ଘର ସମ୍ମୁଖରେ ବାଇକ ପାର୍କିଂ କରିଥିଲେ । ଜନଶୂନ୍ୟ ଥିବା ବେଳେ ଏହାର ସୁଯୋଗ ନେଇ ଚୋରି କରିଛନ୍ତି । ଅନେକ ଖୋଜାଖୋଜି କରି ନପାଇ ଚୋରି ନେଇ ଥାନାରେ ଅଭିଯୋଗ କରିଛନ୍ତି ।




## ମୟୂରଭଞ୍ଜ ଜିଲ୍ଲାରେ ଛାତ୍ରଛାତ୍ରୀଙ୍କୁ ଦିଆଯାଉନି ପରାମର୍ଶ
# ବର୍ଷେ ପରେ ବି ମନସ୍ତତ୍ତ୍ୱବିତ୍ ନିଯୁକ୍ତି ନୋହିଲା

**ବାରିପଦା, ୨୬ ।୮ (ସମିସ)**

ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗ ପକ୍ଷରୁ ଛାତ୍ରଛାତ୍ରୀଙ୍କ ମାନସିକସ୍ତରରେ ସନ୍ତୁଳନ ରଖିବା ନିମନ୍ତେ କାଉନସେଲିଂ ବା ପରାମର୍ଶ ଯୋଜନା କରାଯାଇଥିଲା । ଏହି ଯୋଜନା ରାଜ୍ୟର ସମସ୍ତ ବିଦ୍ୟାଳୟରେ ଛାତ୍ରଛାତ୍ରୀଙ୍କ ସମସ୍ୟାର ସମାଧାନ କରିବା ସହିତ ପାଠପଢ଼ା ଓ ବ୍ୟବହାର ଆଚରଣକୁ ସୁଧାରିବା ପାଇଁ ମନସ୍ତତ୍ତ୍ୱବିତ୍‌ଙ୍କୁ ନିଯୁକ୍ତି ଦିଆଯିବ । ଏ ନେଇ ୨୦୨୪ ମସିହା ଜୁଲାଇ ୩୦ତାରିଖରେ ରାଜ୍ୟ ସରକାର ଘୋଷଣା କରିଥିଲେ; ମାତ୍ର ଇତିମଧ୍ୟରେ ଏକ ବର୍ଷ ବିତି ଯାଇଥିଲେ ମଧ୍ୟ କୌଣସି ନିଯୁକ୍ତି ଦିଆଯାଇନାହିଁ । ଫଳରେ ଛାତ୍ରୀ ଆତ୍ମହତ୍ୟା, ନିଶାଦ୍ରବ୍ୟ ସେବନ ଓ ଡ୍ରପଆଉଟ ଭଳି ବିଭିନ୍ନ ଘଟଣା ଘଟୁଥିବା ଦେଖିବାକୁ ମିଳିଛି । ଜିଲ୍ଲାର ୨୬ଟି ବ୍ଲକରେ ନବମରୁ ଦଶମ ପର୍ଯ୍ୟନ୍ତ ସରକାରୀ, ସରକାରୀ ଅନୁଦାନପ୍ରାପ୍ତ ଓ ଅନୁସୂଚିତ ଜାତି ଓ ଜନଜାତି ଉଚ୍ଚ ବିଦ୍ୟାଳୟକୁ ମିଶାଇ ମୋଟ ୬୨୬ଟି ଉଚ୍ଚ ବିଦ୍ୟାଳୟ ରହିଛି । ଏହି ସ୍କୁଲରେ ଥିବା ୯ମ ଓ ୧୦ମ ଶ୍ରେଣୀରେ ୬୯ ହଜାର ୧୨୮ ଛାତ୍ରଛାତ୍ରୀ ପଢୁଛନ୍ତି । ଅବଶିଷ୍ଟ ସ୍କୁଲରେ ପାଖାପାଖି ୩୫ହଜାର ୨୬୨ଜଣ ଛାତ୍ରଛାତ୍ରୀ ୮ମ ଶ୍ରେଣୀରେ ପାଠପଢୁଛନ୍ତି । ଏହିସବୁ ସ୍କୁଲରେ ଅନେକ ଅଧାରୁ ପାଠପଢ଼ା ଛାଡିବା, ନିୟମିତ ସ୍କୁଲକୁ ନ ଯିବା, ନିଶାଦ୍ରବ୍ୟ ଓ ତମାଖୁ ସେବନ, ଜିଦଖୋର ମନୋଭାବ, ଉତ୍ତମ ଆଚରଣ ନ କରିବା ଏବଂ ଯୌନ ରୋଗ ଭଳି

**ବଢୁଛି ଆତ୍ମହତ୍ୟା ଜନିତ ଘଟଣା**

ଅନେକ ସମସ୍ୟା ବୃଦ୍ଧି ପାଇବାରେ ଲାଗିଛି । ଏହି ସବୁର ସମାଧାନ ପାଇଁ ମନସ୍ତତ୍ତ୍ୱବିତ୍‌ଙ୍କୁ ନିଯୁକ୍ତି କରାଯିବା ନେଇ ଯୋଜନା କରାଯାଇଛି । ଯେଉଁମାନେ ନିଯୁକ୍ତି ପାଇବେ ସେମାନେ ବର୍ଷକୁ କେତେ ପିଲାଙ୍କୁ ସୁଧାର ଆଣିବାରେ ସଫଳ ହୋଇଛନ୍ତି ତାହାର ରିପୋର୍ଟ ସ୍କୁଲର ପ୍ରଧାନ ଶିକ୍ଷକମାନେ ଜିଲ୍ଲା ଶିକ୍ଷାଧିକାରୀଙ୍କୁ ପ୍ରଦାନ କରିବେ । ମାତ୍ର ତାହା ଏଯାଏ କାର୍ଯ୍ୟକାରୀ ହୋଇନାହିଁ । ଫଳରେ ଛାତ୍ରଛାତ୍ରୀ ମାନସିକ ଭାରସାମ୍ୟ ହରାଇ ବିପଥଗାମୀ ହେବାରେ ଲାଗିଛନ୍ତି । ଏପରିକି ମାସକ



ମଧ୍ୟରେ ବୈଶିଙ୍ଗା ଥାନା ଅଞ୍ଚଳରେ ଏକ ସ୍କୁଲରେ କୁନି କୁନି ଛାତ୍ରୀଙ୍କ ପ୍ରତି ଜଣେ ଶିକ୍ଷକ ଗେଲ କରିବା ଆଳରେ ଅସଦବ୍ୟବହାର କରିଥିଲେ । ସେହିପରି ବେତନଟୀ ବ୍ଲକରେ ଥିବା ଏସଏସଡି ବାଳିକା ବିଦ୍ୟାଳୟରେ ଜନୈକା ସଂଖ୍ୟାଲଘୁ ସମ୍ପ୍ରଦାୟର ଛାତ୍ରୀ ଆତ୍ମହତ୍ୟା ପାଇଁ ଛାତରୁ ଡେଇଁ ଗୁରୁତର ହୋଇପଡ଼ିଥିଲେ । ଶୁଳିଆପଦା ବ୍ଲକରେ ଥିବା ଏସଏସଡି ଉଚ୍ଚ ବିଦ୍ୟାଳୟରେ ଜନୈକା ଛାତ୍ରୀଙ୍କ ମୃତ୍ୟୁ ହେବା ସହିତ ବାଙ୍ଗିରିପୋଷି ବ୍ଲକ ଆଶ୍ରମ ବିଦ୍ୟାଳୟରେ ନାବାଳିକା ଛାତ୍ରୀ ଗର୍ଭବତୀ ହେବା ଭଳି ଘଟଣା ଦେଖିବାକୁ ମିଳିଥିଲା । ଅନ୍ୟପଟେ ସ୍କୁଲ ଗୁଡିକ ଦଣ୍ଡମୁକ୍ତ ଅଞ୍ଚଳ ହୋଇଥିବାରୁ ସେମାନଙ୍କୁ ଆକଟ କରିବା ପ୍ରଥା ଉପରେ ଅଙ୍କୁଶ ଲାଗିଥିବାରୁ ଶିକ୍ଷକମାନେ ମଧ୍ୟ ପିଲାମାନଙ୍କ ଆଚରଣକୁ ଅଣଦେଖା କରୁଛନ୍ତି । ଫଳରେ ଏହି ସବୁ ସମସ୍ୟା ପାଇଁ ପିଲାଙ୍କ ଭବିଷ୍ୟତ ନଷ୍ଟ ହେଉଥିବା ବେଳେ ଏମାନଙ୍କର ଉପଯୁକ୍ତ ଯତ୍ନ ସହିତ ସମାଧାନ ଅତ୍ୟନ୍ତ ଜରୁରୀ ହୋଇପଡ଼ିଛି । ଏ ନେଇ ଜିଲ୍ଲା ଶିକ୍ଷାଧିକାରୀ ପୂର୍ଣ୍ଣଚନ୍ଦ୍ର ସେଠୀଙ୍କୁ ପଚାରିବାରୁ ଏପର୍ଯ୍ୟନ୍ତ କୌଣସି ବିଦ୍ୟାଳୟରେ ମନସ୍ତତ୍ତ୍ୱବିତ୍ ନିଯୁକ୍ତି ହୋଇନାହାନ୍ତି ବୋଲି କହିଛନ୍ତି ।

ତାଟୋ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରର ଜମି ଉଚ୍ଛେଦ ଓ ଦଖଲକୁ ଅଞ୍ଚଳବାସୀଙ୍କ ବିରୋଧ

# ଜାତୀୟ ରାଜପଥ ଅବରୋଧ; ଡାକ୍ତରଖାନାରେ ତାଲା

କରଞ୍ଜିଆ, ୨୬।୮ (ସମିସ): ତାଟୋ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରର କିଛି ଜମିକୁ ପ୍ରକୃତ ସ୍ୱତ୍ୱାଧିକାରୀ ଦେବେନ୍ଦ୍ର ଦାସଙ୍କୁ ହସ୍ତାନ୍ତର ପାଇଁ କରଞ୍ଜିଆ ସିଭିଲ ଜଜ୍ ସିନିୟର ଡିଭିଜନଙ୍କ ରାୟ ଗତ ଜୁଲାଇ ୩୧ ତାରିଖରେ ପ୍ରକାଶ ପାଇଥିଲା; ମାତ୍ର ଦେବେନ୍ଦ୍ର ଦାସଙ୍କୁ ଜମି ହସ୍ତାନ୍ତର ପାଇଁ ସ୍ଥାନୀୟ ଲୋକେ ଦେଇନଥିଲେ। ଫଳରେ ସେ ପୁଣି ମଙ୍ଗଳବାର କୋର୍ଟରୁ ଆଦେଶ ନେଇ ଦ୍ୱିତୀୟ ଥର ପାଇଁ ମାଜିଷ୍ଟ୍ରେଟ ଓ ପୁଲିସ ସହାୟତାରେ ଜମିକୁ ଦଖଲକୁ ନେବାକୁ ଆସିଥିଲେ; କିନ୍ତୁ ସ୍ଥାନୀୟ ଜନସାଧାରଣ ସମେତ ବିଧାୟକ ପଦ୍ମଚରଣ ହାଇବୁରୁ, ପୂର୍ବତନ ବିଧାୟକ ବିଜୟ କୁମାର ନାଏକ, ରାଜ୍ୟ କଂଗ୍ରେସ ସମ୍ପାଦକ ଲକ୍ଷ୍ମୀଧର ସିଂ ପ୍ରମୁଖ ଉପସ୍ଥିତ ରହି ଶ୍ରୀ ଦାସଙ୍କୁ ଜମି ଦଖଲ ନେବାକୁ ବାରଣ କରିବା ସହିତ ବୁଝାସୁଝା କରିଥିଲେ। ତହସିଲଦାର ଦିବାକର ମାଝୀ, ତାଟୋ ଗୋଷ୍ଠୀ ଚିକିତ୍ସାଳୟ ଅଧିକାରୀ ସତ୍ୟପ୍ରକାଶ ଧଳ,



କରଞ୍ଜିଆ ଥାନା ଭାରପ୍ରାପ୍ତ ଅଧିକାରୀ ଶରତ କୁମାର ମହାଳିକ ଓ ପାଞ୍ଚପୀଢ ଉପଖଣ୍ଡ ପୁଲିସ ଅଧିକାରୀ ନବକୃଷ୍ଣ ନାଏକଙ୍କ ଉପସ୍ଥିତିରେ ଆଲୋଚନା ହୋଇଥିଲା। ହଜାର ହଜାର ଜନସାଧାରଣ ଚିକିତ୍ସାଳୟ ଗେଟରେ ତାଲା ପକାଇବା ସହ ୨୨୦ନଂ. ଜାତୀୟ ରାଜପଥ ଅବରୋଧ କରିଥିଲେ। ଆଲୋଚନା ଓ ପର୍ଯ୍ୟାଲୋଚନା ପରେ ଜିଲ୍ଲାପାଳ ହେମକାନ୍ତ ସଏଙ୍କ ନିର୍ଦ୍ଦେଶ ମତେ ଦେବେନ୍ଦ୍ର ଦାସଙ୍କ ପୈତୃକ ଜମିର ସ୍ୱତ୍ୱାଧିକାରୀମାନେ ପ୍ରଥମେ ଚିକିତ୍ସାଳୟ ଦଖଲରେ ଥିବା ୯୦ ଡେସିମିଲ ଜମିକୁ ଲିଖିତ ହସ୍ତାନ୍ତର କରିବା ପରେ ସ୍ୱତ୍ୱଧିକାରୀଙ୍କ ଦ୍ୱାରା ଯେଉଁ ସରକାରୀ ଜମି ଜବର ଦଖଲ ହୋଇଛି ତାହାକୁ ସ୍ୱତନ୍ତ୍ର ନିୟମ ଅନୁଯାୟୀ ସ୍ୱତ୍ୱାଧିକାରୀଙ୍କ ନାମରେ ପଟ୍ଟା ମଞ୍ଜୁର କରାଯିବ ବୋଲି ଚିକିତ୍ସାଳୟଅଧିକାରୀ ଡଃ ଧଳ ସୂଚନା ଦେଇଥିଲେ। ପରେ ରାସ୍ତା ଅବରୋଧ ପ୍ରତ୍ୟାହୃତ



ହୋଇଥିଲା। ସ୍ୱତ୍ୱାଧିକାରୀଙ୍କୁ ଉପଯୁକ୍ତ କ୍ଷତିପୂରଣ ରାଶି ମଧ୍ୟ ପ୍ରଦାନ କରାଯିବା ବ୍ୟବସ୍ଥା ହେବ ବୋଲି ଜିଲ୍ଲାପାଳ ସୂଚନା ଦେଇଥିଲେ। ସୂଚନାଯୋଗ୍ୟ ଯେ, ଗତ ୧୯୬୨ ମସିହାରେ ସ୍ଥାପିତ ତାଟୋ ଗୋଷ୍ଠୀ ଚିକିତ୍ସାଳୟ ଉପରେ ବ୍ଲକର ୮ଟି ପଞ୍ଚାୟତବାସୀ ନିର୍ଭରଶୀଳ। ଦେବେନ୍ଦ୍ରଙ୍କ ପୂର୍ବ ପୁରୁଷଙ୍କ ଦାନରେ ଏଠାରେ ଗଢିଉଠିଥିବା ଚିକିତ୍ସାଳୟରେ ତାଙ୍କ ପରିବାରର ଜଣକୁ ଚାକିରି ମଧ୍ୟ ଦିଆଯାଇଥିଲା ଏବଂ ଜମି ବଦଳରେ କିଛି ଜମି ମଧ୍ୟ ପ୍ରଦାନ କରାଯାଇଛି ବୋଲି ଶୁଣିବାକୁ ମିଳେ। ତେବେ ଏହି ପରିସ୍ଥିତି ଯଥାଶୀଘ୍ର ସମାଧାନ କରିବା ପାଇଁ ଜନସାଧାରଣ ରାଜ୍ୟ ସରକାର ଓ ପ୍ରଶାସନକୁ ନିବେଦନ କରିଛନ୍ତି।

## ଗୋଷ୍ଠୀ ସଂଘର୍ଷ ଘଟଣାରେ ଜଣେ ଗିରଫ

ବୈଶିଙ୍ଗା, ୨୬।୮ (ସମିସ): ବୈଶିଙ୍ଗା ଥାନା ଅଧୀନ ମୟୂରଭଞ୍ଜ-ବାଲେଶ୍ୱର ଜିଲ୍ଲା ସୀମାନ୍ତ କଳମା ଛକ ନିକଟରେ ଶନିବାର ରାତିରେ ଜମି ଦଲାଲି ଓ ବାଲି ଚାଲାଣକୁ ନେଇ ବାଲେଶ୍ୱର ଜିଲ୍ଲାର ଦୁଇ ଗୋଷ୍ଠୀ ମଧ୍ୟରେ ଗଣ୍ଡଗୋଳ ସୃଷ୍ଟି ହୋଇଥିଲା। ଫଳରେ ପୁଲିସ ଏ ନେଇ ୬ ଜଣଙ୍କ ନାଁରେ ମାମଲା ରୁଜୁ କରିଥିବାବେଳେ ମଙ୍ଗଳବାର ଜଣେ ଅଭିଯୁକ୍ତଙ୍କୁ ଗିରଫ କରିଛି। ଅଭିଯୁକ୍ତ ଜଣକ ହେଲେ ବାଲେଶ୍ୱର ବା ଜିଲ୍ଲା ସଦର ଥାନା ଅଧୀନ କୁଡ଼ିଆ ଗ୍ରାମର ବିଜୁ ଓରଫ ବିଜୟ କୁମାର ଜେନା। ସୋମବାର ପୂର୍ବାହ୍ନରେ ତାଙ୍କୁ ଗିରଫ କରାଯାଇଥିବା ବେଳେ ଖୁବ୍‌ଶୀଘ୍ର ଅନ୍ୟ ସମସ୍ତ ଅଭିଯୁକ୍ତଙ୍କୁ ଧରାଯିବ ବୋଲି ବୈଶିଙ୍ଗା ପୁଲିସ କହିଛି। ସୂଚନାଯୋଗ୍ୟ ଯେ, ଶନିବାର ରାତିରେ ବାଲେଶ୍ୱର ଜିଲ୍ଲା ଶିଳ୍ପାଞ୍ଚଳ ଥାନା ଅଧୀନ ଶାସନବାଡ଼ ଓ ସଦର ଥାନା ଅଧୀନ ନହରପାଟଣା ନିକଟ ଗୋବିନ୍ଦପୁର ଅଞ୍ଚଳର ଦୁଇ ଗୋଷ୍ଠୀ ମଧ୍ୟରେ କଳାମାଠାରେ ଗଣ୍ଡଗୋଳ ହୋଇଥିଲା। ଏଥିରେ ଉତ୍‌କ୍ଷିପ୍ତ ହୋଇ ଗୋବିନ୍ଦପୁର ଓ ବୈଶିଙ୍ଗା ଥାନା ଅଞ୍ଚଳର ୬ଜଣ ଯୁବକ ଶାସନବାଡ଼ ଅଞ୍ଚଳର ହେମନ୍ତ ପରିଡ଼ା(୩୮)ଙ୍କୁ ତେଲେଙ୍ଗା କଟୁରୀ ଓ ଥଣ୍ଡା ବୋତଲରେ ଆକ୍ରମଣ କରିଥିଲେ।

## କରମ ପର୍ବକୁ ସରକାରୀ ଛୁଟି ଘୋଷଣା ପାଇଁ ମୁଖ୍ୟମନ୍ତ୍ରୀଙ୍କୁ ସ୍ମାରକପତ୍ର



କରଞ୍ଜିଆ, ୨୬।୮ (ସମିସ): ଦେଶକରମ ଓଡ଼ିଶା ତରଫରୁ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କୁ ସଚିବାଳୟଠାରେ ଉତ୍ତର ଓଡ଼ିଶାର କୁଡୁମୀ ତଥା ଅନ୍ୟ ଜନଜାତି ତଥା ପ୍ରକୃତି ପ୍ରେମୀମାନେ ପାଳନ କରୁଥିବା କରମ ପର୍ବ ପାଇଁ ସରକାରୀ ଛୁଟି ଘୋଷଣା କରିବାକୁ ରାଜ୍ୟସଭା ସାଂସଦ ମମତା ମହାନ୍ତଙ୍କ ଉପସ୍ଥିତିରେ ଏକ ସ୍ମାରାକପତ୍ର ପ୍ରଦାନ କରାଯାଇଛି। ତେବେ ମୁଖ୍ୟମନ୍ତ୍ରୀ ଗୁରୁତର ସହିତ ବିଚାର କରିବାକୁ ପ୍ରତିଶ୍ରୁତି ଦେଇଛନ୍ତି। ଏହାର ଏକକିତା ନକଲ ରାଜସ୍ୱ ମନ୍ତ୍ରୀ ସୁରେଶ ପୂଜାରୀଙ୍କୁ ମଧ୍ୟ ପ୍ରଦାନ କରାଯାଇଛି। କୁଡୁମୀ ଓ ଅନ୍ୟ ଜନଜାତି ପାଳନ କରୁଥିବା ଏହି କରମ ପର୍ବ ଭାଦ୍ରବ ମାସ ଶୁକ୍ଳ ପକ୍ଷର ଏକାଦଶୀ ତିଥିରେ ପଡେ। ଚଳିତବର୍ଷ ସେପ୍ଟେମ୍ବର ୩ ତାରିଖରେ ପଡୁଥିବାରୁ ଉକ୍ତ ଦିନ ସମସ୍ତ କୁଆଁରୀ କନ୍ୟା ନିର୍ଜଳା ଉପବାସ କରି ଭାଇର ମଙ୍ଗଳ କାମନା କରି ବ୍ରତ କରିଥାନ୍ତି। ପ୍ରକାଶ ଥାଉକି, ଉକ୍ତ ଗଣପର୍ବ ପାଇଁ ଝାଡ଼ଖଣ୍ଡରେ ଦୁଇ ଦିନ ଏବଂ ପଶ୍ଚିମବଙ୍ଗରେ ଗୋଟିଏ ଦିନ ସରକାରୀ ଛୁଟି ଘୋଷଣା ହୋଇଥାଏ। ଓଡ଼ିଶାରେ ୩୦ ଲକ୍ଷ କୁଡୁମୀ ବସବାସ କରୁଥିବାରୁ ଏହି ଦିବସକୁ ଛୁଟି ଘୋଷଣା କରିବାକୁ ଦେଶକରମ୍ ପକ୍ଷରୁ ଦାବି କରାଯାଇଛି। ପ୍ରତିନିଧି ମଣ୍ଡଳୀରେ ଦେଶକରମ ପରବ ଆବାହକ ଡା, ପ୍ରତାପ ଚନ୍ଦ୍ର ମହାନ୍ତ, ସଂଯୋଜକ ପ୍ରାଧ୍ୟାପକ ଲକ୍ଷ୍ମୀଧର ମହାନ୍ତ, ସମ୍ପାଦକ ପ୍ରଭାତ ରଞ୍ଜନ ମହାନ୍ତ, ମହିଳା ସଂଗଠନ ସଭାନେତ୍ରୀ କଳ୍ପନା ମହାନ୍ତ, ସମ୍ପାଦିକା ଶୁଭଶ୍ରୀ ମହାନ୍ତ ପ୍ରମୁଖ ଉପସ୍ଥିତ ଥିଲେ।

## ଗାଡ଼ି ଧକ୍କାରେ ଦୁଇ ଗୁରୁତର

କୁଆମରା, ୨୬।୮ (ସମିସ): ସୋମବାର ସନ୍ଧ୍ୟାରେ ଖୁଣ୍ଟା ଥାନା ଅନ୍ତର୍ଗତ ଅସ୍ତପୁରା ନିକଟରେ ଏକ ଅଜଣା ଗାଡି ଧକ୍କାରେ ଦୁଇ ଯୁବକ ଗୁରୁତର ହୋଇଥିବା ଜଣାପଡ଼ିଛି। ସେମାନେ ହେଲେ ବାଲିମୁଣ୍ଡରି ଗ୍ରାମର ଗୋବିନ୍ଦ ମାରାଣ୍ଡି (୨୮) ଓ ଚୁନା କିସ୍କୁ (୩୦)। ଉଭୟ ଏକ ବାଇକ୍‌ରେ ଆଜି ସନ୍ଧ୍ୟାରେ ଘରକୁ ଫେରୁଥିବା ବେଳେ ଏକ ପିକଅପ ଧକ୍କା ଦେଇଥିଲା। ଫଳରେ ଉଭୟ ଗୁରୁତର ହୋଇପଡ଼ିଥିଲେ। ସେମାନଙ୍କୁ ସ୍ଥାନୀୟ ଲୋକେ ଉଦ୍ଧାର କରି ଖୁଣ୍ଟା ଡାକ୍ତରଖାନାରେ ଭର୍ତ୍ତି କରିଛନ୍ତି। ଜଣକର ଗୋଡ ଭାଙ୍ଗିଥିବା ବେଳେ ଅନ୍ୟ ଜଣଙ୍କର ମୁଣ୍ଡରେ ଆଘାତ ଲାଗିଛି। ସେହିପରି ଅପରାହ୍ନରେ କୁସୁମଘାଟି ଅଞ୍ଚଳରେ କିଛି ଛେଳି ରାସ୍ତା ପାର୍ଶ୍ୱରେ ଚରୁଥିବା ବେଳେ ଏକ ପିକଅପ୍ ଧକ୍କା ଦେଇଥିଲା। ଫଳରେ ୨ଟି ଛେଳିର ମୃତ୍ୟୁ ଘଟିଛି।

## ରକ୍ତଦାନ କଲେ ମିଳିବ ୫୦ ହଜାର ଟଙ୍କାର ବୀମା ରାଶି

ବୈଶିଙ୍ଗା, ୨୬।୮ (ସମିସ): ବଡ଼ସାହି ନିର୍ବାଚନ ମଣ୍ଡଳୀର ରକ୍ତଦାତାଙ୍କୁ ଉତ୍ସାହିତ କରିବା ପାଇଁ ବିଧାୟକ ସନାତନ ବିଜୁଳି ବଡ ଘୋଷଣା କରିଛନ୍ତି। ରକ୍ତଦାନ କଲେ ୫୦ହଜାର ଟଙ୍କାର ବୀମା ରାଶି ମିଳିବ ବୋଲି ଶ୍ରୀ ବିଜୁଳି କହିଛନ୍ତି। ବିଗତ ଦିନରେ ବେତନଟୀ ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରରେ ଅନୁଷ୍ଠିତ ଶିବିରରୁ ୨୬୫ୟୁନିଟ ରକ୍ତ ସଂଗୃହୀତ ହୋଇଥିଲା। ପୁଣି ଆସନ୍ତା ସେପ୍ଟେମ୍ବର ୨ତାରିଖରେ ବୈଶିଙ୍ଗା ଅଧୀନ ବେଲାଣପୁରା ବନ୍ୟା ଆଶ୍ରୟସ୍ଥଳରେ ଏକ ବିଶାଳ ରକ୍ତଦାନ ଶିବିରର ଆୟୋଜନ କରାଯିବ। ଏହି ପ୍ରରିପ୍ରେକ୍ଷୀରେ ବିଧାୟକ ଶ୍ରୀ ବିଜୁଳି ରକ୍ତଦାତାଙ୍କୁ ଉତ୍ସାହିତ କରିବା ପାଇଁ ଏହି ଘୋଷଣା କରିଛନ୍ତି।

## ଦେଶୀ ରନ୍ଧା ମଦ ଓ ମହୁଲ ପୋଚ ଜବତ

ରାଇରଙ୍ଗପୁର, ୨୬।୮ (ସମିସ): ରାଇରଙ୍ଗପୁର ଅବକାରୀ ରେଞ୍ଜ ପକ୍ଷରୁ ଅବକାରୀ ନିରୀକ୍ଷକ ବିନୟ ପ୍ରକାଶ ତିର୍କୀ ଓ ଅବକାରୀ ଥାନା ଭାରପ୍ରାପ୍ତ ଅଧିକାରୀ ବ୍ରଜମୋହନ ମଲ୍ଲିକ ଏବଂ କର୍ମଚାରୀଙ୍କୁ ନେଇ ଗଠିତ ଟିମ୍ ବାଦାମପାହାଡ଼ ଥାନା ଅନ୍ତର୍ଗତ କଣ୍ଟାସୁଲା ଓ ଚାଉଁରାଡିହି ଗ୍ରାମ ଅଞ୍ଚଳରେ ଚଢ଼ଉ କରି ୪୬୦ ଲିଟର ଦେଶୀ ରନ୍ଧା ମଦ ଓ ୭୮୦୦ ଲିଟର ମହୁଲ ପୋଚ ଜବତ କରାଯିବା ସହିତ ଚାଉଁରାଡିହି ଗ୍ରାମର ଭାଗବତ ମୁର୍ମୁଙ୍କୁ ଗିରଫ କରାଯାଇ କୋର୍ଟ ଚାଲାଣ କରାଯାଇଛି। ଜବତ ଦେଶୀ ରନ୍ଧା ମଦ ଓ ମହୁଲ ପୋଚର ଆନୁମାନିକ ମୂଲ୍ୟ ୪ ଲକ୍ଷ ୮୦ହଜାର ହେବ ବୋଲି ଅବକାରୀ ବିଭାଗ ସୂଚନା ଦେଇଛି। ଏନେଇ ରାଇରଙ୍ଗପୁର ଅବକାରୀ ଥାନା ପକ୍ଷରୁ ୩ ଗୋଟି ମାମଲା ରୁଜୁ କରାଯାଇଛି।

## ଅମିତାଭ ମିଶ୍ର ଯଶୋଦା ସାହିତ୍ୟ ସଂସଦ ସଭାପତି



ବାରିପଦା, ୨୬।୮ (ସମିସ): ମୟୂରଭଞ୍ଜ ଜିଲ୍ଲାର ଅଗ୍ରଣୀ ସାରସ୍ୱତ ଅନୁଷ୍ଠାନ ଯଶୋଦା ସାହିତ୍ୟ ସଂସଦର ସଭାପତି ଭାବେ ଯୁବକବି ଅମିତାଭ ମିଶ୍ର ସର୍ବସମ୍ମତି କ୍ରମେ ମନୋନୀତ ହୋଇଛନ୍ତି। ଶ୍ରୀ ମିଶ୍ରଙ୍କ ଲିଖିତ ବହୁ କବିତା ପୁସ୍ତକ ପାଠକୀୟ ସ୍ୱୀକୃତି ଲାଭ କରିଛି। ସେ ଜଣେ ଦୃଢ ସାରସ୍ୱତ ସଙ୍ଗଠକ ଭାବେ ଜଣାଶୁଣା। ତାଙ୍କ ନେତୃତ୍ୱରେ ସଂସଦର କାର୍ଯ୍ୟଧାରା ଆଗାମୀ ଦିନରେ ବହୁମାତ୍ରାରେ କ୍ରିୟାଶୀଳ ହେବ ବୋଲି ସମସ୍ତ ସଦସ୍ୟ ଆଶାପ୍ରକାଶ କରିବା ସହ ଅଭିନନ୍ଦନ ଜ୍ଞାପନ କରିଛନ୍ତି। ସ୍ୱର୍ଗତ ଯଶୋଦା ମିଶ୍ରଙ୍କ ସ୍ମୃତିରେ ଗଢିଉଠିଥିବା ଏହି ସାହିତ୍ୟ ସଂସଦ ଦ୍ୱାରା ବିଭିନ୍ନ ସାରସ୍ୱତ କାର୍ଯ୍ୟକ୍ରମ ଆୟୋଜିତ ହୋଇଥାଏ।

## ଧାନଫସଲ ଦଳିଚକଟି ନଷ୍ଟ କଲେ ହାତୀପଲ



ରାଇରଙ୍ଗପୁର, ୨୬।୮ (ସମିସ): ବିଜାତଳା ବ୍ଲକ ଅନ୍ତର୍ଗତ ମାଣିକପୁର ପଞ୍ଚାୟତର ନୂଆଗାଁ ଗ୍ରାମରେ ସୋମବାର ରାତିରେ ହାତୀପଲ ୨ ଜଣ ଚାଷୀଙ୍କ ଧାନ କ୍ଷେତ ନଷ୍ଟ କରିଥିବା ଅଭିଯୋଗ ହୋଇଛି। ଦୁର୍ଗମ ବଣ ଜଙ୍ଗଲରେ ଆଶ୍ରୟ ନେଇଛନ୍ତି ହାତୀପଲ। ଦିନରେ ଜଙ୍ଗଲରେ ହାତୀ ରହୁଥିବାବେଳେ ରାତିରେ ଗାଁମୁହାଁ ହୋଇ ଧାନବିଲ ନଷ୍ଟ କରି ଦେଉଛନ୍ତି। ବର୍ଷା ଅଭାବ ଯୋଗୁଁ ଚାଷ ଭାଦ୍ରବ ମାସରେ ଚାଷ କାମ ପଛେଇ ଯାଇଛି। ଫଳରେ ଚାଷୀ ତରତର ହୋଇ ଧାନ ରୁଆ କରିବା ସହ ସାର ପକାଇ ସବୁଜ କରିବାକୁ ବସିଥିବାବେଳେ ହାତୀପଲ ରାତିଅଧରେ ଆସି ସବୁ ନଷ୍ଟ କରିଦେଉଛନ୍ତି। ଫଳରେ ଚାଷୀ ମୁଣ୍ଡରେ ହାତ ମାରି ବସିଛି। ସୂଚନାଯୋଗ୍ୟ ଯେ, ସୋମବାର ରାତିରେ ଏକ ଦନ୍ତା, ଏକ ମାକନା ହାତୀ ମାଣିକପୁର ପଞ୍ଚାୟତର ନୂଆଗାଁ ଗ୍ରାମର ୨ ଜଣ ଚାଷୀଙ୍କ ଚାଷକ୍ଷେତ ନଷ୍ଟ କରି ଦେଇଛନ୍ତି। ଚାଷୀ ହେଲେ ମଙ୍ଗଳ ମୁଣ୍ଡା ଏବଂ ପାର୍ବତୀ ମୁଣ୍ଡା। ଉଭୟଙ୍କ କ୍ଷେତ ସମ୍ପୂର୍ଣ୍ଣ ଉଜୁଡି ଯାଇଛି। କ୍ଷତିଗ୍ରସ୍ତଙ୍କୁ ସହାୟତା ଦାବି କରିଛନ୍ତି ଗ୍ରାମବାସୀ।

## ପ୍ରଧାନ ଶିକ୍ଷକଙ୍କ ସମ୍ମିଳନୀ ଓ ପ୍ରିଇଣ୍ଟର୍ଣ୍ଣସିପ୍ କର୍ମଶାଳା ଉଦ୍‌ଯାପିତ




ବାରିପଦା, ୨୬।୮ (ସମିସ): ମହାରାଜା ପୂର୍ଣ୍ଣଚନ୍ଦ୍ର ସ୍ୱୟଂସାଶୀତ ମହାବିଦ୍ୟାଳୟରେ ସପ୍ତାହ ବ୍ୟାପୀ ଚାଲିଥିବା ସପ୍ତମ ସେମିଷ୍ଟାର ସମନ୍ୱିତ ବିଇଡି ଛାତ୍ରଛାତ୍ରୀଙ୍କ ପ୍ରି ଇଣ୍ଟର୍ଣ୍ଣସିପ୍ କର୍ମଶାଳା ଏବଂ ପ୍ରଧାନଶିକ୍ଷକଙ୍କ ସମ୍ମିଳନୀ ଉଦଯାପିତ ହୋଇଯାଇଛି। ସହକାରୀ ପ୍ରଫେସର ଡକ୍ଟର ସରୋଜ ନାୟକଙ୍କ ସଂଯୋଜନାରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ କଲେଜ ଅଧକ୍ଷା ଡକ୍ଟର ଆଲବର୍ଟିନା ତିର୍କୀ ମୁଖ୍ୟଅତିଥିଭାବେ ଯୋଗଦେଇ ଶିକ୍ଷକମାନେ ବିଷୟଗତ ଜ୍ଞାନ ସହିତ ନୈତିକ ଜ୍ଞାନ ପ୍ରଦାନ ଉପରେ ଗୁରୁତ୍ୱଆରୋପ କରିବା ଉଚିତ ବୋଲି ପରାମର୍ଶ ଦେଇଥିଲେ। ବିଭାଗୀୟ ମୁଖ୍ୟ କ୍ୟାପଟେନ ବିଦ୍ୟୁତପ୍ରଭା ଦାସ ସ୍ୱାଗତ ଭାଷଣ ଦେବା ସହିତ ପ୍ରଧାନଶିକ୍ଷକ ସମ୍ମିଳନୀର ଲକ୍ଷ୍ୟ ଓ ଉଦେଶ୍ୟ ଉପରେ ଆଲୋକପାତ କରିଥିଲେ। ବାରିପଦା ସହରର ବିଭିନ୍ନ ସରକାରୀ ଉଚ୍ଚ ବିଦ୍ୟାଳୟରୁ ପ୍ରଧାନ ଶିକ୍ଷକ କିମ୍ବା ପ୍ରତିନିଧି ଭାବେ ଶାନ୍ତନୁ କୁମାର ଦାସ, କମଳାଂଶୁ ତ୍ରିପାଠୀ, ରଶ୍ମିଦେବୀ ସଜର, ଶଶାଙ୍କ ଶେଖର ଆଚାର୍ଯ୍ୟ, ଅଂଶୁମାନ ପାଣିଗ୍ରାହୀ, ପୂର୍ଣ୍ଣଚନ୍ଦ୍ର ମହାନ୍ତ, ସୁନୀଲ କୁମାର ଖିଲାର, ମଧୁସ୍ମିତା ଦେ ଓ ମହମ୍ମଦ ଫରହାନ ଯୋଗଦେଇ ବିଭିନ୍ନ ପରାମର୍ଶ ଦେଇଥିଲେ। ଏହି ଅବସରରେ ମହାବିଦ୍ୟାଳୟର ସହକାରୀ ପ୍ରଫେସର ଉମେଶ ଚନ୍ଦ୍ର ମାଝୀ, ସୁଶାନ୍ତ କୁମାର ରଣା, ଡାକ୍ତର ଦିଲ୍ଲୀପ କୁମାର ଦଳେଇ, ଭାଦବ ହେମ୍ବ୍ରମ, ସୁଶ୍ରୀ ସଙ୍ଗୀତା ପାତ୍ର, ସବିତାଶୋଭା ପ୍ରଧାନ, ବୈଜନ୍ତି ଧରା, ପ୍ରଦୀପ କୁମାର ମଲ୍ଲିକ, ମାନସରଞ୍ଜନ ବେହେରା ଯୋଗଦେଇ ବକ୍ତବ୍ୟ ରଖିଥିଲେ। ଡ. ସଦାନନ୍ଦ ମେହେର ଧନ୍ୟବାଦ ଅର୍ପଣ କରିଥିଲେ।

## ଉପଖଣ୍ଡସ୍ତରୀୟ ଶିକ୍ଷା ସମୀକ୍ଷା

ରାଇରଙ୍ଗପୁର, ୨୬।୮ (ସମିସ): ରାଇରଙ୍ଗପୁର ସରକାରୀ ଉଚ୍ଚ ବାଳିକା ବିଦ୍ୟାଳୟ ପରିସରରେ ଉପଖଣ୍ଡସ୍ତରୀୟ ଶିକ୍ଷା ସମୀକ୍ଷା ଅତିରିକ୍ତ ଜିଲ୍ଲା ଶିକ୍ଷା ଅଧିକାରୀ ବିନୋଦ ସିଂଙ୍କ ସଭାପତିତ୍ୱରେ ଅନୁଷ୍ଠିତ ହୋଇଯାଇଛି। କାର୍ଯ୍ୟକ୍ରମରେ ରାଇରଙ୍ଗପୁର ଗୋଷ୍ଠୀ ଶିକ୍ଷାଧିକାରୀ ଘନଶ୍ୟାମ ମୁର୍ମୁ, ତିରିଂ ବିଇଓ ରଷିପ୍ରଭା ମହାନ୍ତ, ବହଳଦା ବିଇଓ ଏବଂ ଜାମଦା ବିଇଓଙ୍କ ସମେତ ୪ଟି ବ୍ଲକର ସମସ୍ତ ଏବିଇଓ, ସିଆରସିସି, ପ୍ଲାନିଂ କୋଅର୍ଡିନେଟର, ଟେକ୍ନିକାଲ କନସଲଟାଣ୍ଟ ପ୍ରମୁଖ ଯୋଗ ଦେଇଥିଲେ। ଏଡିଇଓ ସମସ୍ତ ବିଭାଗୀୟ ଅଧିକାରୀଙ୍କୁ ଆସ ସ୍କୁଲକୁ ଯିବା, ଡ୍ରପ ଆଉଟ୍ ଛାତ୍ରଛାତ୍ରୀଙ୍କ ନାମ ଲେଖାକୁ କାର୍ଯ୍ୟକାରୀ କରିବା ପାଇଁ ପରାମର୍ଶ ଦେଇଥିଲେ। କୌଣସି ପିଲା ଯେପରି ସ୍କୁଲ ନାମଲେଖା ଓ ସ୍କୁଲକୁ ଆସିବାରୁ ବଞ୍ଚିତ ନ ହୁଅନ୍ତି ସେଥିପ୍ରତି ଗୁରୁତ୍ୱ ଦେବାକୁ ପରାମର୍ଶ ଦେଇଥିଲେ। ଏଥିସହିତ ଏକ ପେଡ ମା' କେ ନାମ କାର୍ଯ୍ୟକ୍ରମକୁ କାର୍ଯ୍ୟକାରୀ କରିବାକୁ ବିଭାଗୀୟ ଅଧିକାରୀ ଗୁରୁତ୍ୱ ଦେବାକୁ କହିଥିଲେ।

**୧୦୬ତମ ଉଦୟ୍ ଉତ୍ସବେ ସୁମନାସ ବାର୍ତ୍ତା**
**ପ୍ରସନ୍ନ ଦାଶ ଅମର ରହେ**
**- ଅଟଳ ଧର୍ମରତ୍ନ ପୂର୍ଣ୍ଣଚନ୍ଦ୍ର ବୁଗୁଡେଇ**

ଭଞ୍ଜଭୂଇଁ ପରେ ପ୍ରସନ୍ନ ଦାଶର, ସ୍ମୃତି କେବେ ଫିଙ୍ଗି ହୁଏନା
ଜୀବନର ତାଙ୍କ ଯେତେ ପାନିପଥ, ଯେ ଜାଣେ ଭୁଲି ତ ପାରେନା ।୧।
ସାଇକେଲ୍ ଆଗେ ଚୁଙ୍ଗାଟିଏ ବାନ୍ଧି, ପଛରେ କମ୍ବଳ ଥାଇ
ଭୋଟ ଦେବ କେଉଁଠି ଚାଳଘର ଯେଠି, ଗାଁ ହାଟେ ଥିଲ ଆମକୁ କୁହାଇ ।୨।
ଭିତରଟା ତୁମ ନମ୍ର ଉମ୍ର କମ୍ର, ବାହାରଟା ତୁମ ପୁରା ନିଆଁ ଝୁଲ
ଚୋର ଖଣ୍ଟ ଯେତେ ଭିଡି ପାରନ୍ତିନି, ସାହାସ ନଥାଇ ସତେ ଝଡାଫୁଲ ।୩।
ଯିଏ ଯେତେ ବଡ ହେଉନା କାହିଁକି, ଆପଣ ନ କହି ତୁମେ କହୁଥିଲ
ପତଙ୍ଗ ପରାଏ ଜାଲେ ପଡୁଥିଲେ, କଥା ଓ କାମରେ ଯେତେ ସମତୁଲ ।୪।
ନାଲି ଲଙ୍କା ପରି ରାଗ ସିନା ତୁମ, ଭଲ କାମେ ଥିଲ ଅଭୟ ସାରଥୀ
ଦୁର୍ନୀତି ପାଖରେ ମୁଣ୍ଡ ନୁଆଁଇନ, ପାଦ ଧରି ପଦ ନଥିଲା ନୀତି ।୫।
ସ୍ୱାର୍ଥ ସହ ତୁମ ସାଲିସ୍ ନଥିଲା, ତାଳ ମେଳ ଥିଲା କଥା ଓ କାମରେ
କର୍ମୀର ସାଧନା ସଂଗ୍ରାମର ଭାଷା, ଶିଖାଇ ଗଲ ରାଜନୀତିରେ ।୬।
ନୀତି ନୈତିକତାର କଂସେଇ ନଥିଲ, ମାଟି ମା ଋଣ ସୁଝି ଦେଖାଇଛ
ବିଶ୍ୱାସ ଦେଇ ନିଶ୍ୱାସେ ପରକୁ, ଆପଣା ପଣରେ କୋଳାଇ ପାରିଛ ।୭।
ଅଶ୍ରୁ ସାଗରେ କବିତା ବିତାନ, ସହଧର୍ମିଣୀକୁ ଅର୍ପଣ କରିଛ
ବିଜୁ ଜାନକୀକୁ ସମତୁଲତାରେ, ଜବାବୀ ଠାଣିରେ ମନତୋଷି ଅଛ ।୮।
ପବନ ଗତିରେ ଜୋଛନା ହସରେ, ଚାଲିଗଲ ତୁମେ ଦୂରକୁ ଦୂର
ତୁମ ପରି ନେତା ଜନମିବେନି, କାଳ କାଳକୁ ଏ ଭଞ୍ଜ ଭୂଇଁର ।୯।
ହାତ ମୁଠା କରି ଆଜିତ ସମସ୍ତେ, ପଦ ପଦବୀରେ ଭେଳିକି ଦେଖାଇ
ଭୁଲିଯାଉଛନ୍ତି ଜୀବ ଶିବ ହେଲେ, ଚାରି ହାତ ଜାଗା ଲୋଡା ନିଜ ପାଇଁ ।୧୦।
ଅସ୍ତିତ୍ୱ ଅସ୍ମି ତା ତୁମଠାରେ ଥିଲା, ଚଉଦ ବରଷୁ ତୁମଠୁ ଶିଖିଛି
ତୁମ ପରି ସତ କହୁଛି କରୁଛି, ତୁମ ଆଦରଶ ମୋ ପାଖେ ସାଇତି ।୧୧।
ତୁମ ପରି ବୁଝେ ମୋ ଜାତି ଜାତକେ, ଲେଖି ବିଧାତା ଜୟ ପରାଜୟ
କାହାରି କଳୁଷ କାଳିମା କେବେବି, ଛୁଇଁ ପାରନି ତ ଏ ମୋର ଦେହ ।୧୨।
ଅନ୍ଧ ଆସକ୍ତିରେ ସୀମିତ ନୁହେଁ ମୁଁ, ଅବା ଅବସରପ୍ରାପ୍ତ ଅବା ବରିଷ୍ଠ
କି ଥିନୁ କି ହିନୁ କି ହିମୁ ବୁଝାଇ, ତୁମେ ରାଜଗୁରୁ ମୋ ପାଇଁ ଶ୍ରେଷ୍ଠ ।୧୩।
କୌରବ ପାଣ୍ଡବ ଅନ୍ତର ଶିଖାଇ, ତୁମେ ହଜିଗଲ ଇନ୍ଦ୍ରଧନୁ ପ୍ରାୟେ
ଉଦୟ ଉତ୍ସବେ ସୁମନାସ ବାର୍ତ୍ତା, ପ୍ରସନ୍ନ ଦାଶ ଅମର ରହେ ।୧୪।

**ଦେଉଳସାହି, ବାରିପଦା, କ୍ରିଂ କ୍ରିଂ- ୯୪୩୯୪୮୦୦୦୦**

**Institute of Medical Science and Research**
IMSR ESTD. 2020
Affiliated by : Odisha University of Health Science
Approved by : ONMRC, DMET & Department of Health & Family Welfare Govt. of Odisha



Announcing Admission for
**B.Sc. Nursing**
**ANM GNM**
Contact : 9178 69 8272 / 7381 45 9965 / 7978 01 7254
Kalidaspur, Near Utkal Vani, Opposite of Hotel Chandravaga
Balasore-756 003, Odisha
Email : imsrodisha@gmail.com, Visit : www.imsr.co.in

ବୁଢାବଳଙ୍ଗ ଆଁରେ ଚଣାବାଡିଆ ଓ ଅଖରଶିଳା

# ଜିଲ୍ଲାପାଳଙ୍କୁ ଫେରାଦ ହେଲେ ଗ୍ରାମବାସୀ

ବାରିପଦା, ୨୬।୮ (ସମିସ): ବାଙ୍ଗିରିପୋଷି ନିର୍ବାଚନ ମଣ୍ଡଳୀ ଅଧୀନ ଶାମାଖୁଣ୍ଟା ବ୍ଲକ କଳାପଥର ପଞ୍ଚାୟତ ଦେଇ ପ୍ରବାହିତ ହେଉଥିବା ବୁଢ଼ାବଳଙ୍ଗ ନଦୀ ଏବେ ଚଣାବାଡିଆ ଓ ଅଖରଶିଳା ଗ୍ରାମ ପାଇଁ ବିପଦ ଦେଖାଦେଇଛି। ଗାଁକୁ ନଦୀ ମୁହଁରୁ ବଞ୍ଚାଇବା ପାଇଁ ମଙ୍ଗଳବାର ଉଭୟ ଗ୍ରାମବାସୀ

**ସମସ୍ୟା ସମାଧାନ ନ ହେଲେ ଜଳସମ୍ପଦ ଅଧୀକ୍ଷଣ ଯନ୍ତ୍ରୀଙ୍କ କାର୍ଯ୍ୟାଳୟ ଘେରଉ**

ଜିଲ୍ଲାପାଳ ହେମକାନ୍ତ ସଏଙ୍କୁ ଫେରାଦ ହୋଇଛନ୍ତି। ସୂଚନାଯୋଗ୍ୟ ଯେ ଚଣାବାଡିଆ ଓ ଅଖରଶିଳା ଗାଁରେ ପ୍ରାୟ ୩ଶହରୁ ଅଧିକ ପରିବାର ବସବାସ କରୁଛନ୍ତି। ହେଲେ ବୁଢ଼ାବଳଙ୍ଗ ଗ୍ରାମବାସୀଙ୍କ ଦୁଃଖର କାରଣ ସାଜିଛି। ହେଲେ ସୁରକ୍ଷା ଦେବାରେ ଜଳସମ୍ପଦ ବିଭାଗ ଉଦାସୀନ ପାଲଟିଛି। ଗତ ୨୦୧୩ ମସିହାରେ ପ୍ରଳୟଙ୍କରୀ ବନ୍ୟାରେ ନଦୀର ଗତିପଥ ବଦଳି ଅଖରଶିଳା ଓ ଚଣାବାଡିଆ ଗ୍ରାମମୁହାଁ ହୋଇଥିଲା। ସେତେବେଳେ ଗ୍ରାମ ବୁଢାବଳଙ୍ଗ ନଦୀଠାରୁ ୨୦୦ ଶହ ମିଟର ଦୂରରେ



ଥିଲା। ପ୍ରତିବର୍ଷ କୂଳ ଖାଇଖାଇ ଏବେ ଦୂରତା ଆଉ ପ୍ରାୟ ୧୦୦ ମିଟର ଅଛି। ୧୫ ଏକରରୁ ଊର୍ଦ୍ଧ୍ୱ ଏକର ଚାଷଜମି ନଦୀଗର୍ଭରେ ଲୀନ ହୋଇସାରିଲାଣି। ଗ୍ରାମରୁ ନଦୀକୁ ଯିବା ରାସ୍ତା ଅତଡ଼ା ଧସିବା ସହିତ ନଦୀପାର୍ଶ୍ୱରେ ଥିବା ବଡ଼ବଡ଼ ଗଛ ମଧ୍ୟ ନଦୀମଧ୍ୟକୁ ଧସିଗଲାଣି। ଆଗାମୀ ଦିନରେ ଗ୍ରାମ ଦେଇ ଯାଇଥିବା ଟ୍ରାନ୍ସଫର୍ମର ଓ ବିଦ୍ୟୁତ ଖୁଣ୍ଟ ଆଦି ମଧ୍ୟ ଧୋଇହୋଇଯିବା ସମ୍ଭାବନା ରହିଛି। ଏବାବଦରେ ୨୦୨୩ ଜାନୁଆରୀ ୨ ତାରିଖରେ ଗ୍ରାମବାସୀ ଜିଲ୍ଲାପାଳଙ୍କ ଜନଅଭିଯୋଗ ଶୁଣାଣିରେ ଲିଖିତ ଅଭିଯୋଗ କରିଥିଲେ। ଜିଲ୍ଲାପାଳ ଘଟଣାର ତଦନ୍ତ କରି ତୁରନ୍ତ କାମ ଆରମ୍ଭ କରିବା ପାଇଁ ଜିଲ୍ଲା ଜଳସମ୍ପଦ ବିଭାଗର ଅଧୀକ୍ଷଣ ଯନ୍ତ୍ରୀକୁ ନିର୍ଦ୍ଦେଶ ଦେଇଥିଲେ। କିନ୍ତୁ କିଛି ଦିନ ପରେ ଗ୍ରାମକୁ ଏକ ସରକାରୀ ଦଳ ଯାଇ ତଦନ୍ତ କରି ଫେରିଆସିବା ପରେ ଆଜିଯାଏ ଚୁପ ବସିରହିଛନ୍ତି। ଗ୍ରାମବାସୀ ଦୀର୍ଘବର୍ଷ ଅପେକ୍ଷା କରିବା ପରେ ଏବାବଦରେ ରାଜ୍ୟପାଳ, ମୁଖ୍ୟମନ୍ତ୍ରୀଙ୍କୁ ଜନଶୁଣାଣି ପୋର୍ଟାଲରେ ଅଭିଯୋଗ କରିବା ପରେ ଜିଲ୍ଲାପାଳ, ଆରକ୍ଷୀ ଅଧୀକ୍ଷକ, ମୟୂରଭଞ୍ଜ ସାଂସଦ, ବାଙ୍ଗିରିପୋଷି ବିଧାୟିକାଙ୍କୁ ମଧ୍ୟ ଏହାର ଏକ ନକଲ ମଧ୍ୟ ପ୍ରଦାନ କରିଛନ୍ତି ଗ୍ରାମବାସୀ। ଜିଲ୍ଲାପାଳଙ୍କୁ ଦାବିପତ୍ର ଦେବା ପରେ ସେ ଗ୍ରାମବାସୀଙ୍କ ସହିତ ଆଲୋଚନା କରିବା ପରେ ଆଜି ସନ୍ଧ୍ୟାସୁଦ୍ଧା ଏକ ପ୍ରତିନିଧି ଦଳ ଉକ୍ତ ଗ୍ରାମକୁ ଯାଇ କାମ ଆରମ୍ଭ ପାଇଁ ପ୍ରକ୍ରିୟା ଆରମ୍ଭ କରିବାର ପ୍ରତିଶ୍ରୁତି ଦେଇଥିଲେ। ତେବେ ଇତିମଧ୍ୟରେ ୧୫ଦିନ ବିତିଯାଇଥିଲେ ହେଁ ସମସ୍ୟା ସମାଧାନ ହୋଇପାରିନାହିଁ। ତେଣୁ ଆଗାମୀ ଦିନରେ ପଦକ୍ଷେପ ଗ୍ରହଣ କରାନଯାଏ ତେବେ 'ଜାଗ ମୟୂରଭଞ୍ଜ ଜାଗ'ର ଅଧ୍ୟକ୍ଷ ଅରୁଣ କୁମାର ବେହେରାଙ୍କ ନେତୃତ୍ୱରେ ସମସ୍ତ ଗ୍ରାମବାସୀ ଜିଲ୍ଲାପାଳ ଓ ଜିଲ୍ଲା ଜଳସମ୍ପଦ ଅଧୀକ୍ଷଣ ଯନ୍ତ୍ରୀଙ୍କ କାର୍ଯ୍ୟାଳୟ ଘେରଉ କରିବେ ବୋଲି ଚେତାବନୀ ଦେଇଛନ୍ତି। ଗ୍ରାମବାସୀଙ୍କ ତରଫରୁ ଗ୍ରାମର ଗୁରା ନାଏକ, ପ୍ରତ୍ୟୁଷ ଧଳ, ରବୀନ୍ଦ୍ର ନାୟକ, ମନୋରଞ୍ଜନ ନାଏକ, ଶକୁନ୍ତଳା ନାଏକ, ଶମ୍ଭୁନାଥ ନାଏକ, ବ୍ରହ୍ମାନନ୍ଦ ନାଏକ, ନିରଞ୍ଜନ ନାଏକ, ରାଜେନ୍ଦ୍ର ନାଏକ ଓ କାଳିଆ ନାଏକ ପ୍ରମୁଖ ଉପସ୍ଥିତ ଥିଲେ।



ବିଶ୍ୱକୁ ପରିବର୍ତ୍ତନ କରିବା ପାଇଁ ଶିକ୍ଷା ହିଁ ସବୁଠାରୁ ଶକ୍ତିଶାଳୀ ଅସ୍ତ୍ର।
-ନେଲ୍‌ସନ୍ ମାଣ୍ଡେଲା

ସକାଳ
THE SAKALA

# କୃଷି-ଆତଙ୍କବାଦ

ସମୟ ବଦଳିବା ସହିତ ଆତଙ୍କବାଦର ସଂଜ୍ଞା, ଚରିତ୍ର ଓ ରୂପ ବଦଳିବାରେ ଲାଗିଛି। ଗୁଳିଗୋଳା, ହତ୍ୟା, ରକ୍ତପାତରୁ ଆରମ୍ଭ ହୋଇଥିବା ଆତଙ୍କ ଇତିମଧ୍ୟରେ ସାଇବର ବା କମ୍ପ୍ୟୁଟର ବାଟ ଦେଇ ଏବେ ବିଜ୍ଞାନଗାରରୁ ଜନ୍ମ ନେଉଛି। ପରିବର୍ତ୍ତିତ କୌଶଳରେ ଆତଙ୍କବାଦୀ ସାମ୍ନାକୁ ଆସୁ ନାହିଁ, କିନ୍ତୁ ତାହାର ପରାଭବର ପରିସର ଏକ ବିରାଟ ଅଞ୍ଚଳରେ ଅନୁଭୂତ ହେଉଛି। ପ୍ରାୟ ପାଞ୍ଚବର୍ଷ ତଳେ କୋଭିଡ୍-୧୯ର ଆତଙ୍କରେ ସମଗ୍ର ବିଶ୍ୱ ଥରିଉଠିଥିଲା, ଯାହାର ପ୍ରଭାବ ଏବେ ମଧ୍ୟ ସମ୍ପୂର୍ଣ୍ଣ ବିଲୋପ ହୋଇନାହିଁ। ପ୍ରମାଣିତ ନ ହେଲେ ମଧ୍ୟ ଏହାପଛରେ ଟିକା କମ୍ପାନୀଙ୍କ ବିଧିବଦ୍ଧ ଷଡ଼ଯନ୍ତ୍ର କ୍ରମଶଃ ପଦାକୁ ଆସୁଛି। କୋଭିଡ୍ ବା ସାର୍ସ ଆତଙ୍କବାଦର ଜନ୍ମପୀଠ ଚୀନ୍‌ରୁ ଏବେ ସେଭଳି ଆଉ ଏକ ଜୈବ ଆତଙ୍କ ଜନ୍ମ ନେଇ ଧୀରେ ଧୀରେ ବିଶ୍ୱ କୃଷି କ୍ଷେତ୍ରକୁ ପ୍ରଭାବିତ କରିବା ଆରମ୍ଭ କରିଛି।

ଗତ ଜୁନ୍ ମାସରେ ଚୀନ୍‌ର ଦୁଇଜଣ ଗୁପ୍ତଚର ଜୈବବିଜ୍ଞାନୀଙ୍କୁ ଆମେରିକା ପୁଲିସ୍ ସନ୍ଦେହରେ ଗିରଫ କରିବା ପରେ ଏହି ତଥ୍ୟ ପ୍ରଘଟ ହୋଇଥିଲା। ସେମାନେ ମାରାତ୍ମକ ଫୋଙ୍ଗସ୍ ବା କବକଜାତୀୟ ହାନିକାରକ ବୀଜାଣୁକୁ ଆମେରିକାର ସୋୟାବିନ୍ ଶସ୍ୟ କ୍ଷେତ୍ରରେ ପ୍ରୟୋଗ କରିବା ପାଇଁ କାର୍ଯ୍ୟକ୍ରମ ଆରମ୍ଭ କରିସାରିଥିବା ବେଳେ ଧରାପଡ଼ିଥିଲେ। ଫ୍ୟୁଜାରିୟମ୍ ଗ୍ରାମିନିରମ୍ ନାମକ ଏହି କବକ ଏତେ ଶକ୍ତିଶାଳୀ ଯେ ଏକରଏକର ବ୍ୟାପୀ ଶସ୍ୟ କ୍ଷେତ୍ରକୁ ଧ୍ୱଂସ କରିଦେଇପାରେ। ବିଶେଷକରି ଗହମ, ବାର୍ଲି, ମକା ଓ ଧାନକୁ ଏହା ସହଜରେ ଆକ୍ରମଣ କରିପାରେ। ଗବେଷଣାରୁ ଜଣାପଡ଼ିଛି ଯେ ଏହି ଫୋଙ୍ଗସ୍ କେବଳ ଶସ୍ୟକୁ ନଷ୍ଟ କରେ ନାହିଁ, ଯେଉଁ କେତେକ ଶସ୍ୟ ସଂଘର୍ଷ ଦ୍ୱାରା ବଞ୍ଚିଯାଆନ୍ତି ସେଥିରୁ ଭୋମିଟୋକ୍ସିନ୍ ନାମକ ଏକ ବିଷାକ୍ତ ରସାୟନ କ୍ଷରଣ ହୁଏ, ଯାହା ମଣିଷ ଓ ପଶୁମାନଙ୍କ ପ୍ରତି ଅତି ହାନିକାରକ। ଏହି କବକ ଆକ୍ରମଣରେ ଏ ପର୍ଯ୍ୟନ୍ତ ଆମେରିକାରେ ବାର୍ଷିକ ୧୦୦ କୋଟି ଡଲାରର ଶସ୍ୟ ହାନି ହୋଇସାରିଲାଣି।

ଏହାର ନିରାକରଣ ପାଇଁ ଏ ପର୍ଯ୍ୟନ୍ତ କୌଣସି କୀଟନାଶକ ଉଦ୍‌ଭାବନ ହୋଇ ନ ଥିବାରୁ ଅନ୍ତତଃ ଆଗାମୀ କିଛିବର୍ଷ ପର୍ଯ୍ୟନ୍ତ ଚୀନ୍ ବିଜ୍ଞାନାଗାରରୁ ଜନ୍ମ ନେଇଥିବା ଫୋଙ୍ଗସ୍ ବିଶ୍ୱ ଶସ୍ୟ କ୍ଷେତ୍ରରେ ଆଧିପତ୍ୟ ବିସ୍ତାର କରିବା ସୁନିଶ୍ଚିତ। ଧୀରେ ଧୀରେ ସେଗୁଡ଼ିକ ସମଗ୍ର ଅଞ୍ଚଳ, ଦେଶ ଏପରିକି ଆମଦାନୀ-ରପ୍ତାନୀ ଜରିଆରେ ସାରା ପୃଥିବୀକୁ ବ୍ୟାପୀ ବିଶ୍ୱ ଖାଦ୍ୟ ନିରାପତ୍ତାକୁ ପ୍ରଭାବିତ କରିବାର ଆଶଙ୍କା ପ୍ରକାଶ ପାଇଛି। କୃଷି-ଜୈବ-ରସାୟନ ବିଜ୍ଞାନୀମାନେ ଏହାକୁ 'ଆଗ୍ରୋ-ଟେରରିଜିମ୍' ବା 'କୃଷି-ଆତଙ୍କବାଦ' ଭାବରେ ଅଭିହିତ କରିଛନ୍ତି। ଏହି ଘଟଣା ଜଣାପଡ଼ିବା ପରେ ଆମେରିକା-ଚୀନ୍ ବାଣିଜ୍ୟ ରାଜିନାମା ଘୁଞ୍ଚି ଯାଇଛି ଏବଂ ଚୀନ୍ ଛାତ୍ରଛାତ୍ରୀଙ୍କ ଭିସା ଉପରେ ଆମେରିକା ପୁଣି ଥରେ କଟକଣା ଜାରି କରିଛି। ଅପରପକ୍ଷରେ ଚିରାଚରିତ ଢଙ୍ଗରେ ଚୀନ୍ ଆମେରିକାରର ଅଭିଯୋଗକୁ ଅସ୍ୱୀକାର କରିଛି।

ଆମେରିକା-ଚୀନ୍ ବାଣିଜ୍ୟିକ ତିକ୍ତତା ପୃଷ୍ଠଭୂମିରେ ଚୀନ୍‌ର ଏଭଳି କୃଷି ଆତଙ୍କବାଦ କେତେକାଂଶରେ ଗ୍ରହଣ କରାଯାଇପାରେ। କିନ୍ତୁ ଚୀନ୍‌ର ଏହି ଦୁଷ୍କାମୀରୁ ଯେ ଭାରତର କୃଷି କ୍ଷେତ୍ର ସୁରକ୍ଷିତ ରହିବ ତାହା ଆଶା କରିବା ବୃଥା। ଏବେ ଜାମ୍ମୁ-କାଶ୍ମୀର ସେଉ ଚାଷକୁ ଏକ ନୂଆ ଧରଣର ଫୋଙ୍ଗସ୍ ଆକ୍ରମଣ କରିଥିବା ସୂଚନା ମିଳିଛି। ସେଥିରେ ସେଉ କଷି ଥିବା ଅବସ୍ଥାରେ ହିଁ କଳା କଳା ଦାଗ ସୃଷ୍ଟି ହେଉଛି ଏବଂ ସମ୍ପୂର୍ଣ୍ଣ ଗଛ ଶୁଖି କଳା ପଡ଼ିଯାଉଛି। ଏହାକୁ ଜଳବାୟୁ ପରିବର୍ତ୍ତନର ପ୍ରଭାବ ବୋଲି ପ୍ରାଥମିକ ଆକଳନ କରାଯାଇଛି। କିନ୍ତୁ ଆମେରିକାରୁ ଚୀନ୍ ଜୀବବିଜ୍ଞାନୀ ଗୁପ୍ତଚର ଗିରଫ ହେବା ପରେ ଭାରତରେ ଜାମ୍ମୁକାଶ୍ମୀର ସେଉ ଚାଷରେ ଦେଖାଦେଇଥିବା ରୋଗକୁ ଗୁରୁତ୍ୱର ସହ ଗ୍ରହଣ କରିବା ଉଚିତ।

ପ୍ରୟୋଗକର୍ତ୍ତା ପାଇଁ କୃଷି ଆତଙ୍କବାଦ ସବୁଠାରୁ ସୁଲଭ, ସୁରକ୍ଷିତ ଓ ପ୍ରଭାବଶାଳୀ ଅସ୍ତ୍ର। କାରଣ ଏହା ସହଜରେ ଧରାପଡ଼େ ନାହିଁ କି ପ୍ରୟୋଗକାରୀର ପ୍ରମାଣ ରହେ ନାହିଁ। ବହୁ ଅଳ୍ପ ଖର୍ଚ୍ଚରେ ଶତ୍ରୁ ଦେଶ ବିରୋଧରେ ଏହାକୁ ପ୍ରୟୋଗ କରାଯାଇପାରେ, ଯାହା ମନ୍ଥର ବିଷ ଭଳି ସେହି ଦେଶର କୃଷି-ଅର୍ଥନୀତିକୁ ଧ୍ୱସ୍ତ କରିବାରେ ଅଭୂତପୂର୍ବ ସଫଳତା ଅର୍ଜନ କରିପାରେ। କୃଷି ଉତ୍ପାଦ ଯେ ଜୈବ ଆତଙ୍କବାଦର ମାଧ୍ୟମ ହୋଇପାରିବ, ସେହି ଧାରଣା ଓ ବିଶ୍ୱାସ ଆପାତତଃ ଦୃଢ଼ ହୋଇନଥିବାରୁ ସେ କ୍ଷେତ୍ରରେ ସେତେଟା ନିରାପତ୍ତା ବ୍ୟବସ୍ଥା ଗ୍ରହଣ କରାଯାଉନାହିଁ। ସନ୍ଦେହ ହେଲେ ମଧ୍ୟ ଆମଦାନୀ ଶସ୍ୟକୁ ଗୋଟିଗୋଟି କରି ଯାଞ୍ଚ କରିବା ଏକପ୍ରକାର ଅସମ୍ଭବ ବ୍ୟାପାର। ଖାଦ୍ୟ ସୁରକ୍ଷାରେ ଆମେରିକାର ସତର୍କତା ସର୍ବାଗ୍ରେ। ଯେତେବେଳେ ସେହି ଦେଶ ହିଁ କୃଷି-ଆତଙ୍କବାଦକୁ ପ୍ରତିହତ କରିପାରିଲା ନାହିଁ, ଅନ୍ୟ ଦେଶ କଥା ନ କହିବା ଭଲ। ତେଣୁ ଚୀନ୍ ଏବେ କୃଷି କ୍ଷେତ୍ରକୁ ହିଁ ଲକ୍ଷ୍ୟ କରିଛି।

ଶତ୍ରୁ ବିପକ୍ଷରେ ଜୈବ-ରସାୟନ ଆକ୍ରମଣ ନୂଆ କୌଶଳ ନୁହେଁ। ଦ୍ୱିତୀୟ ବିଶ୍ୱଯୁଦ୍ଧ ଓ ପରବର୍ତ୍ତୀ ସମୟରେ ଏଭଳି ଜୈବାସ୍ତ୍ର ପ୍ରୟୋଗ ହୋଇଥିବାର ପ୍ରମାଣ ରହିଛି। ଏପରିକି ପ୍ରଥମ ବିଶ୍ୱଯୁଦ୍ଧର ବହୁପୂର୍ବରୁ ପ୍ଲେଗ୍, ବସନ୍ତ, ହାଡ଼ଫୁଟି, ହଇଜା ଆଦି ମାରାତ୍ମକ ପ୍ରାଣଘାତୀ ମହାମାରୀ ଜୀବାଣୁ ଶତ୍ରୁ ଦେଶର ସୈନିକଙ୍କ ବିରୋଧରେ ପ୍ରୟୋଗ କରି ଯୁଦ୍ଧ ଜିତିବାର କଳାକୌଶଳରେ ଇତିହାସ ସମୃଦ୍ଧ। କିନ୍ତୁ କାଳକ୍ରମେ ସେହିସବୁ ମହାମାରୀ ପ୍ରତିଷେଧକ ଓ ନିରୋଧକ ଟିକା ଓ ଔଷଧ ଉଦ୍ଭାବନ ହୋଇସାରିବା ପରେ ସେହି ଜୈବାସ୍ତ୍ର ଆଉ କାଟୁ କରୁନାହିଁ। ତା'ବଦଳରେ ସାର୍ସ, କୋଭିଡ୍ ଭୂତାଣୁ ପରି ନୂଆ ନୂଆ ଭୂତାଣୁ ପ୍ରୟୋଗ କୌଶଳ ଉଦ୍‌ଭାବନ ହେବାରେ ଲାଗିଛି। ଏହିକ୍ରମରେ କୃଷି-ଆତଙ୍କବାଦ ଏକ ନୂଆ ପ୍ରଭାବଶାଳୀ କୌଶଳ ରୂପେ ଆତ୍ମପ୍ରକାଶ କରିଛି।

କୋଭିଡ୍ ୧୯ ଭଳି ମ୍ୟୁଟେସନ୍ ପ୍ରକ୍ରିୟାରେ ଏହି କବକ ବାରମ୍ବାର ଚରିତ୍ର ପରିବର୍ତ୍ତନ କରି ନୂଆ ପ୍ରଜାତି ସୃଷ୍ଟି କରିବାରେ ସକ୍ଷମ ବୋଲି ପ୍ରାଥମିକ ଗବେଷଣାରୁ ଜଣାପଡ଼ିଛି। ତେଣୁ ଆଗାମୀ ଦିନରେ ଗୋଟିଏ ନିର୍ଦ୍ଦିଷ୍ଟ କୀଟନାଶକ ଏକ୍ଷେତ୍ରରେ ପ୍ରଭାବଶାଳୀ ହେବ ନାହିଁ। ହୁଏତ କୋଭିଡ୍ ଟିକା ଭଳି ଏହା କୀଟନାଶକ କମ୍ପାନୀମାନଙ୍କର ଏକ ଅଭିସନ୍ଧି ହୋଇପାରେ। କିନ୍ତୁ ଆଗାମୀ ଦିନରେ ଯେ ଆମ ଜୀବନଧାରଣର ଉପାଦାନ ଆଉ ସୁରକ୍ଷିତ ନୁହେଁ ତାହା ଅବଧାର୍ଯ୍ୟ। କେତେବେଳେ କେଉଁ ଜରିଆରେ ଏଭଳି ହାନିକାରକ କବକ ଆମ ଶରୀରତନ୍ତ୍ରରେ ପ୍ରବେଶ କରିବ ତାହା କେହି ନିଶ୍ଚିତ କରିପାରିବେ ନାହିଁ। ତେଣୁ ଆଗାମୀ ସାଂଘାଇ ସହଯୋଗ ପରିଷଦ ବୈଠକରେ ଭାରତ ଏ ସମ୍ପର୍କରେ ଆଲୋଚନା ପାଇଁ ପ୍ରସ୍ତାବ ଓ ଦାବି ଜୋରଦାର କରିବା ଆବଶ୍ୟକ। ବିଶ୍ୱ ଖାଦ୍ୟ ନିରାପତ୍ତାକୁ ସୁନିଶ୍ଚିତ କରିବା ପାଇଁ ଜାତିସଂଘ ନେତୃତ୍ୱରେ ଏବେଠାରୁ ବିଶ୍ୱ ମଞ୍ଚ ପ୍ରଭାବଶାଳୀ ଢଙ୍ଗରେ ମିଳିତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବା ଉଚିତ ହେବ।

# ଗାଁରୁ ଆରମ୍ଭ ହେଉ ଜୈବଚାଷର ମୂଳଦୁଆ

ଡି ଶୁଭମ୍

ଗ୍ରାମୀଣ ଜୀବନର ପରିଭାଷା ସବୁବେଳେ ସ୍ୱତନ୍ତ୍ର। ଗାଁ ମାଟିର ବାସ୍ନା ଆଜି ବି ସମସ୍ତଙ୍କୁ ମୋହିତ କରେ। ସହରୀକରଣ ଭିତରେ ଆମେ ଯେବେ ଶିଳ୍ପ ବିପ୍ଳବର କଥା କହୁ ସେବେ ଗ୍ରାମୀଣ ଜୀବନର ଅକୁହା କଥା ମନକୁ ଆନ୍ଦୋଳିତ କରେ। ଗାଁ ରୁ ହିଁ ଆରମ୍ଭ ହୁଏ ଯେକୌଣସି ଯୋଜନାର ସଫଳତାର ଫର୍ଦ୍ଦ। ଏହି ଉପକ୍ରମରେ ଗାଁର ଅସଜଡ଼ା କଥାକୁ ସଜାଡ଼ିବାରେ ପଞ୍ଚାୟତର ଭୂମିକା ଅନିବାର୍ଯ୍ୟ। ପଞ୍ଚାୟତିରାଜ ଦିବସର ଇତିହାସ ଭାରତର ଗ୍ରାମୀଣ ସମ୍ପ୍ରଦାୟକୁ ସଶକ୍ତ କରିବା ସହ ଗାଁର ଲୋକମାନଙ୍କ ମତ ପରିପ୍ରକାଶ କରିବାରେ ମଧ୍ୟ ଯଥାସମ୍ଭବ ସାହାଯ୍ୟ କରେ। ଭାରତର ପାରମ୍ପରିକ ଗ୍ରାମ ପରିଷଦ ବ୍ୟବସ୍ଥାର ଏକ ଦୀର୍ଘ ଇତିହାସ ରହିଛି, ଯାହା ପ୍ରାଚୀନ କାଳରୁ ଆରମ୍ଭ ହୋଇଥିଲା। କୃଷି, ଜଳ, ପରିମଳ, ଶିକ୍ଷା ଓ ସ୍ୱାସ୍ଥ୍ୟ ସହିତ ଜଡ଼ିତ ବିଭିନ୍ନ ଗ୍ରାମୀଣ ବିକାଶ କାର୍ଯ୍ୟକ୍ରମ ଏବଂ ପଦକ୍ଷେପଗୁଡ଼ିକର ତଦାରଖ ଏବଂ କାର୍ଯ୍ୟକାରୀ କରିବା ସହ ଗାଁରେ ଭିତ୍ତିଭୂମିର ବିକାଶ ଦିଗରେ ପଞ୍ଚାୟତର ଭୂମିକା ସର୍ବାଗ୍ରେ ଥାଏ। ପଞ୍ଚାୟତଗୁଡ଼ିକ ସାମାଜିକ ସଶକ୍ତୀକରଣ ଓ ବିକାଶକୁ ପ୍ରୋତ୍ସାହିତ କରିବା ସହ ଜାତି, ଧର୍ମ, ବର୍ଣ୍ଣ, ଲିଙ୍ଗ ନିର୍ବିଶେଷରେ ନିଜ ପଞ୍ଚାୟତର ଅନ୍ତିମ ଅଧିବାସୀ ଯାଏଁ ଯୋଜନାର ଲାଭ ପହଁଚିବା ସୁନିଶ୍ଚିତ କରିବା ଏବଂ ପରିବେଶ ସୁରକ୍ଷା ଓ ସଂରକ୍ଷଣରେ ମଧ୍ୟ ଏକ ଗୁରୁତ୍ୱପୂର୍ଣ୍ଣ ଭୂମିକା ଗ୍ରହଣ କରେ।

ଆମେ ଯେବେ ବି ଚାଷ ଓ ଚାଷୀର କଥା କହୁ ସବୁବେଳେ ଗାଁର କଥା ଆସେ। ଗ୍ରାମୀଣ ଜୀବନରେ ଚାଷର ଭୂମିକା ଯେତିକି ଗୁରୁତ୍ୱପୂର୍ଣ୍ଣ, ରାଜ୍ୟର ଅର୍ଥନୀତିକୁ ସୁଧାରିବାରେ ଏହାର ଅବଦାନ ତତୋଧିକ। ରାଜ୍ୟ ଓ ଦେଶର ବିକାଶରେ କୃଷିକୁ ପ୍ରଥମ ଇଞ୍ଜିନ କୁହାଯାଉଥିବା ବେଳେ ଏହାର ମୂଳଭିତ୍ତି ଆମ ସମସ୍ତଙ୍କ ସହଭାଗିତା ଉପରେ ନିର୍ଭର କରେ। ଗାଁ ମାଟିରୁ କିପରି ଏହି ସଫଳତାର ଧ୍ୱଜା ପ୍ରତିଟି ଜିଲ୍ଲା, ରାଜ୍ୟ ଓ ଦେଶରେ ପହଁଚିବ ତାହାର ଦାୟିତ୍ୱ ଆମମାନଙ୍କର। ଏ ଦିଗରେ ଜୈବ ଚାଷର ଭୂମିକା କଥା କାହାକୁ ବୁଝାଇବାର ଆବଶ୍ୟକତା ନାହିଁ। କାରଣ ଆମେ ନିଜେ ଜାଣିଛନ୍ତି ଜୈବ ଚାଷ ଓ ଏହାର ଉପକାରିତା ବିଷୟରେ। ଏ ଦିଗରେ ପ୍ରତି ପଞ୍ଚାୟତରେ ଜୈବ କୃଷକ ସମୂହ ଗଠନ ଦିଗରେ କାର୍ଯ୍ୟ କରିବା ଆମ ସମସ୍ତଙ୍କ ପାଇଁ ଆହ୍ୱାନ ହେଉ।

ରାସାୟନିକ ଚାଷ ଅମଳ ଉତ୍ପାଦନ ବଢ଼ାଏ। ଅପରପକ୍ଷରେ ଜୈବ ଚାଷରେ ଉତ୍ପାଦନ ଅପେକ୍ଷାକୃତ କମ୍ ଏକଥା ସମସ୍ତେ ଜାଣନ୍ତି। ତେଣୁ ଜୈବ ଚାଷକୁ ବିରୋଧ କରନ୍ତି। କିନ୍ତୁ ଆପଣ ଆଜି ଗାଁକୁ ଯା'ନ୍ତୁ, ଦେଖିବେ ଜୈବ ଚାଷର ପରିବେଶକୁ। ପ୍ରତିଟି ଗାଁର ଚାଷୀ ନିଜେ କହିବେ ଜୈବ ଚାଷର ଉପକାରିତା। ଆମେ ଚିରସ୍ଥାୟୀ କୃଷି ଦିଗରେ କାର୍ଯ୍ୟ କରୁଛୁ। ଅମଳ ବୃଦ୍ଧି ଆଉ ଅଧିକ ଟଙ୍କା ଆଶାରେ ଆମେ ନିଜ ଜ୍ଞାତସାରରେ ଯଦି ନିଜ ପରିବାର ଲୋକଙ୍କୁ ବିଷ ଖୁଆଇବା, ଏହାଠାରୁ ବଡ଼ ପାପର କଥା କିଛି ବି ନ ହୋଇପାରେ। ୧୯୬୦ ମସିହାରେ ସବୁଜ ବିପ୍ଳବ କୃଷି କ୍ଷେତ୍ରରେ ପରିସ୍ଥିତିକୁ ବଦଳାଇ ଦେଇଥିଲା, ଯେଉଁଠାରେ ଚାଷୀମାନଙ୍କୁ ଖାଦ୍ୟ ସୁରକ୍ଷା ବଜାୟ ରଖିବା ପାଇଁ ଅଧିକ ଅମଳକ୍ଷମ ବିହନ ଏବଂ ସାର ସହିତ ପରିଚିତ କରାଯାଇଥିଲା। ଏହା ଉତ୍ପାଦନ ବୃଦ୍ଧି ଲାଭ ସୁନିଶ୍ଚିତ କରିଥିଲା, କିନ୍ତୁ ଶେଷରେ ସାରର ଅତ୍ୟଧିକ ବ୍ୟବହାର ଯୋଗୁଁ ଜମି ଅନୁର୍ବର ହୋଇପଡୁଥିଲା। ଯେତେ ଅଧିକ ଅମଳକ୍ଷମ ବିହନ ଜମିରେ ବ୍ୟବହାର କରାଯାଏ, ଗଛ ସେତେ ଅଧିକ ପୋଷକତତ୍ତ୍ୱ ମାଟିରୁ ଗ୍ରହଣ କରିବାକୁ ବାଧ୍ୟ ହୁଏ।

ଆଜିକାଲି ଅନେକଗୁଡ଼ିଏ ଏଫପିଓ ବା କୃଷକ ଉତ୍ପାଦକ ସଂଗଠନମାନ ଗାଁ ମାନଙ୍କରେ ଗଠନ ହେଲାଣି। କିନ୍ତୁ ଗାଁର କଥା ଟିକେ ଅଲଗା। ଚାଷ ବାସ ସାରି ସନ୍ଧ୍ୟାରେ ଗାଁର ଚାଷୀ ଯେବେ ଏକାଠି ହୁଅନ୍ତି, ଅନେକ କଥା ସେଠାରେ ଆଲୋଚନା ହୁଏ। ଅନେକ ସମୟରେ ଯେବେ କ୍ଷେତ୍ର ପରିଦର୍ଶନରେ ଗାଁମାନଙ୍କୁ ଯାଉ ସେବେ ସଂଧ୍ୟାରେ ସେଠାରେ ସମୟ ଅତିବାହିତ କରି ଗ୍ରାମୀଣ ଅର୍ଥନୀତିକୁ ବୁଝିବାକୁ ଚେଷ୍ଟା କରୁ। ଉପଲବ୍ଧି ହୁଏ ଯେ ଗାଁରେ ଚାଷୀ ସମୂହ ହିଁ ବିକାଶର ମଙ୍ଗ ଧରିବା ପାଇଁ ସର୍ବୋତ୍ତମ। ପଞ୍ଚାୟତ ସ୍ତରରୁ ଏହା ଆରମ୍ଭ ହୋଇ ଜଣେ ଜଣେ ଅଧିକାରୀ ଗାଁ ମାନଙ୍କରେ ଏହି କାର୍ଯ୍ୟକୁ ପରିଚାଳନା କରିବା ଦିଗରେ ସାହାଯ୍ୟ କରିବା ଆବଶ୍ୟକ। ଏହି ଜୈବ କୃଷକ ସମୂହ ବା ଅର୍ଗାନିକ ଫାର୍ମର କ୍ଲଷ୍ଟର ସବୁ ପଞ୍ଚାୟତ ଗଠନ ହେବା ଜରୁରୀ। ଯଦି ଆମେ ଜୈବ ଚାଷକୁ ଅଧିକରୁ ଅଧିକ ପ୍ରସାର କରିବାକୁ ଚାହିଁବା ଏହାର ଗୁରୁତ୍ୱ ସୁଦୂରପ୍ରସାରୀ ହେବ।

ପ୍ରଥମରେ ପଞ୍ଚାୟତ ସ୍ତରରେ ଜୈବ କୃଷକ ସମୂହ ସବୁ ସମୟରେ ଗାଁ ମାନଙ୍କରେ ଜୈବ ଚାଷର ଉପକାରିତା ସହ ଏହାର ବର୍ତ୍ତମାନ ସ୍ଥିତି ବିଷୟରେ ଚାଷୀ ଓ ଜନସାଧାରଣଙ୍କୁ ଅବଗତ କରାଇବେ। ସାର ବିଷ ବନାମ ଜୈବ ସାର ଏହାର କାର୍ଯ୍ୟଶୈଳୀ ଏବଂ ପ୍ରସ୍ତୁତି ପ୍ରଣାଳୀ ବିଷୟରେ ଚାଷୀମାନଙ୍କୁ ବୁଝାଇବେ। କର୍ମଶାଳାର ଆୟୋଜନ କେବଳ ପ୍ରଶିକ୍ଷଣ ନୁହେଁ, ବରଂ ଏହାର ପ୍ରତ୍ୟକ୍ଷ ତତ୍ତ୍ୱାବଧାନ କରି ଏହାକୁ କିପରି ଚାଷୀ ନିଜ ଜମିରେ ପ୍ରୟୋଗ କରିବେ ସେ ଦିଗରେ କାର୍ଯ୍ୟକରିବାକୁ ପଡ଼ିବ। ଆମେ ସମସ୍ତେ ଜାଣିଛୁ ଜୈବିକ ଚାଷରେ ଉତ୍ପାଦନ ଅପେକ୍ଷାକୃତ କମ୍। କିନ୍ତୁ ଏହାକୁ ଭାବି ଯଦି ଆମେ ମାଟିରେ ଅଧିକରୁ ଅଧିକ ସାର ବିଷ ପ୍ରୟୋଗ କରିବା ଏହା ଆମକୁ ଅଧିକ ଅମଳ ଦେବ, କିନ୍ତୁ ଶରୀରକୁ ରୋଗାକ୍ରାନ୍ତ କରିବ। ତେଣୁ ଶରୀରକୁ ସୁସ୍ଥ କରିବା ସହ ଏହା ସବୁଜ ପରିବେଶ ଗଠନ ଦିଗରେ ଜୈବିକ କୃଷି ସହାୟକ ହେବ। ଜୀବାମୃତ, ଘନଜୀବାମୃତର ଉପକାରିତାକୁ କେବଳ ପାଟିରେ କହିଦେଲେ ନୁହେଁ, ବରଂ ଏହାକୁ ପ୍ରୟୋଗ କରି କିପରି ମାଟିରେ ଅଣୁଜୀବଙ୍କ ସଂଖ୍ୟା ବଢ଼ିବ, ତାହାକୁ ଚାଷ ଜମିରେ ପ୍ରୟୋଗ କରିବାକୁ ପଡ଼ିବ। ରାଜ୍ୟ ଓ କେନ୍ଦ୍ର ସ୍ତରରେ ଜୈବ ଚାଷର ପ୍ରସାର ଦିଗରେ କାମ କରୁଥିବା ଅନୁଷ୍ଠାନ ଏ ଦିଗରେ ସ୍ୱତନ୍ତ୍ର ପଦକ୍ଷେପ ନେଇ ଏହି କ୍ଲଷ୍ଟରଗୁଡ଼ିକର ଉନ୍ନତ କାର୍ଯ୍ୟଶୈଳୀ ଦିଗରେ ଚେଷ୍ଟା କରିବା ଆବଶ୍ୟକ।

ଏହି କୃଷକ ସମୂହ ପରବର୍ତ୍ତୀ ପର୍ଯ୍ୟାୟରେ ବିଭିନ୍ନ ସରକାରୀ ଯୋଜନା ସହାୟତାରେ ନିଜର ଏଫପିଓ ଗଠନ କରିପାରିବେ। ପଞ୍ଚାୟତର ସରପଞ୍ଚମାନେ ଏ ଦିଗରେ ଏକ ପାଇଲଟ ମୋଡ୍‌ରେ କାର୍ଯ୍ୟ କରିବା ଆବଶ୍ୟକ। ସପ୍ତାହରେ ଥରେ ଅନ୍ତତଃ ପ୍ରତି ଗାଁକୁ ଯାଇ ଏହି କୃଷକ ସମୂହମାନଙ୍କ ମନୋବଳ ବୃଦ୍ଧି କରିବାରେ ସାହାଯ୍ୟ କରିପାରିବେ। ପ୍ରଥମାବସ୍ଥାରେ କିଛି କିଛି ପଞ୍ଚୟତରୁ ଏହା ଆରମ୍ଭ ହେଲେ ପରବର୍ତ୍ତୀ ଅବସ୍ଥାରେ ଏହା ସମ୍ପୂର୍ଣ୍ଣ ଓଡ଼ିଶାରେ ପରିବ୍ୟାପ୍ତ ହୋଇପାରିବ। ଏହି କୃଷକ ସମୂହ ଦେଶୀ ବିହନ ସଂରକ୍ଷଣ କରିବା ଦିଗରେ କାର୍ଯ୍ୟ କରିବା ସହ ଅନ୍ୟ ଇଚ୍ଛୁକ ଚାଷୀମାନଙ୍କୁ ଏହାକୁ ପରୋକ୍ଷରେ ଯୋଗାଇ ଦେବାର ମାନସିକତା ସବୁ ଚାଷୀଙ୍କ ପାଖରେ ରହିବାର ଅବାଶ୍ୟତକା ଅଛି। ସେମାନଙ୍କର ଉତ୍ପାଦ କିପରି ସଠିକ ଭାବେ ବିକ୍ରୟ ହୋଇପାରିବ ସେ ଦିଗରେ ସରକାରୀ ଓ ବେସରକାରୀ ସ୍ତରରେ ଚିନ୍ତା କରିବାର ଅଛି। ଓଏନଡିସି ପ୍ଲାଟଫର୍ମ ମାଧ୍ୟମରେ ଚାଷୀମାନେ ନିଜ ଉତ୍ପାଦକୁ ବିକ୍ରୟ କରିପାରିବେ। ଜୈବ ଉତ୍ପାଦକୁ ପ୍ରମାଣୀକରଣ କରିବା ସହ ପ୍ରମାଣିତ ଉତ୍ପାଦକୁ ଜାତୀୟ ଓ ଅନ୍ତର୍ଜାତୀୟ ବଜାରରେ ବିକ୍ରୟ କରିବା ଦିଗରେ ସ୍ୱତନ୍ତ୍ର କାର୍ଯ୍ୟକ୍ରମ କରାଯାଉ। ଚାଷୀଙ୍କ ଉତ୍ପାଦ ବିକ୍ରୟ ହୋଇପାରିଲେ ହିଁ ସେମାନେ ଅଧିକ ଚାଷ କରିବା ଦିଗରେ ଆଗ୍ରହୀ ହେବେ। ଗୋଟିଏ ଜମିରେ ଗୋଟିଏ ଫସଲ ଚାଷ ନ କରି ଫସଲ ବିବିଧିକରଣକୁ ଗୁରୁତ୍ୱ ଦେବା ଆବଶ୍ୟକ। ଏସବୁର ମିଳିତ ସମନ୍ୱୟ ରହିଲେ ହିଁ ଏକ ବିକଶିତ ଓଡ଼ିଶା ଗଠନର ସ୍ୱପ୍ନ ସାକାର ହୋଇପାରିବ।

(ଜୈବ ନିରୀକ୍ଷକ, ଓଡ଼ିଶା ରାଜ୍ୟ ଜୈବ ପ୍ରମାଣନ ସଂସ୍ଥା)
ଭୁବନେଶ୍ୱର, ମୋ: ୯୪୩୮୪୬୭୦୭୯

# ଏସି ତାପମାତ୍ରା ନିୟନ୍ତ୍ରଣ

ଇଂ ମାୟାଧର ସ୍ୱାଇଁ

ଦିନକୁ ଦିନ ପୃଥିବୀ ଉଷ୍ମ ହେବାରେ ଲାଗିଛି ଏବଂ ଏହା ସହିତ ଏୟାର କଣ୍ଡିସନିଂ (ଏସି) ର ବ୍ୟବହାର ବଢ଼ିବାରେ ଲାଗିଛି। ଘରେ ବ୍ୟବହୃତ ସମସ୍ତ ବୈଦ୍ୟୁତିକ ସରଞ୍ଜାମ ମଧ୍ୟରେ ଏସିରେ ସର୍ବାଧିକ ବିଦ୍ୟୁତ୍ ଖର୍ଚ୍ଚ ହୋଇଥାଏ। ଏହା ମଧ୍ୟ ବିଦ୍ୟୁତ୍ ଗ୍ରୀଡ ଉପରେ ଅଧିକ ଚାପ ପକାଇଥାଏ। ଖରାଦିନେ ଅଧିକ ବିଦ୍ୟୁତ୍ ଚାହିଦା ଥିବାରୁ ବିଦ୍ୟୁତ୍ କମ୍ପାନୀକୁ ଅନେକ ଅସୁବିଧାର ସମ୍ମୁଖୀନ ହେବାକୁ ପଡ଼ିଥାଏ। ଗତ ଜୁନ୍ ମାସରେ ଦେଶରେ ସର୍ବାଧିକ ବିଦ୍ୟୁତ୍ ଚାହିଦା ୨୪୧୦୦୦ ମେଗାୱାଟ ଥିଲା ଏବଂ ଏଥିପାଇଁ ଏସି ହେଉଛି ମୁଖ୍ୟତଃ ଦାୟୀ।

ଏସି କୋଠରି ଭିତରୁ ଗରମ ବାୟୁକୁ ନେଇ ବାହାରେ ଛାଡ଼ିଦିଏ। ଅନ୍ୟ କେତେକ ଏସି କୋଠରି ଥଣ୍ଡା କରିବା ସହିତ ଶୀତଦିନେ ଏହାକୁ ଉଷୁମ ରଖିବା ପାଇଁ ଡିଜାଇନ ହୋଇଥାଏ। ଏସି ଏକ ରେଫ୍ରିଜିରାଣ୍ଟ ବ୍ୟବହାର କରେ, ଯାହା କୋଠରିର ଉତ୍ତାପକୁ ଶୋଷଣ କରେ ଏବଂ କମ୍ପ୍ରେସର ଦ୍ୱାରା ଏହାକୁ ବାହାରକୁ ପଠାଇଦିଏ। ଶୀତଦିନେ କୋଠରିକୁ ଉଷୁମ ରଖିବା ପାଇଁ ଏହା ଭିତରେ ତାପକ ବା ହିଟର୍ ଥାଏ। ଏଣୁ ଏହାର ନାମ ହେଉଛି ଏୟାରକଣ୍ଡିସନର ବା ଶୀତତାପ ନିୟନ୍ତ୍ରଣ ଯନ୍ତ୍ର। ନିକଟରେ କେନ୍ଦ୍ର ସରକାର ଏସି ତାପମାତ୍ରା ସେଟିଂକୁ ନିୟନ୍ତ୍ରଣ କରିବା ପାଇଁ ଗୋଟିଏ ପ୍ରସ୍ତାବ ଦେଇଛନ୍ତି ଏବଂ ଏହା ଖୁବ୍ ଶୀଘ୍ର ଆଇନ୍‌ରେ ରୂପାନ୍ତରିତ ହେବ ବୋଲି ପ୍ରକାଶ କରିଛନ୍ତି। ତାପମାତ୍ରା ସେଟିଂକୁ ୨୦ ଡିଗ୍ରୀ ଓ ୨୮ ଡିଗ୍ରୀ ସେଲସିୟସ ମଧ୍ୟରେ ରଖିବା ହେଉଛି ଏହି ପ୍ରସ୍ତାବ। ସରକାରଙ୍କ ଅନୁଯାୟୀ ଆମମାନଙ୍କର ଆରାମ ପାଇଁ ଏହି ତାପମାତ୍ରା ପରିସର ହେଉଛି ଯଥେଷ୍ଟ। ଏହି ନିୟମ ପ୍ରଣୟନ କରିବାର ଉଚିତ୍ କାରଣ ଅଛି। ତାପମାତ୍ରା ଯେତେ କମ୍ କରିବା, ଏସି ସେହି ଅନୁଯାୟୀ ଅଧିକ କାର୍ଯ୍ୟ କରିବ ଏବଂ ଏହା ଅଧିକ ବିଦ୍ୟୁତ୍ ବ୍ୟବହାର କରିବ। ଶକ୍ତି ମନ୍ତ୍ରଣାଳୟ ଅନୁଯାୟୀ ଏହାର ତାପମାତ୍ରା ସେଟିଂରେ ପ୍ରତି ଏକ ଡିଗ୍ରୀ ବୃଦ୍ଧି ପାଇଁ ଛଅ ପ୍ରତିଶତ ବିଦ୍ୟୁତ୍ ସଞ୍ଚୟ ହେବ। ଉଦାହରଣ ସ୍ୱରୂପ, ୨୪ ଡିଗ୍ରୀ ସେଲସିୟସ ତୁଳନାରେ ୧୮ ଡିଗ୍ରୀରେ ୩୬ ପ୍ରତିଶତ ଅଧିକ ବିଦ୍ୟୁତ୍ ଖର୍ଚ୍ଚ ହେବ।

ସାଧାରଣତଃ ଏସି ୨୦ ଡିଗ୍ରୀ ଓ ୨୮ ଡିଗ୍ରୀ ସେଲସିୟସ ତାପମାତ୍ରା ମଧ୍ୟରେ ଅଧିକ ଦକ୍ଷତାର ସହିତ କାର୍ଯ୍ୟ କରିଥାଏ। ଅନେକ ଗୃହ, ବ୍ୟାବସାୟିକ ପ୍ରତିଷ୍ଠାନ ଆଦିରେ ତାପମାତ୍ରାକୁ ୧୫ ଡିଗ୍ରୀ ସେଲସିୟସ୍‌ରେ ରଖା ଯାଇଥାଏ। କେତେକଙ୍କର ଧାରଣା ଯେ ତାପମାତ୍ରା କମ୍ କଲେ କୋଠରି ଶୀଘ୍ର ଥଣ୍ଡା ହୋଇଯାଏ। ପ୍ରକୃତରେ ଶୀତଳନ ହାର ଏସି କ୍ଷମତା ଉପରେ ନିର୍ଭର କରିଥାଏ, ତାପମାତ୍ରା ସେଟିଂ ଉପରେ ନୁହେଁ। ତାପମାତ୍ରା ୨୪ ଡିଗ୍ରୀ, ୨୦ ଡିଗ୍ରୀ କିମ୍ବା ଏପରିକି ୧୬ ଡିଗ୍ରୀରେ ସେଟିଂ କଲେ ସୁଦ୍ଧା ଏହା ୨୮ ଡିଗ୍ରୀରୁ କୋଠରିକୁ ଥଣ୍ଡା କରିବା ପାଇଁ ସମାନ ସମୟ ନେଇଥାଏ। ଅନ୍ୟ ଏକ ଭୁଲ୍ ଧାରଣା ହେଉଛି ଯେ କୋଠରି ବାହାର ତାପମାତ୍ରା ଅଧିକ ଥିଲେ ଏସି ସେଟିଂ ୨୦ ଡିଗ୍ରୀରେ ରଖିଲେ ଯଥେଷ୍ଟ ଥଣ୍ଡା ହେବ ନାହିଁ। ବାସ୍ତବରେ ବାହାର ତାପମାତ୍ରା ୩୫ ଡିଗ୍ରୀ, ୪୦ ଡିଗ୍ରୀ କିମ୍ବା ଏପରିକି ୪୫ ଡିଗ୍ରୀ ହେଲେ ମଧ୍ୟ ୨୦ ଡିଗ୍ରୀ ସେଟିଂ ଆରାମଦାୟକ ହୋଇଥାଏ।

ଏସି ତାପମାତ୍ରା ସେଟିଂ ଉପରେ ବିଦ୍ୟୁତ୍ ଖର୍ଚ୍ଚ ନିର୍ଭର କରୁଥିବାରୁ ଆମର ସ୍ୱାଚ୍ଛନ୍ଦ୍ୟକୁ ଜଳାଞ୍ଜଳି ନ ଦେଇ ତାପମାତ୍ରା ୨୦ ଡିଗ୍ରୀ ସେଲସିୟସ୍ ରଖିଲେ ଦେଶର ଅନେକ ବିଦ୍ୟୁତ୍ ଖର୍ଚ୍ଚ ବଞ୍ଚିଯିବ ଏବଂ ଏହାକୁ କଳକାରଖାନାରେ ବ୍ୟବହାର କରାଯାଇପାରିବ। ପୁନଶ୍ଚ ଆମର ମୋଟ ବିଦ୍ୟୁତ୍ ଉତ୍ପାଦନର ପ୍ରାୟ ୫୦ ପ୍ରତିଶତ ତାପଜ ବିଦ୍ୟୁତ୍ କେନ୍ଦ୍ରରୁ ଉତ୍ପନ୍ନ ହେଉଛି, ଯାହା ବାୟୁମଣ୍ଡଳକୁ ଅଙ୍ଗାରକାମ୍ଳ ନିର୍ଗତ କରୁଥିବାରୁ ଜଳବାୟୁ ପରିବର୍ତ୍ତନ ହେଉଛି। ଏଣୁ ଏସି ତାପମାତ୍ରା ନିୟନ୍ତ୍ରଣ ଦ୍ୱାରା ଆମ ପରିବେଶ ସୁରକ୍ଷା ହୋଇପାରିବ। ପୁନଶ୍ଚ ଏକ ନିର୍ଦ୍ଦିଷ୍ଟ ଅଞ୍ଚଳରେ ଏକସଙ୍ଗରେ ଅନେକ ଏସି ଚାଲିଲେ ଗ୍ରିଡର ଭୋଲ୍ଟେଜ କମିଯାଏ ଏବଂ ବିଦ୍ୟୁତ୍ ବିଚ୍ଛିନ୍ନ ମଧ୍ୟ ହୋଇପାରେ।

ଏସିରେ ବିଦ୍ୟୁତ୍ ଖର୍ଚ୍ଚ ହ୍ରାସ କରିବା ପାଇଁ ଏହାର ଦକ୍ଷତା ବଢ଼ାଇବାକୁ ପଡ଼ିବ। ଶକ୍ତି ଦକ୍ଷତା ପରିଷଦ ଏସିଗୁଡ଼ିକୁ ୧ରୁ ୫ ଷ୍ଟାର ଚିହ୍ନ ଦେଇଛି। ଷ୍ଟାର ୧ ହେଉଛି ସବୁଠାରୁ କମ୍ ଦକ୍ଷ ଓ ଷ୍ଟାର ୫ର ଦକ୍ଷତା ହେଉଛି ସବୁଠାରୁ ଅଧିକ। ଏଣୁ ଷ୍ଟାର ୧ ରୁ ୫ ପର୍ଯ୍ୟନ୍ତ ବିଦ୍ୟୁତ୍ ଖର୍ଚ୍ଚ କମ୍ ହୋଇଥାଏ, ମାତ୍ର ଏସି ଦାମ ବଢ଼ିଯାଏ। ଏଣୁ ପରିବେଶବିତ୍‌ମାନେ କେବଳ ଷ୍ଟାର ୫ ଏସି ପ୍ରଚଳନ ପାଇଁ ଦାବି କରିଥା'ନ୍ତି। ୨୦୨୦ ମସିହାରେ ଶକ୍ତି ଦକ୍ଷତା ପରିଷଦ ଏସି ତାପମାତ୍ରା ସେଟିଂକୁ ସର୍ବନିମ୍ନ ୨୪ ଡିଗ୍ରୀ ସେଲସିୟସ ରଖିବା ପାଇଁ ନିୟମ କରିଥିଲା। ମାତ୍ର ଏହା ଫଳପ୍ରଦ ହେଲା ନାହିଁ। ପ୍ରଥମତଃ ଏହି ମୂଲ୍ୟ ଅଧିକ ଥିଲା ଏବଂ ଦ୍ୱିତୀୟରେ ଏସି ନିର୍ମାତାମାନେ ନିର୍ମାଣ ସମୟରେ ଏଥିପାଇଁ ବ୍ୟବସ୍ଥା କଲେ ନାହିଁ। ଏଣୁ ନୂଆ ଭାବେ ଆସିବାକୁ ଥିବା ଆଇନ୍‌ରେ ବ୍ୟବସ୍ଥା ରହୁଛି ଯେ ଏସି ନିର୍ମାତାମାନେ ଏପରି ଡିଜାଇନ କରିବେ ଯେପରି ତାପମାତ୍ରା ସେଟିଂକୁ ୨୦ ଡିଗ୍ରୀରୁ କମ କିମ୍ବା ୨୮ ଡିଗ୍ରୀରୁ ଅଧିକ କରିହେବ ନାହିଁ। ଜାପାନ, ଅଷ୍ଟ୍ରେଲିଆ ଓ ୟୁରୋପର କେତେକ ଦେଶରେ ଏସି ତାପମାତ୍ରା ନିୟନ୍ତ୍ରଣ ପାଇଁ ଆଇନ ଅଛି। ଭାରତର ଏକ ଘଡ଼ିସନ୍ଧି ମୁହୂର୍ତ୍ତରେ ଏହି ନିଷ୍ପତ୍ତି ନେବାକୁ ପଡୁଛି ଯେତେବେଳେ ଶକ୍ତି ସମ୍ବନ୍ଧୀୟ କାର୍ବନ ଉତ୍ସର୍ଜନକୁ ହ୍ରାସ କରିବା ପାଇଁ ଆମ ଉପରେ ଜାଗତିକ ଚାପ ପଡୁଛି ଏବଂ ଭାରତ ୨୦୭୦ ମସିହା ସୁଦ୍ଧା ନେଟ୍ ଶୂନ୍ କାର୍ବନ ଉତ୍ସର୍ଜନ ଦେଶରେ ପରିଣତ ହେବା ପାଇଁ ଘୋଷଣା କରିଛି।

ମୋଟ ଉପରେ କହିଲେ ଏସି ତାପମାତ୍ରା ନିୟନ୍ତ୍ରଣ ଦ୍ୱାରା କମ୍ ବିଦ୍ୟୁତ୍ ବିଲ ଆସିବ, ବିଦ୍ୟୁତ୍ ଗ୍ରୀଡରେ ସ୍ଥିରତା ଆସିବ ଏବଂ ବାୟୁମଣ୍ଡଳକୁ କମ ଅଙ୍ଗାରକାମ୍ଳ ନିର୍ଗତ ହେବ। ପୁନଶ୍ଚ ଦେଖାଯାଇଛି ଯେ ବାହାରର ଝାଳବୁହା ଗରମରୁ ଭିତରର ଅତି ଥଣ୍ଡା ଅବସ୍ଥାକୁ ଆସିଲେ ଶ୍ୱାସକ୍ରିୟାଜନିତ ଚାପ ଓ ଶ୍ରାନ୍ତ ଦେଖାଦେଇପାରେ। କୋଠରି ତାପମାତ୍ରା ୨୨ରୁ ୨୬ ଡିଗ୍ରୀ ସେଲସିୟସ୍ ମଧ୍ୟରେ ରଖିଲେ ଆମ ସ୍ୱାସ୍ଥ୍ୟ ଉପରେ କୌଣସି ପ୍ରତିକୂଳ ପ୍ରଭାବ ନ ପକାଇ ଆମକୁ ଆରାମ ଦେଇପାରିବ ବୋଲି ବିଜ୍ଞାନଗତ ଭାବରେ ପ୍ରମାଣ କରାଯାଇଛି। ଏକ ଅଧ୍ୟୟନରୁ ଜଣାଯାଇଛି ଯେ ୫୦ ବର୍ଷରୁ ଅଧିକ ବୟସ୍କ ଲୋକ ୧୮ ଡିଗ୍ରୀ ସେଲସିୟସରୁ କମ୍ ତାପମାତ୍ରା ପରିବେଶରେ ରହିଲେ ସେମାନଙ୍କ ମଧ୍ୟରୁ ୧୬ ପ୍ରତିଶତ ଉଚ୍ଚ ରକ୍ତଚାପ, ନିମ୍ନ ଭିଟାମିନ୍ 'ଡି' ସ୍ତର ଏବଂ ହ୍ରାସିତ ଫୁସଫୁସ କ୍ରିୟା ଅନୁଭବ କରିଥା'ନ୍ତି। ଏଣୁ ସରକାରଙ୍କ ଆଇନ୍‌କୁ ମାନିବା ସହିତ ଏଥିନେଇ ସଚେତନତା ସୃଷ୍ଟି କରିବା ଆବଶ୍ୟକ।

(ସମ୍ପାଦକ, ସାଇନସ ହୋରିଜନ)
ଭୁବନେଶ୍ୱର, ମୋ: ୯୪୩୮୬୯୩୭୨୪

# ଲାଣ୍ଡିମାତା ମଠ ଓ ପିତା ଭୋଗ

ସ୍ୱପ୍ନେଶ୍ୱର

## ଲୋକକଥାରେ ଲୋକଦେବତା

ଶ୍ରୀମନ୍ଦିରର ଦକ୍ଷିଣ ଦ୍ୱାର ପାଖରେ ବୁଢ଼ୀଟିଏ କୁଡ଼ିଆଟିଏ କରି ବାସ କରୁଥିଲା। ବୁଢ଼ୀର ଆଗକୁ ପଛକୁ କେହି ନ ଥିଲେ। ଘରେ ମହାପ୍ରଭୁଙ୍କର ଚିତ୍ର ପ୍ରତିମାଟିଏ ରଖି ଭକ୍ତିର ସହ ପୂଜା କରେ। ବୁଢ଼ୀ ଭାବେ କାଳିଆ ତା'ର ପୁଅ। ଏ କଥା ପୁରୀବାସୀ ସମସ୍ତଙ୍କୁ ଜଣାଥିଲା। ତେଣୁ ସମସ୍ତେ ତା'କୁ 'ଲାଣ୍ଡିମାତା' ବୋଲି ଡାକୁଥିଲେ। ସବୁଦିନ ମନ୍ଦିରକୁ ଯାଇ ଯାଇ ନୀତିକାନ୍ତି ବିଷୟରେ ସେ ସବୁ ଜାଣିଥିଲା। ଯଦି କେବେ ଠାକୁରଙ୍କ ଭୋଗ ଲାଗିବାରେ ବିଳମ୍ବ ହୁଏ, ତା' ପୁଅକୁ ଭୋକ ଲାଗୁଥିବ ବୋଲି ବୁଢ଼ୀ କାନ୍ଦେ। ଅଣସର ସମୟରେ ଠାକୁରମାନେ ଜ୍ୱରରେ ପୀଡ଼ିତ ହୋଇ ଦର୍ଶନ ଦିଅନ୍ତି ନାହିଁ। ସେ ସମୟରେ ବୁଢ଼ୀ ଆଖିରୁ ଲୁହ ଶୁଖେ ନାହିଁ। ପୁଅର ଆରୋଗ୍ୟ କାମନା କରି ସେ ଉପବାସ ବ୍ରତ ରଖେ। ଜ୍ୱର ଦେବତାଙ୍କୁ ଆରାଧନା କରେ।

ଥରେ ବୁଢ଼ୀ ମନରେ ଏକ ଅଦ୍ଭୁତ ଖିଆଲ ଆସିଲା। ସେ ଚିନ୍ତା କଲା ଯେ ସୁଆର ପିଲାମାନେ ତା' ପୁଅ ପାଇଁ ଯାହା ସବୁ ଭୋଗ ପ୍ରସ୍ତୁତ କରୁଛନ୍ତି, ତା' ଭିତରୁ ଅଧିକାଂଶ ମଧୁର। ପିତା ଦିହକୁ ହିତ। ତେଣୁ ବୁଢ଼ୀ ଠିକ କଲା ଯେ ସେ ନିଜେ ପିତା ତୁଉଣ ରାନ୍ଧି ତା' ପୁଅକୁ ଖୁଆଇବ। ଦିନେ ଘରେ ଅତିଯତ୍ନର ସହ ପିତା ତୁଉଣ ରାନ୍ଧି ତାଟିଆରେ ରଖି କାନି ଘୋଡ଼େଇ ଲୁଚେଇ ନେଇଗଲା। ଗରୁଡ଼ ସ୍ତମ୍ଭ ପାଖରେ ଠିଆ ହୋଇ ତା' ତୁଉଣ ଗ୍ରହଣ କରିବା ପାଇଁ ମହାପ୍ରଭୁଙ୍କୁ ପ୍ରାର୍ଥନା କଲା। କିନ୍ତୁ ତାଟିଆର ତୁଉଣ ଅକ୍ଷୁଣ୍ଣ ଥିବା ଦେଖି ମନ ଦୁଃଖରେ ଘରକୁ ଫେରି ଗଲା। ତା' ପରଦିନ ପୁଣି ଅଧିକ ଯତ୍ନର ସହ ରାନ୍ଧି ମନ୍ଦିର ନେଇଗଲା ଏବଂ ଠାକୁରଙ୍କୁ ନିଉଛାଳି ହେଲା। କିନ୍ତୁ ମହାପ୍ରଭୁ ତୁଉଣ ଗ୍ରହଣ କରୁ ନ ଥିଲେ। ଏହିପରି ଅନେକ ଦିନ ଚାଲିଗଲା।

ଥରେ ଜଗନ୍ନାଥ ଦାସ ବୁଢ଼ୀକୁ କାନ୍ଦି କାନ୍ଦି ମନ୍ଦିରରୁ ଫେରୁଥିବାବେଳେ ଦେଖି କାରଣ ପଚାରିଲେ। ବୁଢ଼ୀର କଥା ଶୁଣି ଜଗନ୍ନାଥ ଦାସ କହିଲେ- 'ତୁ ଜାଣିନୁ କି ମାଉସୀ? ସେ ପରା ଭାବର ଠାକୁର। ତାଙ୍କୁ ଯଦି ମୁଣ୍ଡ ବାଡ଼େଇ କାନ୍ଦି ଡାକିବୁ, ସେ ତୋ ଭୋଗ ସ୍ୱୀକାର କରିବେ।' ତା' ପରଦିନ ବୁଢ଼ୀ ଯତ୍ନର ସହ ପିତା ତୁଉଣ ରାନ୍ଧି ତାଟିଆକୁ କାନି ତଳେ ରଖି ମନ୍ଦିରକୁ ଗଲା। ଗରୁଡ଼ ସ୍ତମ୍ଭ ପାଖରେ ଠିଆ ହୋଇ ମୁଣ୍ଡ ବାଡ଼େଇ କାନ୍ଦିଲା। ଧାର ଧାର ରକ୍ତ ବୋହିବାକୁ ଲାଗିଲା। ତା' ପରେ ସେ ଅନୁଭବ କଲା ଯେ ତାଟିଆଟା ହଠାତ୍ ହାଲୁକା ଲାଗିଲା। ସେ ଦେଖିଲା ଯେ ତାଟିଆ ଖାଲି। ଏହା ଦେଖି ବୁଢ଼ୀ ଆନନ୍ଦରେ କାନ୍ଦି କାନ୍ଦି ବାହାରକୁ ଗଲା। ସିଂହଦ୍ୱାରେ ଦାସ ଗୋସେଇଁଙ୍କୁ ସବୁ କଥା କହିଦେଇ ଘରକୁ ଧାଇଁଲା। ତା' ପର ଦିନଠାରୁ ପ୍ରତିଦିନ ବୁଢ଼ୀ ପିତା ତୁଉଣ ତାଟିଆ ନେଇ ମନ୍ଦିରକୁ ଯାଉଥିଲା ଏବଂ ତାଟିଆ ଖାଲି ହେବା ପରେ ଘରକୁ ଫେରୁଥିଲା।

ଦିନେ ବୁଢ଼ୀ ଚିନ୍ତା କଲା ଯେ ଯଦି କାଳିଆ ସବୁଦିନ ତାଟିଆ ଖାଲି କରି ତୁଉଣ ଖାଇ ଦେଉଥିଲା, ଅଧିକ ଟିକିଏ ନେଲେ ପିଲାଟା ଖୁସିରେ ଖାଆନ୍ତା। ତେଣୁ ସେ ଦିନ ଟିକିଏ ଅଧିକ ତୁଉଣ ରାନ୍ଧି ଗୋଟେ ବଡ଼ ତାଟିଆରେ ରଖି ନେଇ ଚାଲିଲା। ବଡ଼ ତାଟିଆଟାକୁ କାନି ତଳେ ନେଲା ବେଳେ ସେବକମାନେ ଦେଖିଦେଲେ। ତୁଉଣ ମନ୍ଦିର ଭିତରକୁ ଯାଇ ପାରିବ ନାହିଁ ବୋଲି ସେମାନେ ଶୁଣେଇ ଦେଲେ ଏବଂ ବୁଢ଼ୀକୁ ମନ୍ଦିରରୁ ବାହାର କରିଦେଲେ। ବୁଢ଼ୀ କାନ୍ଦି କାନ୍ଦି ଘରକୁ ଫେରିଲା। ତୁଉଣ ତାଟିଆକୁ ମହାପ୍ରଭୁଙ୍କ ଚିତ୍ରପ୍ରତିମା ଆଗରେ ରଖି ପ୍ରାର୍ଥନା କଲା। ମହାପ୍ରଭୁ ଭକ୍ତର ଡାକ ଶୁଣିଲେ। ସେଠାରେ ବିଜେ କରି ତାଟିଆ ଖାଲି କରି ଦେଲେ। ଏହା ଦେଖି ବୁଢ଼ୀର ଆନନ୍ଦ କହିଲେ ନ ସରେ।

ମନ୍ଦିରରେ ଧୂପବେଳେ ମହାପ୍ରଭୁ ସେବକମାନଙ୍କର ଚକ୍ଷୁରେ ଦେଖାଗଲେ ନାହିଁ। ଖବର ପାଇ ଗଜପତି ମହାରାଜା ଶ୍ରୀମନ୍ଦିରରେ ପହଞ୍ଚି ଗର୍ଭଗୃହରେ ଗୁହାରିଆ ପଡ଼ିଲେ। ସେଠାରେ ମହାପ୍ରଭୁ ଶୂନ୍ୟବାଣୀ କଲେ- 'ରାଉତ! ମୋର ଭକ୍ତ ଲାଣ୍ଡିମାତା ମୋତେ ସବୁଦିନ ପିତା ତୁଉଣ ଅର୍ପଣ କରେ। ମୁଁ ତାହା ମହାଆନନ୍ଦରେ ଗ୍ରହଣ କରେ। ଆଜି ସେବକମାନେ ତାଙ୍କୁ ମନ୍ଦିରକୁ ଆସିବାକୁ ଅନୁମତି ନ ଦେବାରୁ ମୁଁ ପିତା ଭୋଗ ପାଇବା ପାଇଁ ତା' ଘରେ ଅଛି। ଆଜିଠାରୁ ପ୍ରତିଦିନ ତା' ଘରୁ ପିତା ଭୋଗ ମୋତେ ସମର୍ପଣ କରିବାର ବନ୍ଦୋବସ୍ତ କର।' ଗଜପତି ଲାଣ୍ଡିମାତାଙ୍କ ଦ୍ୱାରା ପ୍ରସ୍ତୁତ ପିତା ଭୋଗ ସବୁଦିନ ମହାପ୍ରଭୁଙ୍କୁ ସମର୍ପଣ ହେବ ବୋଲି ଘୋଷଣା କଲେ। ଲାଣ୍ଡିମାତା ରହୁଥିବା ଯାଗାରେ ଲାଣ୍ଡିମାତା ମଠ ଗଢ଼ି ଉଠିଲା ଏବଂ ଅନେକ ବର୍ଷ ପର୍ଯ୍ୟନ୍ତ ପିତା ଭୋଗ ଯୋଗାଇବାର ଦାୟିତ୍ୱ ନେଲା। ଆଜିକାଲି ତରକାରୀରେ ମେଥି ପକେଇ ମହାପ୍ରଭୁଙ୍କ ରୋଷ ଘରେ ପ୍ରସ୍ତୁତ ପିତା ଭୋଗ ସମର୍ପଣ କରାଯାଉଛି।

ମୋ: ୯୯୦୦୦୮୩୪୩୩

ସକାଳ
THE SAKALA

ଯୋଗାଯୋଗ ଠିକଣା

NEWS & INFO
news@thesakala.com

CIRCULATION
circulation@thesakala.com

ADVERTISEMENT
advt@thesakala.com

THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

# ପୁଣି ରାସ୍ତାରେ ଦୌଡ଼ିବ ୨୦ ବର୍ଷରୁ ଅଧିକ ପୁରୁଣା ଗାଡ଼ି

## ଦେବାକୁ ପଡିବ ମୋଟା ଅଙ୍କର ପଞ୍ଜୀକରଣ ଫି

ନୂଆଦିଲ୍ଲୀ,୨୬।୮(ଏଜେନ୍ସି): ଗାଡି ମାଲିକଙ୍କୁ ଆଶ୍ୱସ୍ତି! ଏଣିକି ୧୫ ବର୍ଷ ବଦଳରେ ୨୦ ବର୍ଷ ପାଇଁ ରାସ୍ତାରେ ଗଡ଼ିବ ଗାଡି। ହେଲେ ଏଥିପାଇଁ ଗାଡ଼ି ମାଲିକଙ୍କୁ ଦେବାକୁ ପଡିବ ମୋଟା ଅଙ୍କର ପଞ୍ଜୀକରଣ ଫି'। କେନ୍ଦ୍ର ସରକାର ୧୫ ବର୍ଷ ପୁରୁଣା ଯାନଗୁଡ଼ିକର ପଞ୍ଜୀକରଣକୁ ୨୦ ବର୍ଷ ପର୍ଯ୍ୟନ୍ତ ବୃଦ୍ଧି କରିବାକୁ ଅନୁମତି ଦେଇଛନ୍ତି। ଏଥିରେ ୧୫ ବର୍ଷ ଏବଂ ପୁରୁଣା ଯାନର ଗାଡି ପଞ୍ଜୀକରଣ ଲାଗି ଗାଡ଼ି ମାଲିକଙ୍କୁ ବର୍ଦ୍ଧିତ ନବୀକରଣ ଫି' ଦେବାକୁ ପଡିବ। ଏହି ନୂତନ ନିୟମ କେନ୍ଦ୍ରୀୟ ମୋଟର ଯାନ ନିୟମ (ତୃତୀୟ ସଂଶୋଧନ), ୨୦୨୫ ଅଧୀନରେ ଲାଗୁ କରାଯାଇଛି। ନୂଆ ନିୟମ ଅଗଷ୍ଟ ୨୦ରୁ ଲାଗୁ ହୋଇଛି। ଏହି ନିର୍ଦ୍ଦେଶନାମା ଦିଲ୍ଲୀ-ଏନସିଆର ବ୍ୟତୀତ ସମଗ୍ର ଦେଶରେ ଲାଗୁ ହେବ। କାରଣ ଦିଲ୍ଲୀ-ଏନସିଆରରେ ପୂର୍ବରୁ ୧୫ ବର୍ଷ ପୁରୁଣା ପେଟ୍ରୋଲ ଏବଂ ୧୦ ବର୍ଷ ପୁରୁଣା ଡିଜେଲ ଯାନ ଉପରେ ପ୍ରତିବନ୍ଧକ ଲଗାଯାଇଥିଲା। ପଞ୍ଜୀକରଣ ନବୀକରଣ କରି ଜଣେ ୧୫ ବର୍ଷ ପୁରୁଣା ଯାନର ପଞ୍ଜୀକରଣକୁ ଏବେ ଆଉ ୫ ବର୍ଷ ବୃଦ୍ଧି କରାଯାଇ ୨୦ ବର୍ଷ କରିପାରିବେ, ଯଦି ଯାନ ଫିଟନେସ୍ ପରୀକ୍ଷାରେ ପାସ୍ କରିଥାଏ। ଏହି ନବୀକରଣ ପ୍ରତି ୫ ବର୍ଷରେ କରିବାକୁ ପଡିବ ଏବଂ ଏଥିପାଇଁ ଏକ ସ୍ୱୀକୃତିପ୍ରାପ୍ତ ସ୍ୱୟଂଚାଳିତ ପରୀକ୍ଷଣ କେନ୍ଦ୍ର (ଏଟିଏସ୍) ରୁ ଫିଟନେସ୍ ପ୍ରମାଣପତ୍ର ହାସଲ କରିବା ବାଧ୍ୟତାମୂଳକ।

ଏହି ନୂଆ ନିୟମାନୁଯାୟୀ, ମୋଟରସାଇକେଲ ପଞ୍ଜୀକରଣ ନବୀକରଣ ପାଇଁ ୨୦୦୦ ଟଙ୍କା(ପୂର୍ବରୁ ୩୦୦ ଟଙ୍କା), ତିନି ଚକିଆ ଯାନ/କ୍ୱାଡ୍ରିସାଇକେଲ ପାଇଁ ୫୦୦୦ ଟଙ୍କା, ହାଲୁକା ମୋଟର ଯାନ (କାର ପରି ଏଲ୍‌ଏମ୍‌ଭି୧୦,୦୦୦ ଟଙ୍କା (ପୂର୍ବରୁ ୬୦୦ ଟଙ୍କା),ଆମଦାନୀ ହୋଇଥିବା ଦୁଇ ଚକିଆ ଯାନ ୨୦,୦୦୦ ଟଙ୍କା, ଆମଦାନୀ ହୋଇଥିବା ଚାରି ଚକିଆ ଯାନ ୮୦,୦୦୦ ଟଙ୍କା ଏବଂ ଅନ୍ୟାନ୍ୟ ବର୍ଗର ଯାନପ ଶିଁ ୧୨,୦୦୦ ଟଙ୍କା ଦେବାକୁ ପଡିବ। ସେହିପରି ବାଣିଜ୍ୟିକ ଯାନ କ୍ଷେତ୍ରରେ ଟ୍ୟାକ୍ସି ୭୦୦୦ ଟଙ୍କା (ପୂର୍ବରୁ ୧୦୦୦ ଟଙ୍କା),ବସ୍/ଟ୍ରକ୍ ପଞ୍ଜୀକରଣ ପାଇଁ ୧୨,୫୦୦ ଟଙ୍କା (ପୂର୍ବରୁ ୧୫୦୦ ଟଙ୍କା) ପଡିବ। ଏତାଛଡା ପଞ୍ଜିକରଣ ନବୀକରଣରେ ବିଳମ୍ବ ପାଇଁ ମଧ ବିଳମ୍ବିତ ଶୁଳ୍କ ଲାଗୁ ହେବ, ଯାହା ଘରୋଇ ଯାନ ପାଇଁ ପ୍ରତି ମାସରେ ୩୦୦ ଟଙ୍କା ଏବଂ ବାଣିଜ୍ୟିକ ଯାନ ପାଇଁ ପ୍ରତି ମାସରେ ୫୦୦ ଟଙ୍କା ଜରିମାନା ଲାଗୁ ହେବ।

# ହାତୀ ଆକ୍ରମଣରେ ଦମ୍ପତି ମୃତ

ପାଇକମାଲ,୨୬।୮(ସମିସ): ପାଇକମାଲ ବ୍ଲକ୍ ଟେମରୀ ପଞ୍ଚାୟତ ଧାନ୍ଦୁପାଲି ଗାଁରେ ହାତୀ ଆକ୍ରମଣରେ ଏକ ଦମ୍ପତିଙ୍କ ମୃତ୍ୟୁ ହୋଛି। ଗନ୍ଧମାର୍ଦ୍ଦନ ପାହାଡ଼ର ପଠାରରୁ ଏକ ବଣୁଆ ହାତୀ ବୁଲାବୁଲି କରୁଥିଲା। ସୋମବାର ରାତିରେ ଧାନ୍ଦୁପାଲି ଗାଁର ବଳରାମ ରଣା (୬୧) ଓ ତାଙ୍କ ପତ୍ନୀ ଶଶି ରଣା (୫୭) ଦୁହେଁ ନିଜ

## ମୃତ ପରିବାରକୁ ୨ ଲକ୍ଷ ଟଙ୍କା କ୍ଷତିପୂରଣ

କ୍ଷେତର ପନିପରିବା ଚାଷ ଜଗିବା ପାଇଁ ଯାଇଥିଲେ। ହାତୀଟି ସେମାନଙ୍କୁ ଆକ୍ରମଣ କରି ଦଳି ଦେବା ଫଳରେ ଘଟଣାସ୍ଥଳରେ ଉଭୟଙ୍କ ମୃତ୍ୟୁ ହୋଇଥିଲା। ଖବର ପାଇବା ପରେ ବନ ବିଭାଗ ସେହି ଅଞ୍ଚଳରେ ରାତିସାରା ପେଟ୍ରୋଲିଂ କରିଥିଲା। ସକାଳେ ବନ ବିଭାଗ ରେଞ୍ଜର ହୃଦାନନ୍ଦ ମିଶ୍ର, ରଜନିକାନ୍ତ ବଡ଼େଇ, ଦୋଳଗୋବିନ୍ଦ ବରିହା, ବସନ୍ତ ବାଗ, ରମେଶ ପ୍ରଧାନ, ଦିବାକର ବାଗ ପ୍ରମୁଖ ବନ କର୍ମଚାରୀ ଘଟଣାସ୍ଥଳରେ ପହଞ୍ଚିଥିଲେ। ଦମ୍ପତିଙ୍କ ଶବ ଉଦ୍ଧାର କରି ବ୍ୟବଚ୍ଛେଦ ପାଇଁ ପଦ୍ମପୁରକୁ ପଠାଯାଇଥିଲା। ଖବର ଜାଣିବା ପରେ ବ୍ଲକ୍ ପ୍ରଶାସନ, ପଦ୍ମପୁର ବିଧାୟିକା ବର୍ଷା ସିଂ ବରିହା ପରିବାର ବର୍ଗଙ୍କୁ ଭେଟି ସମବେଦନା ଜଣାଇ ଶୀଘ୍ର କ୍ଷତିପୂରଣ ଦେବାକୁ



ସରକାରଙ୍କୁ ନିବେଦନ କରିଛନ୍ତି। ବନବିଭାଗ ତରଫରୁ ଅନୁକମ୍ପାମୂଳକ ଭାବେ ୨ ଲକ୍ଷ ଟଙ୍କା କ୍ଷତିପୂରଣ ଦିଆଯାଇଛି। ଆଉ ୧୮ ଲକ୍ଷ ଦିଆଯିବ ବୋଲି ଡିଏଫ୍‌ଓ ସରୋଜ ପଣ୍ଡା ଜଣାଇଛନ୍ତି। ମୃତ ଦମ୍ପତିଙ୍କ ପରିବାରର ପୁଅ ଉପେନ୍ଦ୍ର ରଣା ଓ ମହେନ୍ଦ୍ର ରଣା ସେମାନଙ୍କ ପରିବାର ସହ ଧାନ୍ଦୁପାଲି ଗାଁରେ ରହୁଛନ୍ତି। ଟେମରି ସରପଞ୍ଚ ଦିଲୀପ ବେହେରା ପରିବାର ପାଖରେ ପହଞ୍ଚି ସମବେଦନା ଜଣାଇଛନ୍ତି।

# ଆଜି ମିଳିବ ସିଏମ୍ କିଷାନ ଟଙ୍କା

ଭୁବନେଶ୍ୱର, ୨୬।୮(ସମିସ): ରାଜ୍ୟ ସରକାରଙ୍କ ସିଏମ୍-କିଷାନ ଯୋଜନାର କିସ୍ତି ଆସନ୍ତାକାଲି ମିଳିବ। 'ନୂଆଁଖାଇ'ର ଅବ୍ୟବହିତ ପୂର୍ବରୁ ଏହା ପ୍ରଦାନ କରାଯିବ। ପ୍ରତି ଚାଷୀଙ୍କ ବ୍ୟାଙ୍କ ଖାତାକୁ ସିଧାସଳଖ ୨

### ଉପକୃତ ହେବେ ୫୨ ଲକ୍ଷ ଚାଷୀ

ହଜାର ଟଙ୍କା ଲେଖାଏଁ ପଠାଯିବ। ଏହାଦ୍ୱାରା ରାଜ୍ୟର ୫୨ଲକ୍ଷ କ୍ଷୁଦ୍ର ଓ ନାମମାତ୍ର ଚାଷୀ ଉପକୃତ ହେବେ। ଏହି ଯୋଜନାରେ ରାଜ୍ୟ ସରକାର ଦୁଇଟି କିସ୍ତିରେ ୪ ହଜାର ଟଙ୍କା ପ୍ରଦାନ କରୁଛନ୍ତି। ସୂଚନାଯୋଗ୍ୟ, ଗତବର୍ଷ 'ନୂଆଁଖାଇ' ଅବସରରେ ରାଜ୍ୟ ସରକାର ସିଏମ୍-କିଷାନ ଯୋଜନାର ପ୍ରଥମ କିସ୍ତି ପ୍ରଦାନ କରିଥିଲେ। ପରବର୍ତ୍ତୀ ପର୍ଯ୍ୟାୟରେ ଦ୍ୱିତୀୟ କିସ୍ତି ଦିଆଯାଇଥିଲା। ଏବେ ପୁଣି ଚଳିତବର୍ଷର ପ୍ରଥମ କିସ୍ତି ଦିଆଯିବା ନେଇ ଆଜି କୃଷିମନ୍ତ୍ରୀ ତଥା ଉପମୁଖ୍ୟମନ୍ତ୍ରୀ କନକ ବର୍ଦ୍ଧନ ସିଂହଦେଓ ସବୁ ଜିଲ୍ଲାପାଳଙ୍କ ସହ ଆଲୋଚନା କରିଛନ୍ତି।

## ବନ୍ୟା ପରିସ୍ଥିତିର ସମୀକ୍ଷା କଲେ ରାଜ୍ୟପାଳ

# ଶୂନ୍ୟ ଜୀବନହାନୀକୁ ସୁନିଶ୍ଚିତ କରିବା ଉପରେ ଗୁରୁତ୍ୱ

ଭୁବନେଶ୍ୱର,୨୬।୮(ସମିସ): ସଂପ୍ରତି ରାଜ୍ୟର ବିଭିନ୍ନ ଜିଲ୍ଲାରେ ସୃଷ୍ଟି ହୋଇଥିବା ବନ୍ୟା ପରିସ୍ଥିତି ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗକୁ ସତର୍କ ରହିବା ଏବଂ ଶୂନ୍ୟ ଜୀବନହାନୀକୁ ସୁନିଶ୍ଚିତ କରିବା ଉପରେ ରାଜ୍ୟପାଳ ଡଃ ହରିବାବୁ କମ୍ଭମ୍ପାଟି ଗୁରୁତ୍ୱାରୋପ କରିଛନ୍ତି। ମଙ୍ଗଳବାର ରାଜଭବନ ସମ୍ମିଳନୀ କକ୍ଷରେ ରାଜ୍ୟରେ ସୃଷ୍ଟି ହୋଇଥିବା ବନ୍ୟାସ୍ଥିତିର ସମୀକ୍ଷା କରି ରାଜ୍ୟପାଳ ବନ୍ୟା ମୁକାବିଲା ଏବଂ ଜୀବନ ସୁରକ୍ଷା ପାଇଁ ଓଡ଼ିଶା ସରକାରଙ୍କ ତରଫରୁ ନିଆଯାଇଥିବା ପଦକ୍ଷେପକୁ ପ୍ରଶଂସା କରିଛନ୍ତି। ଏହାସହ ବନ୍ୟା ସମୟରେ ଲୋକଙ୍କୁ ସୁରକ୍ଷା ଦେବା ପାଇଁ ଆଗୁଆ ସକ୍ରିୟ ପଦକ୍ଷେପ ନେବାକୁ ଆହ୍ୱାନ ଜଣାଇଥିଲେ। ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ମନ୍ତ୍ରୀ ସୁରେଶ ପୂଜାରୀ, ଅତିରିକ୍ତ ମୁଖ୍ୟ ଶାସନ ସଚିବ-ତଥା-ସ୍ୱତନ୍ତ୍ର ରିଲିଫ କମିଶନର ଦେଓ ରଂଜନ କୁମାର ସିଂହ, ରାଜ୍ୟପାଳଙ୍କ କମିଶନର-ତଥା-ଶାସନ ସଚିବ ରୂପା ରୋଶନ ସାହୁ, ଅତିରିକ୍ତ ସ୍ୱତନ୍ତ୍ର ରିଲିଫ କମିଶନର ମନୀଷ ଅଗ୍ରୱାଲଙ୍କ ସମେତ ଜଳ ସଂପଦ ବିଭାଗର ଇଂଜିନିୟର ଇନ ଚିଫ୍ ଓ ମୁଖ୍ୟ ଯନ୍ତ୍ରୀମାନେ ଏହି ବୈଠକରେ ଯୋଗଦେଇ ବନ୍ୟା ପ୍ରଭାବିତ ବାଲେଶ୍ୱର, ଯାଜପୁର, ଭଦ୍ରକ, କେନ୍ଦୁଝର, ମୟୂରଭଞ୍ଜ ଏବଂ ସୁନ୍ଦରଗଡ଼ ଜିଲ୍ଲାର ସ୍ଥିତି ସମ୍ପର୍କରେ ରାଜ୍ୟପାଳଙ୍କୁ ଅବଗତ କରାଇଛନ୍ତି।

ନଦୀ ଅବବାହିକାର ସ୍ଥିତି, ବନ୍ୟା ଏବଂ ପ୍ରବଳ ବର୍ଷାର ମୁକାବିଲା ପାଇଁ ପ୍ରସ୍ତୁତି, ଆଶ୍ରୟସ୍ଥଳର ବ୍ୟବସ୍ଥା ଏବଂ ରିଲଫ୍ ସହାୟତା ସଂପର୍କରେ ରାଜ୍ୟପାଳ ସମୀକ୍ଷା କରିଥିଲେ। ବ୍ୟାରେଜ୍ ନିର୍ମାଣ କରି ଉଦ୍‌ବୃତ୍ତ ଜଳର ସୁପରିଚାଳନା ନିମନ୍ତେ ରାଜ୍ୟପାଳ ପରାମର୍ଶ ଦେଇଥିଲେ। ଏହା ହେଲେ ଉଦ୍‌ବୃତ୍ତ ଜଳ ନିକଟବର୍ତ୍ତୀ ଗାଁ ପୋଖରୀକୁ ନିଆଯାଇପାରିବ ଏବଂ ଏହାଦ୍ୱାରା ବନ୍ୟା ନିୟନ୍ତ୍ରଣ ମଧ୍ୟ ହୋଇପାରିବ ବୋଲି ରାଜ୍ୟପାଳ କହିଥିଲେ। ଏ ଦିଗରେ ଦୀର୍ଘକାଳୀନ କାର୍ଯ୍ୟନୀତି ପ୍ରସ୍ତୁତି ଉପରେ ଗୁରୁତ୍ୱାରୋପ କରି ସାରା ରାଜ୍ୟରେ ଜଳ ଅବବାହିକାର ଆନ୍ତଃ-ସଂଯୋଗୀକରଣ ସଂକ୍ରାନ୍ତରେ ପରାମର୍ଶ ଦେଇଥିଲେ। ନଦୀ ପ୍ରଣାଳୀଗୁଡ଼ିକର ଇଣ୍ଟର-ଲିଙ୍କିଙ୍ଗ୍ ଏବଂ ଇଣ୍ଟ୍ରାଲିଙ୍କିଙ୍ଗ୍ ଉପରେ ବିଚାରବିମର୍ଶ/ଅଧ୍ୟୟନ କରି କାର୍ଯ୍ୟନୀତି ପ୍ରସ୍ତୁତ କରିବାକୁ ରାଜ୍ୟପାଳ ପରାମର୍ଶ ଦେଇଥିଲେ।

## ସୃଷ୍ଟି ହେଲା ଲଘୁଚାପ, ବଢ଼ିବ ବର୍ଷା

# ବନ୍ୟା ପାଣିରେ ଉତ୍ତର ଓଡ଼ିଶା

ଭୁବନେଶ୍ୱର,୨୬।୮(ସମିସ): ଉତ୍ତର ପଶ୍ଚିମ ବଙ୍ଗୋପସାଗରରେ ଏକ ଲଘୁଚାପ ସୃଷ୍ଟି ହୋଇଛି। ଏହି ଲଘୁଚାପ ଆସନ୍ତା ୨୪ ଘଣ୍ଟା ମଧ୍ୟରେ ଏହା ଅଧିକ ଘନୀଭୂତ ହେବାର ସମ୍ଭାବନା ରହିଛି। ଏହା ପ୍ରଭାବରେ ରାଜ୍ୟର ବିଭିନ୍ନ ସ୍ଥାନରେ ବର୍ଷା ନେଇ ପାଣିପାଗ କେନ୍ଦ୍ର ଆକଳନ କରିଛି। ଏହି ଲଘୁଚାପ ଧୀରେଧୀରେ ଶକ୍ତିଶାଳୀ ହେଉଥିବାରୁ ରାଜ୍ୟର ଅଧିକାଂଶ ସ୍ଥାନରେ ବର୍ଷା ହେବାକୁ ଥିବା ବେଳେ ଗଣେଶ ପୂଜାରେ ମଧ ବର୍ଷା ସ୍ଥିତି ନେଇ ଆଶଙ୍କା କରାଯାଇଛି। ଏହି ଲଘୁଚାପ ଯୋଗୁଁ ରାଜ୍ୟରେ ପ୍ରାୟ ୩୦ତାରିଖ ପର୍ଯ୍ୟନ୍ତ ବର୍ଷା ହେବା ନେଇ ପୂର୍ବାନୁମାନ କରାଯାଇଛି।

ପାଣିପାଗ ବିଶେଷଜ୍ଞ ପ୍ରଫେସର ସୁରେନ୍ଦ୍ରନାଥ ପଶୁପାଳକ କହିଛନ୍ତି ଯେ ଓଡ଼ିଶା ସଂଲଗ୍ନ ବଙ୍ଗୋପସାଗରରେ ସୃଷ୍ଟ ଲଘୁଚାପ ବିଶେଷ ଶକ୍ତି ଗୋଟାଇ ପାରୁନାହିଁ। ବୁଧବାର ଏହା ସେହି ସ୍ଥାନରେ ରହି ୨୯ରେ ସମ୍ଭବତଃ ଛତିଶଗଡ଼ରେ ପହଞ୍ଚିପାରେ। ତେବେ ଏହି ଲଘୁଚାପ ଯୋଗୁଁ ବୁଧବାର ରାଜ୍ୟର ଅଧିକାଂଶ ଅଞ୍ଚଳରେ ସକାଳ ଓଳା ପାଗ ଶୁଖିଲା ଓ ଖରାଟିଆ ରହିବ। ସକାଳ ୯-୧୦ଟା ପରେ ଭୁବନେଶ୍ୱରରେ ସମେତ କଟକ, ପୁରୀ, ଖୋର୍ଦ୍ଧା, ଗଞ୍ଜାମ ଓ ନୟାଗଡ଼ରେ ପାଗ ପରିବର୍ତ୍ତନ ଆସିବ ଓ ବର୍ଷା ହୋଇପାରେ। ରାଜ୍ୟର ଅନ୍ୟାନ୍ୟ ସ୍ଥାନରେ ଉପରବେଳା ୨ଟା ପରେ ପାଗ ମେଘୁଆ ସହିତ ସ୍ୱଳ୍ପ ବର୍ଷା ହୋଇପାରେ। ୨୮ ତାରିଖ ଗୁରୁବାରରେ ପାଗ ମଙ୍ଗଳବାର ପରି ହେବାର ସମ୍ଭାବନା ରହିଥିବା ବେଳେ ୨୯ରେ କେନ୍ଦ୍ରୀୟ ଓ ଉତ୍ତର ଓଡ଼ିଶା, ୩୦ରେ ଉତ୍ତର ଓ ପଶ୍ଚିମ ଓଡ଼ିଶା ଏବଂ ୩୧ରେ ପ୍ରାୟତଃ ଅଧିକାଂଶ ସ୍ଥାନରେ ସ୍ୱଳ୍ପ ଏବଂ ଅଳ୍ପ କେତେକ ସ୍ଥାନରେ ମଧ୍ୟମ ବର୍ଷା ହୋଇପାରେ। ଅନ୍ୟପଟେ ୩ ବେଳକୁ ଆଉ ଏକ ଲଘୁଚାପ ସମ୍ଭାବନା ଥିବା ବେଳେ ତାହା ମଧ ବିଶେଷ ଶକ୍ତିଶାଳୀ ହୋଇପାରିବ ନାହିଁ ବୋଲି ପ୍ରଫେସର ପଶୁପାଳକ କହିଛନ୍ତି।

ରାଜ୍ୟର ବର୍ତ୍ତମାନ ବିଭିନ୍ନ ସ୍ଥାନରେ ସୃଷ୍ଟି ହୋଇଥିବା ବନ୍ୟା ସ୍ଥିତି ଯୋଗୁଁ ବହୁ ଅଞ୍ଚଳ ଜଳମଗ୍ନ ହୋଇଛି। ସୁବର୍ଣ୍ଣରେଖା ଏବେ ବି ଜାମଶୋଳା ଗେଟ୍ ଓ ରାଜଘାଟଠାରେ ବିପଦ ସଙ୍କେତ ଉପରେ ପ୍ରବାହିତ ହେଉଛି। ଜଳସମ୍ପଦ ବିଭାଗ ସର୍ବୋଚ୍ଚ ଯନ୍ତ୍ରୀ ଚନ୍ଦ୍ରଶେଖର ପାଢ଼ୀ କହିଛନ୍ତି ଯେ ଗତକାଲି ସୁବର୍ଣ୍ଣରେଖା ବେସିନ କି ଜାମଶୋଳା ଗେଟ୍‌ରେ ବେଶି ବର୍ଷା ହୋଇନି। ଆଖୁଆପଦାରେ ବୈତରଣୀ ବିପଦ ସଂକେତ ତଳେ ଅଛି। ସେହିପରି ଦକ୍ଷିଣ ଓଡ଼ିଶାର ବଂଶଧରା, ନାଗାବଳୀ ଓ କୋଲାବରେ ସାମାନ୍ୟ ଅଧିକ ବର୍ଷା ହୋଇଛି, ହେଲେ ଅନ୍ୟ କେଉଁ ବେସିନରେ ବର୍ଷା ହୋଇନି। ହୀରାକୁଦରେ ଚାରୋଟି ଗେଟ ବନ୍ଦ ହେବାରୁ ୮ଟି ଗେଟ୍ ଦେଇ ଏବେ ଜଳ ନିଷ୍କାସନ ହେଉଛି। ମୁଣ୍ଡଳୀରେ ୩ଲକ୍ଷ କ୍ୟୁସେକ୍ ଜଳ ପ୍ରବାହିତ ହେଉଛି, ଯାହା ସ୍ୱାଭାବିକ। ବାଲେଶ୍ୱରରେ ବନ୍ୟା ଯୋଗୁଁ ବସ୍ତା, ଭୋଗରାଇ, ବାଲିଆପାଳ ଓ ଜଳେଶ୍ୱର ପ୍ରଭାବିତ ହୋଇଛି। ଯାଜପୁର ଜିଲ୍ଲାର ଦଶରଥପୁର ବ୍ଲକ ଓ ଭଦ୍ରକ ଜିଲ୍ଲା ଭଣ୍ଡାରିପୋଖରୀ, ତିହିଡି, ଧାମନଗର ବ୍ଲକ ବି ପ୍ରଭାବିତ ହୋଇଛି। ଯାଜପୁରରେ କାଣୀ ନଦୀ ଘାଇ ଯୋଗୁଁ ସର୍ବାଧିକ ପ୍ରଭାବିତ ହୋଇଛି।

# ଅକ୍ଟୋବର ୧୨ରେ ଓସିଏସ୍ ପ୍ରିଲିମିନାରୀ ପରୀକ୍ଷା

ଭୁବନେଶ୍ୱର, ୨୬।୮(ସମିସ): ଓଡ଼ିଶା ସିଭିଲ୍ ସର୍ଭିସ୍ (ଓସିଏସ୍) ପରୀକ୍ଷା ୨୦୨୪ ପ୍ରିଲିମିନାରୀ ପରୀକ୍ଷା ତାରିଖ ପ୍ରକାଶ ପାଇଛି। ଅକ୍ଟୋବର ୧୨ ତାରିଖରେ ପରୀକ୍ଷା କରିବା ପାଇଁ ଓଡ଼ିଶା ଲୋକସେବା ଆୟୋଗ (ଓପିଏସ୍‌ସି) ପକ୍ଷରୁ ବିଜ୍ଞପ୍ତି ପ୍ରକାଶ ପାଇଛି। ଚଳିତଥର ମୋଟ୍ ୨୦୦ ପଦ ପାଇଁ ଆଶାୟୀମାନେ ପରୀକ୍ଷା ଦେବେ। ଏହାସହ ଓସିଏସ୍-୨୦୨୩ ର ପ୍ରମାଣପତ୍ର ଯାଞ୍ଚ ପାଇଁ ମଧ ବିଜ୍ଞପ୍ତି ପ୍ରକାଶ ପାଇଛି। ସେପ୍ଟେମ୍ବର ୬ରୁ ୧୮ ତାରିଖ ମଧ୍ୟରେ ପ୍ରମାଣପତ୍ର ଯାଞ୍ଚ ହେବ। ଏହା ମଧ୍ୟରେ କେବଳ ୧୩ ତାରିଖ ଦିନ ବନ୍ଦ ରହିବ। କଟକସ୍ଥିତ ଓପିଏସ୍‌ସି କାର୍ଯ୍ୟାଳୟରେ ୨୯୩ ଜଣ ମହିଳାଙ୍କ ସମେତ ମୋଟ୍ ୮୦୬ ଜଣ ଉତ୍ତୀର୍ଣ୍ଣ ପରୀକ୍ଷାର୍ଥୀଙ୍କ ପ୍ରମାଣପତ୍ର ଯାଞ୍ଚ କରାଯିବ ବୋଲି କୁହାଯାଇଛି।

# ନିହାର ମହାନ୍ତିଙ୍କ ଜାମିନ ଖାରଜ

କଟକ, ୨୬।୮(ସମିସ): ଓଟିଇଟି ପ୍ରଶ୍ନପତ୍ର ଲିକ୍ ଘଟଣାରେ କ୍ରାଇମବ୍ରାଞ୍ଚ ଦ୍ୱାରା ଗିରଫ ହୋଇଥିବା ମାଧ୍ୟମିକ ଶିକ୍ଷା ପରିଷଦ(ବୋର୍ଡ)ର ପ୍ରାକ୍ତନ ଉପ ସଭାପତି ଡ. ନିହାର ରଂଜନ ମହାନ୍ତି ଓ ଅନ୍ୟ ଜଣେ ଅଭିଯୁକ୍ତ ଅଜୟ ସାହୁଙ୍କ ଜାମିନ ଆବେଦନ ଆଜି ଖାରଜ ହୋଇଯାଇଛି। କଟକ ତୃତୀୟ ଅତିରିକ୍ତ ଦୌରା ଅଦାଲତ ଦୁଇ ଅଭିଯୁକ୍ତଙ୍କ ନିୟମିତ ଜାମିନ ଆବେଦନର ଶୁଣାଣି କରିବା ସହ ଏହାକୁ ଖାରଜ କରିଛନ୍ତି।

**AFFIDAVIT**

By virtue of an affidavit sworn Before Notary Public, Angul, dated 04/08/2025, I, Sujan Bhutia, Address At-Pandarabharania, Po-Budhapank, Ps- Banarpal, Dist-Angul, Odisha, Pin Code-759128 declare that I have changed the name of my son Chiranjivee Bhutia to Priyansu Bhutia Henceforth he shall be knows as **Priyansu Bhutia** for all propose.

**AFFIDAVIT**

By virtue of an affidavit sworn before Executive Magistrate, Bhubaneswar vide Serial No. 116 dt. 26.08.2025, I, Subhashree Priyadarshnee Sahoo resident of Pratima Nivas, Paltanpadia, near Hengulai Temple, P.S./Dist. Khordha, Odisha, declare that I have changed my name from Subhashree Priyadarshnee Sethi to Subhashree Priyadarshnee Sahoo. Henceforth I shall be known as Subhashree Priyadarshnee Sahoo for all purposes.

**Subhashree Priyadarshnee Sahoo**

**AFFIDAVIT**

By virtue of an affidavit sworn before Executive Magistrate Bhograi Tahasil on dated-11/03/2025, I, **Mr. Braja Kishore Das,** Address AT/PO-Sankhari, PS- Bhograi, DIST-Balasore, PIN-756037 Odisha, declare that I have changed the name of my Son from **RIYANSH DAS** (old name) to **RAYANSH DAS** (new name). Henceforth, he shall be known as **RAYANSH DAS** (new name) for all purposes.

**Applicant Name: Braja Kishore Das**

**AFFIDAVIT**

I, Nakamani Hembram D/o Jadunath Hembrom, Resident of At-Jagda, PO/PS-Jhirpani, Rourkela Dist-Sundargarh PIN-769042, Odisha declare by this affidavit No.A/15 dtd 31.08.2024 that now onwards I shall be known as **NAKMANI NILIMA HEMBROM** for all future purposes.

**AFFIDAVIT**

By virtue of an affidavit sworn before Notary Public, Puri, dated 16/08/2025 I Subhashree Samantaray, Address: At- Balarampur, Po.-Rameswar, Via-J ankia, Dist. -Khorda, Pin-752020, Odisha declare that I have changed my name from **Suvashree Samantaray** to **Subhashree Samantaray**. Henceforth, I shall be known as **Subhashree Samantaray** for all purposes.

**AFFIDAVIT**

I, Sachit Agrawal S/o Ram Kumar Agarwal, Resident of At-W 5, Civil Township, Raghunathpali, Rourkela-4, Dist-Sundargarh PIN-769004, Odisha declare by this affidavit No.1625 dtd 26.08.2025 that now onwards I shall be known as **SACHIT AGARWAL** for all future purposes.

**AFFIDAVIT**

I, Usharani Nayak D/o Banabihari Das, Resident of Village-Alana, PO-Alanahat, Nuagaon, Dist-Jagatsinghapur, Odisha declare by this affidavit No.9373 dtd 18.10.2021 that now onwards I shall be known as **USHARANI DAS** for all future purposes.

## ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

### ଆଜିଠୁ ୫୦%...

ଭାରତୀୟ ସାମଗ୍ରୀ ଉପରେ ୫୦% ଶୁଳ୍କ ଲାଗୁ ହେବା ପରେ ଏହାର ଚାହିଦା ହ୍ରାସ ପାଇବା ଆଶଙ୍କା ରହିଛି ଏବଂ ଏହାଦ୍ୱାରା ଭାରତୀୟ ଅର୍ଥନୀତି ଓ ମୋଟ ଘରୋଇ ଉତ୍ପାଦ ହ୍ରାସ ପାଇବ ବୋଲି ଅର୍ଥନୀତିଜ୍ଞମାନେ ଆକଳନ କରିଛନ୍ତି। ଏହାଛଡା ଶୁଳ୍କ ପ୍ରଭାବରେ ଦେଶରେ ଶିଳ୍ପପତିମାନେ ଉତ୍ପାଦନ ହ୍ରାସ କରିବାକୁ ବାଧ ହେବେ ଓ ପରିଣତିସ୍ୱରୂପ ଦେଶରେ ଲୋକଙ୍କ ଆୟ କମିବା ସହ ଚାକିରି ଉଭେଇଯିବ ବୋଲି ବଜାର ବିଶେଷଜ୍ଞମାନେ ଆକଳନ କରୁଛନ୍ତି। ଟାରିଫ୍ ପୂର୍ବରୁ ଏହାର ସିଧାସଳଖ ପ୍ରଭାବ ଭାରତୀୟ ସେୟାର ବଜାରରେ ଅନୁଭୂତ ହୋଇଛି। ମଙ୍ଗଳବାର ଷ୍ଟକ୍ ଏକ୍ସଚେଞ୍ଜରେ ସେନସେକ୍ସ ୮୦୦ ପଏଣ୍ଟ ତଳକୁ ଖସିଛି।

ଟ୍ରମ୍ପ ପ୍ରଶାସନର ୫୦% ଶୁଳ୍କ ଯୋଗୁଁ ଭାରତର ୮୭ ବିଲିୟନ ଡଲାରର ରପ୍ତାନି ପ୍ରଭାବିତ ହେବାର ଆଶଙ୍କା ରହିଛି। ଭାରତ ପ୍ରତିବର୍ଷ ଆମେରିକାକୁ ପ୍ରାୟ ୮୦ ବିଲିୟନ ଡଲାର ସାମଗ୍ରୀ ରପ୍ତାନି କରିଥାଏ, ଯାହା ମୋଟ ରପ୍ତାନିର ୧୮ ପ୍ରତିଶତ ଏବଂ ଜିଡିପିର ପ୍ରାୟ ୨.୫ ପ୍ରତିଶତ। ୫୦% ଶୁଳ୍କ ରପ୍ତାନିକୁ ୫୦ ପ୍ରତିଶତ ପର୍ଯ୍ୟନ୍ତ ହ୍ରାସ କରିବାର ସମ୍ଭାବନା ଥିବାରୁ ଜିଡିପି ମଧ ୦.୪% ପ୍ରତିଶତ ହ୍ରାସ ପାଇବାର ଆଶଙ୍କା ରହିଛି। ସେହିପରି ଏବେ ଫାର୍ମା କ୍ଷେତ୍ରରେ ଆମେରିକା ୨୫୦% ଶୁଳ୍କ ଲାଗୁ ଧମକ ଦେଇଥିବାରୁ ଏହାକୁ ନେଇ ଭାରତୀୟ ଫାର୍ମା କମ୍ପାନୀଗୁଡ଼ିକ ବେଶ୍ ଚିନ୍ତିତ। ଯଦି ଆମେରିକା ସହିତ କୌଣସି ବାଣିଜ୍ୟ ଚୁକ୍ତି ନ ହୁଏ ବା ଶୁଳ୍କ ହ୍ରାସ କରା ନ ଯାଏ, ତେବେ ଏହା ଦେଶର ୪୮.୨ ବିଲିୟନ ଡଲାର ମୂଲ୍ୟର ରପ୍ତାନି ଉପରେ ସିଧାସଳଖ ପ୍ରଭାବ ପଡ଼ିବ।

ଭାରତରୁ ଆମେରିକାକୁ ଅଧିକାଂଶ ଅଳଙ୍କାର, ପୋଷାକ, ଯନ୍ତ୍ରପାତି ଏବଂ ରାସାୟନିକ ପଦାର୍ଥ ରପ୍ତାନି କରାଯାଏ। ୫୦% ଶୁଳ୍କ ଆମେରିକାରେ ଏହି ଜିନିଷଗୁଡ଼ିକୁ ମହଙ୍ଗା କରିବ। ଯାହା ଫଳରେ ସେଠାରୁ ଅର୍ଡର ହ୍ରାସ ପାଇବ। କମ୍ ଅର୍ଡର ଯୋଗୁଁ କମ୍ପାନୀଗୁଡ଼ିକୁ ସେମାନଙ୍କର ଉତ୍ପାଦନ ହ୍ରାସ କରିବାକୁ ପଡିବ, ଯାହା ଦ୍ୱାରା କର୍ମଚାରୀ ଛଟେଇ ହୋଇପାରନ୍ତି। ତେଣୁ ଏହି କ୍ଷେତ୍ରଗୁଡ଼ିକରେ ଲେଶକେ ଚାକିରି ହରାଇବାର ଆଶଙ୍କା ରହିଛି। ଏହାବାଦ୍ ୫୦% ଶୁଳ୍କ ଆମେରିକାକୁ ରପ୍ତାନି ହ୍ରାସ କରିବ। ଏହାଦ୍ୱାରା ଭାରତର ଜିଡିପି ଅଭିବୃଦ୍ଧି ୦.୨% ରୁ ୦.୬% ହ୍ରାସ ପାଇବ ଏବଂ ସରକାରଙ୍କୁ ନିଜର ବାଣିଜ୍ୟ ନୀତିରେ ପରିବର୍ତ୍ତନ କରିବାକୁ ପଡ଼ିବ। ଆମେରିକା ଉପରେ ନିର୍ଭରଶୀଳତା ହ୍ରାସ କରିବା ପାଇଁ ସରକାରଙ୍କୁ ୟୁରୋପ, ରୁଷ କିମ୍ବା ଅନ୍ୟ ଦେଶରେ ବାଣିଜ୍ୟ ବୃଦ୍ଧି କରିବାକୁ ପଡିବ।

### ରାଜ୍ୟରେ ଆରମ୍ଭ...

ସରକାର ଆରମ୍ଭ କରିଛନ୍ତି 'ଆମ ଶାସନ' କାର୍ଯ୍ୟକ୍ରମ। ମଙ୍ଗଳବାର ଲୋକସେବା ଭବନରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ସରକାରୀ ଯୋଜନା ଓ କାର୍ଯ୍ୟକ୍ରମର ସଫଳ ରୂପାୟନ ପାଇଁ ଆରମ୍ଭ କରିଛନ୍ତି 'ଆମ ଶାସନ'। ଏହି ବ୍ୟବସ୍ଥାରେ ଲୋକମାନେ ଉଭୟ ଅନ୍‌ଲାଇନ ଓ ଅଫଲାଇନ୍ ମାଧ୍ୟମରେ ସେମାନଙ୍କର ମତାମତ ବା ପରାମର୍ଶ ସରକାରଙ୍କୁ ଦେଇପାରିବେ। ରାଜ୍ୟ ସରକାରଙ୍କ ୱେବସାଇଟ୍ ଚାଟ୍‌ବଟ୍, ହ୍ୱାଟ୍ସଆପ୍ ଚାଟ୍‌ବଟ୍ +୯୧-୭୪୦୦୨୨୧୯୦୩, ଟୋଲ୍ ଫ୍ରି ନମ୍ବର ୧୪୪୭୧ ଜରିଆରେ ନିଜ ଅଭିଯୋଗ ଓ ପରାମର୍ଶ ଦିଆଯାଇ ପାରିବ। ଏହା ସହିତ ମୁଖ୍ୟମନ୍ତ୍ରୀ, ମନ୍ତ୍ରୀ ଏବଂ ଉଚ୍ଚ ପ୍ରଶାସନିକ ଅଧିକାରୀମାନେ ମଧ ଟେଲିଫୋନ୍ ଜରିଆରେ ମତାମତ ଗ୍ରହଣ କରିବେ।

କାର୍ଯ୍ୟକ୍ରମକୁ ଶୁଭାରମ୍ଭ କରି ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ସୁଶାସନର କେନ୍ଦ୍ରବିନ୍ଦୁ ହେଉଛନ୍ତି ନାଗରିକ। ତେଣୁ ସମସ୍ତ ସରକାରୀ କାର୍ଯ୍ୟକ୍ରମ, ଯୋଜନା, ସର୍ବୋପରି ସରକାରୀ ସେବା ବ୍ୟବସ୍ଥାକୁ ନାଗରିକ କୈନ୍ଦ୍ରିକ କରାଯାଇଛି। ଜନସାଧାରଣଙ୍କ ମତାମତ ବିନା କୌଣସି ଯୋଜନା ସଫଳ ହୋଇ ପାରିବ ନାହିଁ। 'ଆମ ଶାସନ' ସରକାର ଓ ପ୍ରଶାସନରେ ସ୍ୱଚ୍ଛତା, ପାରଦର୍ଶିତା, ଦାୟିତ୍ୱବୋଧତା ଓ ଉତ୍ତରଦାୟିତ୍ୱତା ଆଣିବ। ସେହିପରି ସରକାର ଓ ଲୋକଙ୍କ ମଧ୍ୟରେ ଥିବା ଦୂରତା ହ୍ରାସ ପାଇବ। ଲୋକଙ୍କ ମତାମତକୁ ସମ୍ମାନ ଜଣାଇ ବିଧିବ୍ୟବସ୍ଥାରେ ଆବଶ୍ୟକୀୟ ପରିବର୍ତ୍ତନ କରାଯିବ। ସୂଚନା ଯୋଗ୍ୟ ଯେ ବର୍ତ୍ତମାନ ଅନଲାଇନ ଜରିଆରେ ସରକାର ୩୨ଟି ବିଭାଗର ୪୨୮ଟି ସେବା ଯୋଗାଇ ଦେଉଛନ୍ତି। ଆମ ଶାସନ କାର୍ଯ୍ୟକ୍ରମରେ ପ୍ରଥମ ପର୍ଯ୍ୟାୟରେ ୮ଟି ବିଭାଗର ୧୩ଟି ସେବା ପାଇଁ ଫିଡ୍‌ବ୍ୟାକ୍ ବ୍ୟବସ୍ଥା ଆରମ୍ଭ କରାଯାଇଛି। ଏଗୁଡିକ ହେଲା ପଞ୍ଚାୟତିରାଜ ଓ ପାନୀୟ ଜଳ ବିଭାଗର ଅନ୍ତ୍ୟୋଦୟ ଗୃହ ଯୋଜନା, ସାମାଜିକ ସୁରକ୍ଷା ଓ ଭିନ୍ନକ୍ଷମ ସଶକ୍ତିକରଣ ବିଭାଗର ମଧୁବାବୁ ପେନ୍‌ସନ ଯୋଜନା, ମହିଳା ଓ ଶିଶୁ ବିକାଶ ବିଭାଗର ସୁଭଦ୍ରା ଯୋଜନା, ଅନୁସୂଚିତ ଜନଜାତି ଓ ଜାତି ବିଭାଗର ସହିଦ ମାଧୋ ସିଂ ହାତଖର୍ଚ୍ଚ ଯୋଜନା, କୃଷି ଓ କୃଷକ ସଶକ୍ତିକରଣ ବିଭାଗର ଶ୍ରୀଅନ୍ନ ଓ ସିଏମ୍ କିଷାନ ଯୋଜନା, ଖାଦ୍ୟ ଯୋଗାଣ ଓ ଖାଉଟି କଲ୍ୟାଣ ବିଭାଗର ଧାନ ସଂଗ୍ରହ କାର୍ଯ୍ୟକ୍ରମ, ସ୍ୱାସ୍ଥ୍ୟ ଓ ପରିବାର କଲ୍ୟାଣ ବିଭାଗର ଇନ୍ ପେସେଣ୍ଟ ଓ ଆଉଟ୍ ପେସେଣ୍ଟ ସେବା ଓ ଆୟୁଷ୍ମାନ ବୟୋବନ୍ଦନା ଯୋଜନା ଏବଂ ଗୃହ ବିଭାଗର ରଓଜ, ଅଗ୍ନି ନିରାପତ୍ତା ସାର୍ଟିଫିକେଟ୍ ପ୍ରଦାନ ଓ ପିଟିସନ।

ଆଜି କାର୍ଯ୍ୟକ୍ରମ ଆରମ୍ଭ ପରେ ବିଭିନ୍ନ ଜିଲ୍ଲାର କିଛି ହିତାଧିକାରୀଙ୍କ ସହ ମୁଖ୍ୟମନ୍ତ୍ରୀ ଆଲୋଚନା କରିଥିଲେ। କାର୍ଯ୍ୟକ୍ରମରେ ଉପ ମୁଖ୍ୟମନ୍ତ୍ରୀ କେ.ଭି ସିଂହଦେଓ, ଇଲୋକ୍ଟ୍ରୋନିକ୍ସ ଓ ଆଇ.ଟି ମନ୍ତ୍ରୀ ଡ. ମୁକେଶ ମହାଲିଙ୍ଗ, ଶିକ୍ଷ ମନ୍ତ୍ରୀ ସମ୍ପଦ ଚନ୍ଦ୍ର ସ୍ୱାଇଁ, ମୁଖ୍ୟ ଶାସନ ସଚିବ ମନୋଜ ଆହୁଜା, ଇଲେକ୍ଟ୍ରୋନିକ୍ସ ଓ ସୂଚନା ପ୍ରଯୁକ୍ତି ବିଦ୍ୟା ବିଭାଗ ପ୍ରମୁଖ ଶାସନ ସଚିବ ବିଶାଳ ଦେବ, ସ୍ୱାସ୍ଥ୍ୟ ବିଭାଗ ସଚିବ ଅଶ୍ୱତୀ ଏସ୍. ପ୍ରମୁଖ ଉପସ୍ଥିତ ଥିଲେ।

# ସାପ କାମୁଡ଼ାରେ ଭାଇ-ଭଉଣୀ ମୃତ

ବଣାଇଁ, ୨୬।୮ (ସମିସ): ସୋମବାର ରାତିରେ ସାପ କାମୁଡ଼ାରେ ଭାଇ-ଭଉଣୀଙ୍କ ମୃତ୍ୟୁ ଘଟିଛି। ଏଭଳି ହୃଦୟ ବିଦାରକ ଘଟଣା ଘଟିଛି ଚାନ୍ଦିପୋଷ ଥାନା ଅଞ୍ଚଳରେ। ସୂଚନା ଅନୁଯାୟୀ ତାମଡ଼ା ପଞ୍ଚାୟତ ଝିରପାଣି ଗ୍ରାମର ଇସାକ ଏକ୍କାର ପରିବାର ସଦସ୍ୟ ଖାଇ ପିଇ ଶୋଇଥିଲେ। ଇସାକ ଓ ତାଙ୍କ ପତ୍ନୀଙ୍କ ସହ ପୁଅ ଏମ୍ରୋଲନ ଏକ୍କା (୬)ଏବଂ ଝିଅ ଆବଲିନା ଏକ୍କା(୮) ଶୋଇଥିବା ବେଳେ ରାତି ପ୍ରାୟ ୧୧ଟାରେ ଦୁଇ ଭାଇଭଉଣୀ ଏମ୍ରୋଲନ ଓ ଆବଲିନାଙ୍କୁ ଏକ ସାପ କାମୁଡ଼ି ଦେଇଥିଲା। ଏହି ଘଟଣା ଜଣାପଡ଼ିବା ପରେ ପରିବାରଲୋକେ ତାଙ୍କୁ ଚିକିତ୍ସା ପାଇଁ ରାଉରକେଲା ସରକାରୀ ଡାକ୍ତରଖାନାକୁ ନେଇଥିଲେ। ତେବେ ସେଠାରେ ଡାକ୍ତର ଉଭୟଙ୍କୁ ମୃତ ଘୋଷଣା କରିଥିଲେ। ଖବର ପାଇ ଚାନ୍ଦିପୋଷ ପୁଲିସ ଡାକ୍ତରଖାନାରେ ପହଞ୍ଚି ଶବ ଦୁଇଟିକୁ ଜବତ କରିବା ସହିତ ବ୍ୟବଚ୍ଛେଦ କରାଇ ପରିବାରବର୍ଗଙ୍କୁ ହସ୍ତାନ୍ତର କରିଛି। ଏଥିସହ ଏକ ଅପମୃତ୍ୟୁ ମାମଲା ରୁଜୁ କରି ଘଟଣାର ତଦନ୍ତ ଚଳାଇଥିବା ଜଣାପଡ଼ିଛି। ଘଟଣା ଜଣାପଡ଼ିବା ପରେ ଝିରପାଣି ଗ୍ରାମ ସମେତ ଆଖପାଖ ଅଞ୍ଚଳରେ ଶୋକର ଛାୟା ଖେଳିଯାଇଛି।

**BRAHMAPUR MUNICIPAL CORPORATION**

No. 12468, Date: 23/08/25 C-962

**REQUEST FOR PROPOSAL**

Sealed RFP are invited to be reached from reputed Event Management Companies for organising the **"Event for LSG Day Celebration 2025" at Brahmapur.** The detailed terms & conditions are available at our office website www.berhampur.gov.in.The last date of receipt of tenders in this office by **28/08/2025, 05:00 PM** and will be opened on **29/08/2025 at 11:00** AM in the office of undersigned.

The Authority reserves the right to accept or reject any RFP without assigning any reason thereof.

Sd/- Commissioner
Brahmapur Municipal Corporation

OIPR-13035/11/0059/2526

**BLOCK EDUCATION OFFICE, NUAGAON, DIST.- NAYAGARH**

ଏତଦ୍ ଦ୍ୱାରା ଶ୍ରୀ ଉମେଶ ଚନ୍ଦ୍ର କର, ଅତିରିକ୍ତ ଗୋଷ୍ଠୀ ଶିକ୍ଷା ଅଧିକାରୀ, ନୂଆଗାଁ, ସା/ପୋଷ୍ଟ/ଥାନା-ନୂଆଗାଁ, ଜିଲ୍ଲା-ନୟାଗଡ଼ଙ୍କୁ ସୂଚିତ କରାଯାଉଅଛି କି, ଆପଣ ଦୀର୍ଘ ଦିନ ଧରି ଗୋଷ୍ଠୀ ଶିକ୍ଷା ଅଧିକାରୀଙ୍କ, କାର୍ଯ୍ୟାଳୟରେ ଅନୁପସ୍ଥିତ ଅଛନ୍ତି । ଆପଣଙ୍କୁ ବାରମ୍ବାର ସୂଚନା ଦେଲେ ମଧ ଆପଣ କାର୍ଯ୍ୟରେ ଯୋଗ ଦେଉନାହାନ୍ତି । ଆପଣ ଦେଇଥିବା ଠିକଣାରେ ଯୋଗାଯୋଗ କରିଥିଲେ ମଧ ଯୋଗାଯୋଗ ସମ୍ଭବ ହୋଇପାରୁନାହିଁ । ଆପଣଙ୍କୁ ସୂଚିତ କରାଯାଉଅଛି କି ଆପଣ ୦୭ (ସାତ ) ଦିନ ମଧ୍ୟରେ କାର୍ଯ୍ୟରେ ଯୋଗ ନ ଦେଲେ ରାଜ୍ୟ ସରକାରଙ୍କ ନିୟମ ଅନୁଯାୟୀ ଆପଣଙ୍କ ଉପରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ।

SD/- BLOCK EDUCATION OFFICE,
NUAGAON

ଓଡ଼ିଶା ରାଜ୍ୟ ମୁକ୍ତ ବିଶ୍ୱବିଦ୍ୟାଳୟ, ସମ୍ବଲପୁର
ODISHA STATE OPEN UNIVERSITY,SAMBALPUR
Established by an Act of Government of Odisha.

No. 1999/OSOU/2025 Dt. 26.08.2025

**EXPRESSION OF INTEREST**

OSOU intends to implement the **"e-Evaluation (Web based online Digital Evaluation)"** of Answer scripts through OSM Book scanning of Answer scripts without cutting/de-threading of Answer books. EOI is invited from the agencies having experience in the said services.

The interested agency may visit our website www.osou.ac.in for more details. Last date of submission of EOI with technical and financial bid in separate sealed envelopes are **26.09.2025.**

For more details visit our website:
**www.osou.ac.in**

Sd-
Registrar

ସକାଳ THE SAKALA



www.sakalaepaper.com

# ବର୍ଜ୍ୟବସ୍ତୁର ଡମ୍ପିଂୟାର୍ଡ ପାଲଟିଲାଣି ବୈତରଣୀ ନଦୀ

ଚମ୍ପୁଆ,୨୬।୮ (ସମିସ): ବୈତରଣୀ ନଦୀର ଜଳ ବର୍ଜ୍ୟବସ୍ତୁ ପାଇଁ ଜହର ପାଲଟିଲାଣି ବୋଲି ଅଭିଯୋଗ ହେଉଛି। ଏବେଠାରୁ ସତର୍କ ନହେଲେ ଆଗକୁ ପରିସ୍ଥିତି ଗମ୍ଭୀର ହେବା ଆଶଙ୍କା ସୃଷ୍ଟି ହେଇଛି। ସୂଚନାଥାଉ କି, ଚମ୍ପୁଆରେ ଓଡ଼ିଶା ଓ ଝାଡ଼ଖଣ୍ଡ ରାଜ୍ୟର ସୀମା ନିର୍ଦ୍ଧାରଣ କରୁଥିବା ଏହି ବୈତରଣୀ ନଦୀ ଉପରେ ଏକ ପୋଲ ନିର୍ମାଣ ହୋଇଛି। ପୋଲ ନିକଟରେ ଥିବା ଆମିଷ ବଜାରର କୁଢକୁଢ଼ ମଇଳା ଏହି ନଦୀକୂଳରେ ପକାଯାଉଥିବାରୁ ଅଞ୍ଚଳରେ ପୁତିଗନ୍ଧମୟ ପରିବେଶ ସୃଷ୍ଟି କରିଛି। ନାକରେ ହାତ ନଦେଲେ ରାସ୍ତା ପାର କରିବା କଷ୍ଟକର ହୋଇପଡୁଛି। ମାଛ, ମାଂସ ଓ ଚିକେନ ଦୋକାନଗୁଡିକର ସମସ୍ତ ବର୍ଜ୍ୟବସ୍ତୁ ନଦୀକୂଳରେ ପକାଯାଉଥିବାରୁ ବୈତରଣୀ ନଦୀର ପାଣି ସଂପୂର୍ଣ୍ଣ ଦୂଷିତ ହୋଇଯାଉଛି। ଫଳରେ ଜୀବନ ଅସହ୍ୟ ହେଇପଡ଼ିଛି।



ଜିଲ୍ଲାର ଲାଇଫ୍‌ଲାଇନ କୁହାଯାଉଥିବା ବୈତରଣୀ ନଦୀ କୂଳିଆ ଲୋକମାନେ ନଦୀରେ ଗାଧୋଇବା ଫଳରେ ଅନେକ ଚର୍ମ ଓ ପେଟଜନିତ ରୋଗରେ ଆକ୍ରାନ୍ତ ହେଉଥିବା ମଧ୍ୟ ଅଭିଯୋଗ ହେଉଛି। ନଦୀକୂଳରେ ମଧ୍ୟ ପିତୃପୁରୁଷଙ୍କ ପିଣ୍ଡଦାନ ସହ କାର୍ତ୍ତିକ ମାସରେ ବ୍ରତଧାରୀ ମାନେ ସକାଳୁ ସ୍ନାନାଦି ଆଦି କର୍ମ କରିଥାନ୍ତି। ଆହୁରି ମଧ୍ୟ ଖଣିଖାଦାନ ଓ ଶିଳ୍ପାଞ୍ଚଳର ଦୂଷିତ ପାଣି ମିଶି ବୈତରଣୀ ନଦୀର ଜଳ ବହୁମାତ୍ରାରେ ଦୂଷିତ ହେବାରେ ଲାଗିଛି। ନଦୀର ବର୍ଜ୍ୟବସ୍ତୁ ପରିଚାଳନା ପାଇଁ ବହୁବାର ଅଭିଯୋଗ ମଧ୍ୟ ହୋଇଛି। ସ୍ଥାନୀୟ ଏନ୍‌ଏସି ପକ୍ଷରୁ ଏଥିପାଇଁ ଆବଶ୍ୟକ ପଦକ୍ଷେପ ଗ୍ରହଣ କରାଯିବାକୁ ବୁଦ୍ଧିଜୀବୀ ମହଲରେ ଦାବି ହେଉଛି। ଏନେଇ ଚମ୍ପୁଆ ଏନ୍‌ଏସିର ସାନିଟାରୀ ଇନଚାର୍ଜ ବିଜୟ କୁମାର ମିଶ୍ରଙ୍କୁ ପଚାରିବାରୁ କହିଥିଲେ କି ବର୍ଜ୍ୟବସ୍ତୁ ଗାଡ଼ି ଯାଇ ସେମାନଙ୍କଠାରୁ ଆବର୍ଜନାଗୁଡିକ ସଂଗ୍ରହ କରାଯାଇ ପରିଷଦ ପକ୍ଷରୁ ନିର୍ମିତ ଡମ୍ପିୟାର୍ଡରେ ପକାଯାଉଥିଲା। ଏବେ ବର୍ଷା ଯୋଗୁଁ ଡମ୍ପିୟାର୍ଡ ନିକଟକୁ ଗାଡ଼ି ଯାଇ ପାରୁନାହିଁ। ରାସ୍ତାକାମ ଚାଲିଛି ଖୁବଶୀଘ୍ର ଏ ସମସ୍ୟାର ସମାଧାନ ହୋଇଯିବ।

## ଏଏନ୍‌ଏମ୍ ସେଣ୍ଟରରୁ ଚୋରି

ତୁରୁମୁଙ୍ଗା, ୨୬।୮ (ସମିସ): କେନ୍ଦୁଝର ଜିଲ୍ଲା ପାଟଣା ଥାନା ଅଞ୍ଚଳର ଦୁଇଟି ସ୍ଥାନରୁ ବିଳମ୍ବିତ ରାତିରେ ଚୋରି ହୋଇଥିବା ନେଇ ପାଟଣା ଥାନାରେ ଅଭିଯୋଗ ହୋଇଛି। ସିଲିପଦା ଏଏନଏମ୍ ସେଣ୍ଟରର ଚାବି ଭାଙ୍ଗି ବ୍ୟାଟେରୀ, ଇନଭର୍ଟର ଚୋରି ହେବା ସହ ତାଲା ଭାଙ୍ଗି ମହିଳା କର୍ମଚାରୀ ଶିବାନୀ ଦାସଙ୍କ ସରକାରୀ କ୍ୱାର୍ଟରରୁ ଲକ୍ଷାଧିକ ଟଙ୍କାର ସୁନା ଗହଣା ସହ ଦାମୀ ଶାଢ଼ି ଦୁର୍ବୃତ୍ତମାନେ ଚୋରି କରି ନେଇଛନ୍ତି। ସେହିପରି ବଲାଣିପଶି ଗାଁର ଏକ ଦୋକାନରୁ ଚୋରି ହୋଇଥିବା ନେଇ ପୁଲିସ ତନାଘନା ଆରମ୍ଭ କରିଛି।

## ଅସ୍ଥାୟୀ ବନ କର୍ମଚାରୀଙ୍କ ଆନ୍ଦୋଳନ ୧ରେ

ଆନନ୍ଦପୁର,୨୬।୮ (ସମିସ): ଆନନ୍ଦପୁର ଅସ୍ଥାୟୀ ବନ କର୍ମଚାରୀ ସଂଘର ଏକ ବୈଠକ ଘସିପୁରା ଝଡ଼େଶ୍ୱର ମନ୍ଦିର ପରିସରରେ ଅନୁଷ୍ଠିତ ହୋଇଯାଇଛି। ରାଜ୍ୟ କାର୍ଯ୍ୟକାରୀ ସଭାପତି ପ୍ରଶାନ୍ତ କୁମାର ମହାନ୍ତଙ୍କ ନେତୃତ୍ୱରେ କେନ୍ଦୁଝର ବନ୍ୟପ୍ରାଣୀ ବନଖଣ୍ଡ,ଆନନ୍ଦପୁରରେ କାର୍ଯ୍ୟରତ କର୍ମଚାରୀମାନେ ଯୋଗଦେଇଥିଲେ। ସେମାନଙ୍କ ବିଭିନ୍ନ ଦାବିନେଇ ଆସନ୍ତା ୧ତାରିଖରେ ରାଜ୍ୟ ମୁଖ୍ୟ ବନ ସଂରକ୍ଷକଙ୍କ କାର୍ଯ୍ୟାଳୟ ସମ୍ମୁଖରେ ଆନ୍ଦୋଳନରେ ସାମିଲ ହେବାକୁ ନିଷ୍ପତ୍ତି ହୋଇଥିଲା। ପ୍ରଶାନ୍ତ କୁମାର ମହାନ୍ତି, ଶିବପ୍ରସାଦ ନାଥ ପ୍ରସ୍ତୁତି ସମ୍ପର୍କରେ ସୂଚନା ଦେଇଥିଲେ। ବନଖଣ୍ଡ କର୍ମଚାରୀ ସଂଘ ସଭାପତି ଶଙ୍କର୍ଷଣ ସା, ସମ୍ପାଦକ ସୀତାରାମ କିସ୍କୁ, କୋଷାଧ୍ୟକ୍ଷ ରମାକାନ୍ତ ଓଝା, ସଦସ୍ୟ ସୌଭାଗ୍ୟ ଜେନା, ଶଙ୍କର୍ଷଣ ସେଠୀ, ହଳଧର ମାଝୀ, ପ୍ରେମାନନ୍ଦ ଜେନା, ବିନୋଦ ପଲେଇ, ମାନସ ଜେନା, ବିକାଶ ମହାନ୍ତି ପରିଚାଳନା କରିଥିଲେ।

## ଖୁଦୁରୁକୁଣି ଓଷା ଉଦ୍‌ଯାପିତ



ଆନନ୍ଦପୁର,୨୬।୮ (ସମିସ): ସାଇଁକୁଳ ଚକ୍ରସାହିରେ ଖୁଦୁରୁକୁଣୀ ଓଷା ଖୁବ୍ ଯାକଯମକରେ ଝିଅମାନେ ପାଳନ କରିଥିଲେ। ଗତ ସୋମବାର ବିସର୍ଜନ ହୋଇଛି। ରେକୁଟିଆ ନିମଛକ ସାହିରେ ଖୁଦୁରୁକୁଣୀ ଓଷା ସମାପନ ହୋଇଛି। ଭାଦ୍ରବ ମାସ ରବିବାରରେ ଏ ଓଷା ହେଉଥିଲା। ମିଲି ଜେନାଙ୍କ ନେତୃତ୍ୱରେ ସାହିର ଝିଅମାନେ ପାଖ ରେମାଲ ନଦୀରୁ କଳସ ଯାତ୍ରା କରି ପୂଜା ମଣ୍ଡପରେ ସ୍ଥାପନ କରିଥିଲେ। ରାତି ଆଠରେ ପୂଜା ଆରମ୍ଭ ହୋଇ ବିଳମ୍ବିତ ରାତି ଯାଏ ଚାଲିଥିଲା। ମାଆ ମଙ୍ଗଳାଙ୍କ ପୂଜା ପାଇଁ ସମଗ୍ର ଅଞ୍ଚଳ ଚଳଚଞ୍ଚଳ ଥିଲା। ପୂଜା ପରେ ଝିଅମାନଙ୍କ ମଧ୍ୟରେ ଗୀତ ଓ ନାଚ କାର୍ଯକ୍ରମ ହୋଇଥିଲା। ସୋମବାର ପୂର୍ବାହ୍ନରେ ଏକ ଭବ୍ୟ ଶୋଭାଯାତ୍ରାରେ ଭସାଣି ଯାତ୍ରା କରି ଗ୍ରାମବାସୀ ମା'ଙ୍କୁ ମେଲାଣି ଦେଇଥିଲେ। ପୂଜା କାର୍ଯ୍ୟକ୍ରମରେ ଆସ୍ତୁ, ବେବି, ନିକି, ମୁନିଶୁନୁ, ସ୍ୱିଟି, ବର୍ଷା, ଆଲି, ହବି, ରୁବି, ଆନି, ରାଣୀ, ପଲ୍ଲକ, ପ୍ରିୟା, ସୁମି, ବର୍ଷାରାଣୀ, ଟୁଇଙ୍କିଲି ପ୍ରମୁଖ ସହଯୋଗ କରିଥିଲେ।

'ଆମ ଶାସନ'ର ଶୁଭାରମ୍ଭ

## ରାଜ୍ୟର ଜନସେବା କ୍ଷେତ୍ରରେ ଆସିବ ପରିବର୍ତ୍ତନ

ଚମ୍ପୁଆ:୨୬।୮ (ସମିସ): ରାଜ୍ୟରେ ଜନସେବା କ୍ଷେତ୍ରରେ ଏକ ନୂତନ ପଦକ୍ଷେପ ଗ୍ରହଣ କରି 'ଆମ ଶାସନ'ର ଶୁଭାରମ୍ଭ କରିଛନ୍ତି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ। ଆଭାସି ମାଧ୍ୟମରେ ବିଭିନ୍ନ ଜିଲ୍ଲାର ହିତାଧିକାରୀ ଓ ଛାତ୍ରଛାତ୍ରୀଙ୍କୁ ଫୋନ କରି କଥା ହୋଇଛନ୍ତି ମୁଖ୍ୟମନ୍ତ୍ରୀ। ଏବେଠାରୁ ଲୋକଙ୍କ ମତ ଆଧାରରେ ନୀତି ନିର୍ଦ୍ଧାରଣ ହେବ। ମନ୍ତ୍ରୀ ଓ ବିଭାଗୀୟ ଅଧିକାରୀମାନେ ହିତାଧିକାରୀଙ୍କଠାରୁ ଫିଡବ୍ୟାକ ନେବେ। ମୋବାଇଲ ଆପ, ଟୋଲ ଫ୍ରି ନମ୍ବର ୧୪୪୭୧ ଓ ବିଭିନ୍ନ ସାମାଜିକ ଗଣମାଧ୍ୟମ ପ୍ଲାଟଫର୍ମରେ ମତ ଦେଇପାରିବେ। ପ୍ରଥମ ପର୍ଯ୍ୟାୟରେ ୮ଟି ବିଭାଗର ୧୩ଟି ସେବାକୁ ଅନ୍ତର୍ଭୁକ୍ତ କରାଯାଇଛି। ସେଗୁଡିକ ହେଲା ପ୍ରଧାନମନ୍ତ୍ରୀ ଆବାସ ଯୋଜନା, ଅନ୍ତ୍ୟୋଦୟ ଯୋଜନା, ମଧୁବାବୁ ପେନସନ ଯୋଜନା, ଆୟୁଷ୍ମାନ ଭାରତ ସ୍ୱାସ୍ଥ୍ୟକାର୍ଡ, ଆୟୁଷ୍ମାନ ବୟୋବନ୍ଦନା ଯୋଜନା, ସୁଭଦ୍ରା, ଯୋଗାଣ, ଅଗ୍ନି ଯୋଜନା, ଶହୀଦ ମାଧୋସିଂ ହାତ ଖର୍ଚ୍ଚ ଯୋଜନା ସମ୍ବନ୍ଧରେ ବିଭିନ୍ନ ଜିଲ୍ଲାର ହିତାଧିକାରୀଙ୍କ ସହ ସିଧାସଳଖ କଥା ହୋଇଥିଲେ ମୁଖ୍ୟମନ୍ତ୍ରୀ। ଗଣତନ୍ତ୍ରର ଆତ୍ମା ହେଉଛନ୍ତି ନାଗରିକମାନେ। ସେମାନଙ୍କର ସହଭାଗିତା ଅମଲାତନ୍ତ୍ରକୁ ବଳ ଯୋଗାଇଥାଏ। ଏଭଳି ମତକୁ ଆଧାର କରି ଏହି ବ୍ୟବସ୍ଥା ଗ୍ରହଣ କରାଯାଉଛି। କାର୍ଯ୍ୟକ୍ରମକୁ ଚମ୍ପୁଆ ବ୍ଲକରେ ଏଲସିଡି ଟିଭି ମାଧ୍ୟମରେ ପ୍ରଦର୍ଶିତ କରାଯାଇଥିଲା। ବିଡିଓ ସ୍ମୃତିରଞ୍ଜନ ସାହୁଙ୍କ ତତ୍ତ୍ୱାବଧାନରେ ଏବିଡିଓ ବୁନୁ ହାଁସଦା, ସାଂସଦ ପ୍ରତିନିଧି ସିଦ୍ଧାର୍ଥ ସିଂ, ପାଟଣା ବିଧାୟକ ପ୍ରତିନିଧି ଭାବଗ୍ରାହୀ ମହାନ୍ତ, ସିଡିପିଓ ଲକ୍ଷ୍ମିକାନ୍ତ ମାରାଣ୍ଡି ପ୍ରମୁଖ ଅନ୍ୟ ଅଧିକାରୀ ଯୋଗ ଦେଇଥିଲେ।

## ୧୧୨ଟି ଦେଶ ପରିକ୍ରମା କଲେଣି ତରଭା ଗ୍ରାମର ତୁଷାର

ଆନନ୍ଦପୁର,୨୬।୮ (ସମିସ): ମାତ୍ର ତିନିବର୍ଷ ମଧ୍ୟରେ ୧୧୨ଟି ଦେଶ ବୁଲି ସାରିଲେଣି। ଅନ୍ୟ ଦେଶରେ ନିଜକୁ ଜଗନ୍ନାଥ ଦେଶରୁ ଆସିଥିବା ନେଇ ପରିଚୟ ଦେଇଥାନ୍ତି। ସେ ହେଉଛନ୍ତି ଆନନ୍ଦପୁର ଉପଖଣ୍ଡ ହାଟଡିହି ବ୍ଲକ ପଞ୍ଚୁଗୋଛିଆ ପଞ୍ଚାୟତ ତରଭା ଗ୍ରାମର ତୁଷାରକାନ୍ତ ପଣ୍ଡା(୩୧)। ତୁଷାରଙ୍କ ପିଲାଟି ଦିନରୁ କିଛି ବଡ଼ କରିବାନେଇ ଇଚ୍ଛା ରହିଥିଲା। ଗ୍ରାମ ନିକଟସ୍ଥ ମୁଗୁପୁର ହାଇସ୍କୁଲରେ ହାଇସ୍କୁଲ ଶିକ୍ଷା ସମାପ୍ତ କରିବାପରେ ବାତୋରେ ଯୁକ୍ତ୨ ଓ ରେକୁଟିଆ କୁଶଳେଶ୍ୱର ଆଞ୍ଚଳିକ ମହାବିଦ୍ୟାଳୟରେ ବିଜ୍ଞାନରେ ସ୍ନାତକ କରିଥିଲେ। ପରେ ଉତ୍କଳ ବିଶ୍ୱବିଦ୍ୟାଳୟ ଅଧୀନରେ ହୋଟେଲ ମ୍ୟାନେଜମେଣ୍ଟରେ ସ୍ନାତକୋତ୍ତର କରିଥିଲେ। ଏହାପରେ ସିଭି ରମଣ ଗ୍ଲୋବାଲ ବିଶ୍ୱବିଦ୍ୟାଳୟ ଅଧୀନରେ ମେରାଇନ୍ ଇଂଜିନିୟରିଂରେ ସଫଳତାର ସହିତ ଉତ୍ତୀର୍ଣ୍ଣ ହୋଇଥିଲେ। ୨୦୨୨ ଜୁନ୍ ୩୦ରେ ଇସ୍ତାନାବୁଲ ତୁର୍କିର ଏକ ଘରୋଇ କମ୍ପାନୀରେ ଜଣେ ଡେକ୍ କ୍ୟାଡେଟ୍ ତାଲିମ୍ ଅଧିକାରୀ ଭାବେ କାମ ଆରମ୍ଭ କରିଥିଲେ। ଜଳ ଜାହାଜରେ ବରିଷ୍ଠ ଅଧିକାରୀଙ୍କୁ ସମସ୍ତ ସହାୟତା ଯୋଗାଇବା, ନାଭିଗେସନ୍, ଡେକ୍ ରକ୍ଷଣାବେକ୍ଷଣ, କାର୍ଗୋ ପରିଚାଳନା, ସୁରକ୍ଷା ଅଭ୍ୟାସରେ ସାମିଲ ହୋଇଥାନ୍ତି। ଇତିମଧ୍ୟରେ ଚାକିରିର ତିନିବର୍ଷ କରି ସାରିଥିବାବେଳେ ୧୧୨ଦେଶ ପରିକ୍ରମା କରି ସାରିଲେଣି। ବିଦେଶରେ ବୁଲିବା ସମୟରେ ତାଙ୍କୁ ଜାପାନ ସବୁଠାରୁ ଭଲ ଲାଗିଥିଲା। ଜାପାନର ପରିଷ୍କାର ପରିଚ୍ଛନ୍ନ ତଥା ବୈଷୟିକ ଦକ୍ଷତାକୁ ଅନ୍ୟ ଦେଶ ଅନୁସରଣ କରିବା ଆବଶ୍ୟକ ବୋଲି ସେ କହିଛନ୍ତି। ସେ ଇତିମଧ୍ୟରେ ବହୁ ବିଦେଶ ରାଷ୍ଟ୍ରର ଲୋକମାନଙ୍କ ସଂସ୍ପର୍ଶରେ ଆସିଛନ୍ତି। ଅନେକଙ୍କୁ ସେ ଜଗନ୍ନାଥ ମହାପ୍ରଭୁଙ୍କ ଅଲୌକିକ ମହିମା, ରଥଯାତ୍ରା ଓ ପୁରୀଧାମ ସମ୍ପର୍କରେ ପ୍ରକାଶ କଲାବେଳେ ସେମାନେ ଆଗ୍ରହର ସହିତ ଶୁଣୁଥିବା ତୁଷାର ପ୍ରକାଶ କରିଛନ୍ତି। ବିଶେଷକରି ଏସିଆ ଓ ୟୁରୋପରେ ଥିବା ଦେଶର ଲୋକମାନେ ଜଗନ୍ନାଥ ସଂସ୍କୃତି କ୍ଷେତ୍ରରେ ଉତ୍କଣ୍ଠା ରହିଥିବା ନେଇ ସେ କହିଛନ୍ତି। ଏହାଛଡ଼ା ଅନ୍ୟ ଦେଶର ପରମ୍ପରା ଖାଦ୍ୟ, ପୋଷାକ ଶୈଳୀ ସମ୍ପର୍କରେ ସେ ବୁଝିଥାନ୍ତି। ବିଦେଶରୁ ଅନେକ ଦେଶର କରେନ୍ସି ମଧ୍ୟ ସେ ସଂଗ୍ରହ ରଖିଛନ୍ତି। ଆଜି ଦିନ ଗୋଟାଏବେଳେ ସେ ଯାଉଥିବା ଜାହାଜ ଲଣ୍ଡନରେ ଲାଗିଥିବାବେଳେ ଆସନ୍ତାକାଲି ଅନ୍ୟ ଦେଶ ଅଭିମୁଖେ ଯାତ୍ରା କରିବେ ବୋଲି ଜଣାପଡିଛି। ବାହାର ଦେଶରେ ଅଧିକାଂଶ ସମୟ ବିତୁଥିବାରୁ ଭାରତର ସମୟ ସହିତ ଖାପ ଖୁଆଇ ସେ ଘରଲୋକ ଓ ସାଙ୍ଗସାଥୀଙ୍କ ସହିତ କଥାହୋଇ ଭଲମନ୍ଦ କଥା ବୁଝିଥାନ୍ତି। ଡିଉଟି କରି ଫେରିବା ପରେ ସାଙ୍ଗସାଥୀ, ବନ୍ଧୁ ପରିଜନଙ୍କ ପାଇଁ ବିଦେଶୀ ସାମଗ୍ରୀ ଆଣିବାକୁ ଭୁଲି ନଥାନ୍ତି। ତରଭା ଗ୍ରାମର ରବିନ୍ଦ୍ର ପଣ୍ଡା ଓ ରେଣୁକା ପଣ୍ଡାଙ୍କ ଏକମାତ୍ର ପୁତ୍ର ତଥା ଜଣେ ମଧ୍ୟବିତ୍ତ ପରିବାରରୁ ଆସିଥିବା ତୁଷାର ଜୀବନରେ ୧୧୨ଟି ଦେଶ ପରିକ୍ରମା କରିବାକୁ ନେଇ ଉତ୍ସାହିତ ଅଛନ୍ତି ବୋଲି ପ୍ରକାଶ କରିଛନ୍ତି।



### ସବୁଠି ବାଣ୍ଟୁଛନ୍ତି ଜଗନ୍ନାଥ ସଂସ୍କୃତି

## ହାତୀ ମଣିଷ ସହାବସ୍ଥାନ ସଚେତନତା



### କୃଷ୍ଣଲୀଳା ମାଧ୍ୟମରେ ଜନଜାଗରଣ

ବାଲିବନ୍ଧ,୨୬।୮ (ସମିସ): ସମ୍ପ୍ରତି ହାତୀ ମଣିଷ ଲଢ଼େଇ ସାରା ରାଜ୍ୟରେ ଚିନ୍ତାର କାରଣ ପାଲଟିଛି। ବିଭିନ୍ନ କାରଣ ପାଇଁ ବ୍ୟାପକ ଜଙ୍ଗଲ ନଷ୍ଟ ଯୋଗୁଁ ଖାଦ୍ୟ ଅନ୍ୱେଷଣରେ ହାତୀପଲ ଗାଁମୁହାଁ ହେଉଥିବାବେଳେ କେତେବେଳେ ମଣିଷ ବିପଦରେ ପଡୁଛି ତ କେତେବେଳେ ହାତୀ। ଏପରିସ୍ଥଳେ ହାତୀ ମଣିଷ ସହାବସ୍ଥାନ ନେଇ ଗ୍ରାମାଞ୍ଚଳର ଲୋକଙ୍କୁ ସଚେତନ କରିବା ପାଇଁ ଅଣ୍ଟା ଭିଡିଛି କେନ୍ଦୁଝର ବନଖଣ୍ଡ। ସଂକୀର୍ତ୍ତନ ମାଧ୍ୟମରେ ଲୋକଙ୍କ ମଧ୍ୟରେ ଏନେଇ ଜାଗରଣ ସୃଷ୍ଟି କରୁଛନ୍ତି କେନ୍ଦୁଝର ଜିଲ୍ଲାର ଅନ୍ୟତମ ଲୋକପ୍ରିୟ ଲୋକକଳା କୃଷ୍ଣଲୀଳା ଲୋକନୃତ୍ୟ ସଙ୍ଘର କଳାକାରଗଣ। ମଙ୍ଗଳବାର ଏହିକ୍ରମରେ ବାମେବାରୀ ଫରେଷ୍ଟ ସେକ୍ସନର କାଇଯୋଡା ଗ୍ରାମରେ କୃଷ୍ଣଲୀଳା ଲୋକନୃତ୍ୟ ମାଧ୍ୟମରେ ଏକ ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ବାମେବାରୀ ଫରେଷ୍ଟର ବୁଲୁ ନାହାକଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ବୈଠକରେ ଚମ୍ପୁଆ ବନାଞ୍ଚଳ ଅଧିକାରୀ ଅକ୍ଷୟ ଛେତ୍ରିଆ, ନିକଲସନ୍ ବନ ବିଦ୍ୟାଳୟର ପ୍ରଶିକ୍ଷକ ରବିନ୍ କିସ୍କୁ, ଫରେଷ୍ଟ ଗାର୍ଡ ମିତ୍ରଭାନୁ ନାଏକ ଓ ସୁବ୍ରତ କୁମାର ପାତ୍ର, ସ୍ଥାନୀୟ ବୁଦ୍ଧିଜୀବୀ ନବୀନ ମହାକୁଡ, ହିରଣ୍ୟ ନାଏକ ପ୍ରମୁଖ ଯୋଗ ଦେଇ ସଚେତନତା ବାର୍ତ୍ତା ପ୍ରଦାନ କରିଥିଲେ। ଏହାପରେ କୃଷ୍ଣଲୀଳା ଲୋକନୃତ୍ୟ ସଙ୍ଘର ସମ୍ପାଦକ ନିର୍ମଳଚନ୍ଦ୍ର ବାରିକ, ଉପଦେଷ୍ଟା ଅଖିଳଚନ୍ଦ୍ର ବାରିକ ଓ ଶଙ୍କର୍ଷଣ ବେହେରା ପ୍ରମୁଖଙ୍କ ତତ୍ତ୍ୱାବଧାନରେ ହାତୀ ମଣିଷ ସହାବସ୍ଥାନ ନେଇ କୃଷ୍ଣଲୀଳା ଲୋକନୃତ୍ୟ ପରିବେଷଣ କରାଯାଇଥିଲା। ମନୁଷ୍ୟ-ହାତୀ ସଂଘର୍ଷର ପ୍ରମୁଖ କାରଣ, ଉପାୟ ଏବଂ ବନ ବିଭାଗ ପକ୍ଷରୁ ପ୍ରଦାନ କରାଯାଉଥିବା ଅନୁକମ୍ପାମୂଳକ ସହାୟତା ସମ୍ବନ୍ଧରେ ନୃତ୍ୟ, ସଙ୍ଗୀତ ମାଧ୍ୟମରେ ସଚେତନ କରିଥିଲେ କୃଷ୍ଣଲୀଳା ଲୋକନୃତ୍ୟ ସଙ୍ଘର କଳାକାରମାନେ। କାର୍ଯ୍ୟକ୍ରମ ଦେଖିବାକୁ କାଇଯୋଡା ସହ ରେଙ୍ଗାଲବେଡା, ଅଣ୍ଡିଆମରା ଆଦି ଗ୍ରାମର ଶତାଧିକ ମହିଳା ଓ ପୁରୁଷ ଏକତ୍ରିତ ହୋଇଥିଲେ। ବନ ବିଭାଗ ପକ୍ଷରୁ ଦର୍ଶକଙ୍କ ପାଇଁ ଭୋଜନର ବ୍ୟବସ୍ଥା କରାଯାଇଥିଲା।

## ଆନନ୍ଦପୁର ମହାବିଦ୍ୟାଳୟରେ ସ୍ୱାସ୍ଥ୍ୟ ସମ୍ପର୍କିତ ସେମିନାର

ଆନନ୍ଦପୁର, ୨୬।୮ (ସମିସ): ଆନନ୍ଦପୁର ମହାବିଦ୍ୟାଳୟର ନୂତନ ସମ୍ମିଳନୀ କକ୍ଷରେ ଇଣ୍ଟରଡିସିପ୍ଲିନାରି ସେମିନାରକୁ ମହାବିଦ୍ୟାଳୟର ଅଧ୍ୟକ୍ଷ ଡ. ନାରାୟଣ ମିଶ୍ର ଉଦଘାଟନ କରିଥିଲେ। ମୁଖ୍ୟବକ୍ତା ଭାବେ ପ୍ୟାରିସର କ୍ୟୁରି ଶିକ୍ଷାନୁଷ୍ଠାନରେ ପୋଷ୍ଟ ଡକ୍ଟରେଟ କରୁଥିବା ମହାବିଦ୍ୟାଳୟର ପ୍ରାକ୍ତନ ଛାତ୍ରୀ ଡକ୍ଟର ଶୁଭଦର୍ଶିନୀ ସାହୁ ସ୍ୱାସ୍ଥ୍ୟସେବା ସମ୍ପ୍ରସାରଣ ସମ୍ପ୍ରସାରଣ ସମ୍ପର୍କିତ ଆଲୋଚନା କରିଥିଲେ।



ସମ୍ମାନିତ ଅତିଥି ଭାବେ ସାଇନ୍ସ ସୋସାଇଟିର ଉପସଭାପତି ଡକ୍ଟର ନିମାଇଁ ଚରଣ ରାଉତ ଯୋଗ ଦେଇଥିଲେ। ସହଯୋଗୀ ଉପସଭାପତି ଭାରତୀ ସାହୁ ସଭା ସଂଯୋଜନା କରିଥିଲେ। ଇନୋଭେସନ ଓ ଷ୍ଟାର୍ଟଅପ୍ ପ୍ରତିଯୋଗିତାରେ କୃତୀ ପ୍ରିତମ ପ୍ରିୟଦର୍ଶୀ ମହାନ୍ତି, ଧନଞ୍ଜୟ ରାଉତ, ଅମିତ ରାଉତ, ଦେବସ୍ମିତା ସାହୁ, କୁଶ ହାଁସଦାଙ୍କୁ ଅର୍ଥରାଶି ପୁରସ୍କାର ପ୍ରଦାନ କରାଯାଇଥିଲା। ଏଥିରେ ରିସର୍ଚ୍ଚ ଓ ଇନୋଭେସନର ପ୍ରଫେସର ଇନଚାର୍ଜ ଡକ୍ଟର ଶକ୍ତିପ୍ରସାଦ ମହାପାତ୍ର ସହଯୋଗ କରିଥିଲେ। ପ୍ରାରମ୍ଭରେ ପୁଷ୍ପଲତା ରାମ ଜଗନ୍ନାଥ ଭଜନ ପରିବେଷଣ କରିଥିଲେ। ଛାତ୍ରୀଙ୍କ ଦ୍ୱାରା ସ୍ୱାଗତ ସଙ୍ଗୀତ ପରିବେଷଣ କରାଯାଇଥିଲା। ପ୍ରାଧ୍ୟାପକ ପ୍ରଫୁଲ୍ଲ ପଣ୍ଡା, ଅଧ୍ୟାପିକା ଅନିତା ଦାସ, ମିତାଶ୍ରୀ ବେହେରା, ଓଜେଲ ପଟ୍ଟନାୟକ, ପୂର୍ଣ୍ଣାନନ୍ଦ ପାର୍ଥସାରଥୀ ଶଙ୍ଖୁଆ, ନରେଶ ସାହା, ସୁବ୍ରତ କୁମାର ସାହାଣୀ, ବିଶ୍ୱରଂଜନ ସାହୁ, ବିଜୟ କୁମାର ସାହୁ, ଡକ୍ଟର ଉତ୍ତମ କୁମାର ପାଣିଗ୍ରାହୀ ଉପସ୍ଥିତ ଥିଲେ। ବିଜ୍ଞାନ ବିଭାଗର ଯୁକ୍ତ୩ ସମସ୍ତ ଛାତ୍ରଛାତ୍ରୀ ଭାଗ ନେଇଥିଲେ। ଉଦ୍ଭିଦ ବିଜ୍ଞାନ ବିଭାଗର ବିଭାଗୀୟ ମୁଖ୍ୟ ଅଧ୍ୟାପିକା ଭାରତୀ ସାହୁ ଧନ୍ୟବାଦ ଅର୍ପଣ କରିଥିଲେ।

## ମେଗା ପାଇପ୍‌ଲାଇନ ଫାଟି ଝୁମ୍ପୁରା ବଜାର ଜଳମଗ୍ନ



ବାଲିବନ୍ଧ,୨୬।୮ (ସମିସ): ମେଘା ପାନୀୟଜଳ ପ୍ରକଳ୍ପର ମୁଖ୍ୟ ପାଇପ ଫାଟି ଝୁମ୍ପୁରା ବଜାର ଜଳମଗ୍ନ ହୋଇଯାଇଛି। ଝୁମ୍ପୁରା ବଜାର ଦେଇ ମେଗା ପାନୀୟଜଳ ପ୍ରକଳ୍ପର ମୁଖ୍ୟ ପାଇପ୍ ଯାଇଛି। ତେବେ ସୋମବାର ସନ୍ଧ୍ୟାରେ ଝୁମ୍ପୁରା ବଜାର ଶିବ ପାତ୍ର ଫଳ ଦୋକାନ ନିକଟରେ ପାଣି ପାଇପ୍ ଫାଟିଯିବାରୁ ଦୋକାନଗୁଡିକ ଭିତରେ ପାଣି ପଶି ଯାଇଥଲା। ପାଣିର ପ୍ରକୋପ ଏତେ ପ୍ରଖର ଥିଲା କିଛି ସମୟ ପାଇଁ ଝୁମ୍ପୁରା ମୁଖ୍ୟରାସ୍ତାରେ ଦୁଇ ଓ ଚାରିଚକିଆ ଗାଡ଼ି ଅଟକି ରହିଥିଲା। ପାଣି ସୁଅରେ ୨୦-୨୫ଟି ନଡ଼ିଆ ଭାସିଯାଇଥିବା ଫଳ ଦୋକାନୀ ରୁଦ୍ର ପ୍ରଧାନ କହିଛନ୍ତି। ସ୍ଥାନୀୟ ଲୋକେ ବିଭାଗୀୟ ଅଧିକାରୀଙ୍କୁ ଫୋନ କରି ସୂଚନା ଦେବା ପରେ ପାଣି ବନ୍ଦ କରାଯାଇଥିଲା।

## ଆନ୍ଦୋଳନରୁ ଓହରିଲା ରାଜସ୍ୱ ଅମଲା ସଂଘ

କେନ୍ଦୁଝର, ୨୬।୮ (ସମିସ): ଜିଲ୍ଲାରେ କାର୍ଯ୍ୟରତ ରାଜସ୍ୱ ଅମଲାମାନେ ଗତ ୧୧ ତାରିଖରୁ ଅନିର୍ଦ୍ଦିଷ୍ଟ କାଳ ସମୂହ ଛୁଟିରେ ରହି ୧୦ ଦଫା ଦାବିନେଇ ଆନ୍ଦୋଳନରତ ଥିଲେ। ସେମାନେ ଏହି ଆନ୍ଦୋଳନକୁ ସ୍ଥଗିତ ରଖି କାର୍ଯ୍ୟରେ ଯୋଗ ଦେଇଥିବା ଜଣାପଡ଼ିଛି। ରାଜସ୍ୱ ଅମଲା ସଂଘ ଏବଂ ରାଜସ୍ୱ ମନ୍ତ୍ରୀ-ସଚିବଙ୍କ ସହ ସକାରାତ୍ମକ ଆଲୋଚନା ତଥା ଦାବି ପୂରଣ ନେଇ ପଦକ୍ଷେପ ନେବା ଦିଗରେ ପ୍ରତିଶ୍ରୁତି ମିଳିବା ଫଳରେ ଅମଲା କର୍ମଚାରୀ କର୍ମକ୍ଷେତ୍ରରେ ଯୋଗଦାନ କରିଛନ୍ତି। ରାଜସ୍ୱ ଅମଲାମାନଙ୍କ ଆନ୍ଦୋଳନ ସମୟରେ ବାକିଥିବା କାର୍ଯ୍ୟକୁ ଖୁବ୍‌ଶୀଘ୍ର ସାରିବାକୁ ସଂଘ ତରଫରୁ ନିର୍ଦ୍ଦେଶ ଦିଆଯାଇଛି। ରାଜସ୍ୱ ଅମଲାମାନଙ୍କର ୧୦ ଦଫା ଦାବି ମଧ୍ୟରୁ ପ୍ରମୁଖ ଦାବି ଲେବୁଲ- ୯ ଓ ପଦ ପୁନର୍ଗଠନକୁ ଗୁରୁତ୍ୱ ଦେବା ସହିତ ଖୁବଶୀଘ୍ର ଦାବି ପୂରଣ କରିବାକୁ ପ୍ରତିଶ୍ରୁତି ମିଳିଛି। ଫଳରେ ସମସ୍ତଙ୍କର ସହମତିକ୍ରମେ କାର୍ଯ୍ୟରେ ଯୋଗଦାନ କରିବାକୁ ନିଷ୍ପତ୍ତି ହୋଇଛି।

## ନିଖୋଜର ୬ ଦିନ ପରେ ମୁମୂର୍ଷୁ ଅବସ୍ଥାରେ ଶିଶୁପୁତ୍ର ଉଦ୍ଧାର

ଯୋଡ଼ା, ୨୬।୮ (ସମିସ): ରଖେ ହରି ତ ମାରେ କିଏ। ଏହି ଉକ୍ତିର ଚିରନ୍ତନ ସତ୍ୟ ପୁଣି ପ୍ରତିପାଦିତ ହୋଇଛି। ୬ ଦିନ ନିଖୋଜ ଥିବା ଏକ ଶିଶୁପୁତ୍ର ମୁମୂର୍ଷୁ ଅବସ୍ଥାରେ ୮ କିଲୋମିଟର ଦୂର ଏକ ଜଙ୍ଗଲରୁ ଉଦ୍ଧାର ହୋଇଛି। କେନ୍ଦୁଝର ଜିଲ୍ଲା ରୁଗୁଡ଼ି ଥାନା ଗୁଆଲି ନୂଆଗାଁ ଦଲକି ସାହିର ସୁବାସ ମୁଣ୍ଡାଙ୍କ ତିନି ବର୍ଷର ପୁଅ ବିକାଶ ଗତ ୨୧ ତାରିଖରେ ଘର ପାଖରେ ଖେଳୁଥିବା ସମୟରେ ନିଖୋଜ ହୋଇଯାଇଥିଲା। ପରେ ରୁଗୁଡ଼ି ଥାନାରେ ନିଖୋଜ ରିପୋର୍ଟ ଦିଆଯାଇଥିଲା। ପୁଲିସ ମଧ୍ୟ ଦୁଇ ଦିନ ଧରି ଅନେକ ଖୋଜାଖୋଜି କରି ନିରାଶ ହୋଇଥିଲା।



ମଙ୍ଗଳବାର ୨୬ ତାରିଖ ସକାଳୁ ଗୁଆଲିଠାରୁ ଆଠ କିଲୋମିଟର ଦୂର ରେଙ୍ଗାଲବେଡା ଜଙ୍ଗଲରେ ଏକ ଶିଶୁ ଅଚେତ ହୋଇ ପଡ଼ିଥିବା ଖବର ଶୁଣି ସେଠାକୁ ଯାଇ ଶିଶୁପୁତ୍ରକୁ ଉଦ୍ଧାର କରି ଯୋଡ଼ାସ୍ଥିତ ଟାଟା କମ୍ପାନୀ ଡାକ୍ତରଖାନାରେ ଚିକିତ୍ସା କରାଯିବା ପରେ ସେ ଏବେ ସୁସ୍ଥ ଅଛି। ଏ ଘଟଣା ଶୁଣି ସ୍ଥାନୀୟ ଲୋକ ଆଶ୍ଚର୍ଯ୍ୟ ହେବା ସହ ଏହା ଭଗବାନଙ୍କ ଅପାର କରୁଣା ବୋଲି କହିଛନ୍ତି। ସୁବାସ ମୁଣ୍ଡା ଏବଂ ତାଙ୍କ ପରିବାର ଶିଶୁଟିକୁ ପାଇ ଅତ୍ୟନ୍ତ ଖୁସି ପ୍ରକଟ କରିଛନ୍ତି। ରୁଗୁଡ଼ି ପୁଲିସ ଘଟଣାର ମୂଳ କାରଣ ଖୋଜିବା ପାଇଁ ତନାଘନା ଜାରି ରଖିଛି।




ଆନନ୍ଦପୁର: ବୀଣାପାଣି କଳା ନିକେତନ ନୃତ୍ୟାନୁଷ୍ଠାନର ନୃତ୍ୟଶିଳ୍ପୀମାନେ 'ନୂଆଁଖାଇ ତିହାର' କାର୍ଯ୍ୟକ୍ରମରେ ନୃତ୍ୟ ପରିବେଷଣ କରି ସମ୍ବର୍ଦ୍ଧିତ ହୋଇଛନ୍ତି।

## ବର୍ଷାରେ ଘର ଭାଙ୍ଗିବା ପରେ ଗାଁ ଛାଡ଼ିଲେ କ୍ଷତିଗ୍ରସ୍ତ

ତୁରୁମୁଙ୍ଗା, ୨୬।୮ (ସମିସ): ଲଗାଣ ବର୍ଷା ଫଳରେ ପାଟଣା ବ୍ଲକ ଅଞ୍ଚଳରେ ବ୍ୟାପକ କ୍ଷୟକ୍ଷତି ହୋଇଛି। ଅନେକ ଘର ଭାଙ୍ଗି ଯାଇଥିବା ବେଳେ ବର୍ଷା ଛାଡ଼ିବା ପରେ ଲୋକଙ୍କ ଦୁର୍ଦ୍ଦଶା ବଢି ଯାଇଛି। ପାଟଣା ବ୍ଲକ ଚିନାମାଳିପଶି ପଞ୍ଚାୟତ ନୂଆପଡ଼ା ଗ୍ରାମର ବିଦ୍ୟାଧର ମହାନ୍ତଙ୍କ ଦୁଇ ବଖରା ଘର ଗତ ବର୍ଷାରେ ଭାଙ୍ଗି ଯାଇଥିବା ବେଳେ ଏଥର ଲଗାଣ ବର୍ଷାରେ ଆଉ ଦୁଇ ବଖରା ଘର ଭାଙ୍ଗି ମାଟିରେ ମିଶି ଯାଇଛି। ମୁଣ୍ଡ ଗୁଞ୍ଜିବାକୁ ଆଉ ଘର ନଥିବାରୁ ଗାଈ ଗୋରୁଙ୍କୁ ପଡ଼ୋଶୀଙ୍କ ଘରେ ଦେଇ ଦୁଇ ପିଲା ଏବଂ ସ୍ତ୍ରୀଙ୍କୁ ଧରି ଗାଁ ଛାଡି ଦେଇଛନ୍ତି। ସେ ଏବେ ତାଙ୍କ ପରିବାରକୁ ନେଇ ଭଉଣୀ ଘର ମଥୁରାପଶିରେ ରହୁଛନ୍ତି। ଗତ ଲଗାଣ ବର୍ଷାରେ ଘର ଭାଙ୍ଗିଥିବା ନେଇ ତହସିଲରେ ଜଣାଇବା ପରେ ପ୍ରଶାସନ କେବଳ ପଲିଥିନଟିଏ ଦେଇ କାମ ସାରି ଦେଇଥିବା ବିଦ୍ୟାଧର କ୍ଷୋଭର ସହ କହିବା ସହ ଘର ନଥିବାରୁ ଗାଁ ଛାଡି ଭଉଣୀ ଘରେ ଆଶ୍ରୟ ନେଇଥିବା କହିଛନ୍ତି। ଏନେଇ ବିଡିଓ ଦାୟିତ୍ୱରେ ଥିବା ପାଟଣା ତହସିଲଦାର ଅଶ୍ୱିନୀ ନାଏକ କହିଛନ୍ତି, କ୍ଷୟକ୍ଷତି ରିପୋର୍ଟ ସରକାରଙ୍କୁ ପ୍ରଦାନ କରାଯାଇଛି। ସହାୟତା ରାଶି ଆସିଲେ କ୍ଷତିଗ୍ରସ୍ତଙ୍କୁ ଯୋଗାଇ ଦିଆଯିବ। ଗ୍ରାମବାସୀ ବିଦ୍ୟାଧରଙ୍କୁ ତୁରନ୍ତ ସରକାରୀ ସହାୟତା ଏବଂ ନୂତନ ଘର ଯୋଗାଇ ଦେବାକୁ ଦାବି କରିଛନ୍ତି।



## ବର୍ଷାରେ ଭାଙ୍ଗିଲା ଘର, ପଲିଥିନ୍ ଖଣ୍ଡେ ବି ମିଳୁନି

ଆନନ୍ଦପୁର, ୨୬।୮ (ସମିସ)

ଆନନ୍ଦପୁର ପୌରାଞ୍ଚଳ ୧୩ ନମ୍ବର ୱାର୍ଡ ଜଅଁରାରେ ଦିଲ୍ଲୀପ ଜେନାଙ୍କ ଚାଳ ଛପର ଘର କାନ୍ଥ ଭାଙ୍ଗିଯାଇଛି। ଦିଲ୍ଲୀପ ଓ ପତ୍ନୀ, ମା' ଓ ଦୁଇ ପୁଅ ଗତକାଲି ରାତିରେ ଶୋଇଥିବା ବେଳେ ଲଗାଣ ବର୍ଷାରେ କାନ୍ଥଟି ଭୁଶୁଡ଼ି ପଡ଼ିଥିଲା। ସୌଭାଗ୍ୟବଶତଃ କାନ୍ଥଟି ସେମାନଙ୍କ ଉପରେ ନପଡ଼ି ବାହାର ପଟକୁ ପଡ଼ିବାରୁ ସମସ୍ତେ ରକ୍ଷା ପାଇଛନ୍ତି। ଅନେକ ଦିନ ହେବ ଦିଲ୍ଲୀପ ଆବାସ ଯୋଜନାରେ ସାମିଲ ପାଇଁ ଆବେଦନ କରୁଥିଲେ ମଧ୍ୟ ତାଙ୍କୁ ଘରଟିଏ ମିଳୁନାହିଁ। କାନ୍ଥ ଭାଙ୍ଗିବା ପରେ ଉପଜିଲ୍ଲାପାଳ ନୀଳମାଧବ ସୁନା ତାଙ୍କୁ ଆବାସ ଯୋଗାଇ ଦେବାକୁ ପ୍ରତିଶ୍ରୁତି ଦେଇଛନ୍ତି। ଆନନ୍ଦପୁର ବ୍ଲକ୍ କୋଳିମାଟି ପଞ୍ଚାୟତ ଅନ୍ତର୍ଗତ କନ୍ତୋ ଗ୍ରାମର କ୍ଷେତ୍ର ନାଏକଙ୍କ ଘର କାନ୍ଥ ଲଗାଣ ବର୍ଷାରେ ଭାଙ୍ଗିଯାଇଛି। ଶନିବାର ଅପରାହ୍ଣରେ ଘରେ ସମସ୍ତେ ଥିବାବେଳେ ହଠାତ୍ କାନ୍ଥ ଭୁଶୁଡ଼ି ପଡ଼ିଥିଲା। ପରିବାର ଲୋକେ ଅଳ୍ପକେ ବର୍ତ୍ତିଯାଇଛନ୍ତି। ଘର ଭାଙ୍ଗିବା ପରେ କ୍ଷେତ୍ରଙ୍କ ପରିବାର ଅସହାୟ ହୋଇପଡ଼ିଛନ୍ତି। ଇତିମଧ୍ୟରେ ତିନିଦିନ ବିତିଥିଲେ ମଧ୍ୟ ତାଙ୍କୁ ପଲିଥିନ ଖଣ୍ଡେ ମିଳିପାରି ନାହିଁ। ହିତାଧିକାରୀ କ୍ଷେତ୍ର ସ୍ଥାନୀୟ ରାଜସ୍ୱ ନିରୀକ୍ଷକଙ୍କ କାର୍ଯ୍ୟାଳୟକୁ ଯାଇ ନିରାଶ ହୋଇ ଫେରିଥିବା କହିଛନ୍ତି।





# ଡିଏଓ ନିଯୁକ୍ତି ଦାବିରେ କଣ୍ଟ୍ରାକ୍ଟର ଆସୋସିଏସନ୍‌ର ଧାରଣା

ଉଦଳା, ୨୬।୮ (ସମିସ):



କପ୍ତିପଦା ଉପଖଣ୍ଡସ୍ତରୀୟ କଣ୍ଟ୍ରାକ୍ଟର ଆସୋସିଏସନ୍‌ର ଗତ ୧୭ ତାରିଖରେ ଅନୁଷ୍ଠିତ ବୈଠକରେ ନିଷ୍ପତ୍ତି ଅନୁସାରେ ଉଦଳା ଅଧୀକ୍ଷଣ ଯନ୍ତ୍ରୀଙ୍କ କାର୍ଯ୍ୟାଳୟ ଠିକ୍‌ଭାବେ କାର୍ଯ୍ୟକ୍ଷମ ହେବା ନେଇ ମୁଖ୍ୟମନ୍ତ୍ରୀ, ଗ୍ରାମ୍ୟ ଉନ୍ନୟନ ବିଭାଗ ମନ୍ତ୍ରୀ, ଆକାଉଣ୍ଟ ଜେନେରାଲ, ଗ୍ରାମ୍ୟ ଉନ୍ନୟନ ବିଭାଗ ଏବଂ ଗ୍ରାମ୍ୟ ନିର୍ମାଣ ବିଭାଜନର ସମସ୍ତ ଉପରିସ୍ଥ ଅଫିସରଙ୍କୁ ଲିଖିତଭାବେ ଅବଗତ କରାଯାଇଥିଲା। ଗତ ୧୫ ବର୍ଷ ଧରି ଉଦଳାରେ ଗ୍ରାମ୍ୟ ନିର୍ମାଣ ବିଭାଜନ ଅଫିସ୍ ଖୋଲିବା ନିମନ୍ତେ କଣ୍ଟ୍ରାକ୍ଟର ଆସୋସିଏସନ୍ ତରଫରୁ ଦାବି ହୋଇଆସୁଥିଲା। ଗତ ୩୧.୧୨.୨୦୨୧ରେ କ୍ୟାବିନେଟ୍‌ରେ ପାସ୍ ହେବା ସହ ୨୮.୩.୨୦୨୨ରେ ଉଦଳାରେ ଗ୍ରାମ୍ୟ ନିର୍ମାଣ ବିଭାଜନ ଅଫିସ୍ ଖୋଲିବା ନିମନ୍ତେ ଗେଜେଟ୍ ନୋଟିଫିକେସନ୍ ହୋଇଥିଲା। ହେଲେ ଆଜିଯାଏ କାର୍ଯ୍ୟକାରୀ ହୋଇ ନ ଥିବାରୁ ଆସୋସିଏସନର ସମସ୍ତ ସଭ୍ୟ ମଙ୍ଗଳବାର ଗ୍ରାମ୍ୟ ନିର୍ମାଣ ବିଭାଜନର ଅଧୀକ୍ଷଣ ଯନ୍ତ୍ରୀଙ୍କ କାର୍ଯ୍ୟାଳୟ ସମ୍ମୁଖରେ ଧାରଣା ଦେଇଥିଲେ। ଅଧୀକ୍ଷଣ ଯନ୍ତ୍ରୀଙ୍କ କାର୍ଯ୍ୟାଳୟରେ ଡ଼ିଭିଜନାଲ ଆକାଉଣ୍ଟସ୍ ଅଫିସର ନିଯୁକ୍ତି ହୋଇନଥିବାରୁ କାର୍ଯ୍ୟାଳୟ ସୁଚାରୁ ରୂପେ କାର୍ଯ୍ୟକ୍ଷମ ହୋଇପାରୁନାହିଁ। ଫଳରେ କଣ୍ଟ୍ରାକ୍ଟରମାନେ ବାରିପଦା ଅଧୀକ୍ଷଣ ଯନ୍ତ୍ରୀଙ୍କ କାର୍ଯ୍ୟାଳୟକୁ ଯିବାପାଇଁ ପଡୁଛି। ଆସନ୍ତା ସେପ୍ଟେମ୍ବର ମାସ ପ୍ରଥମ ସପ୍ତାହ ସୁଦ୍ଧା ଡିଭିଜନାଲ ଆକାଉଣ୍ଟସ୍ ଅଫିସର ନିଯୁକ୍ତି ହେବେ ବୋଲି ପ୍ରତିଶ୍ରୁତି ଦେଇଛନ୍ତି। ଯଦି ଡ଼ିଭିଜନାଲ ଏକାଉଣ୍ଟସ୍ ଅଫିସର ନିଯୁକ୍ତି ନ ହୁଅନ୍ତି ଆଗକୁ ଆନ୍ଦୋଳନ ଆହୁରି ଜୋରଦାର ହେବ ବୋଲି ଆସୋସିଏସନ୍‌ର ସାଧାରଣ ସମ୍ପାଦକ ନନ୍ଦକିଶୋର ବିନ୍ଧାଣୀ ସୂଚନା ଦେଇଛନ୍ତି। ଧାରଣାରେ ଉପ-ସଭାପତି ରବିନ୍ଦୁ କୁମାର ପରିଡ଼ା, ଦିଲ୍ଲିପ୍ କୁମାର ବେଜ୍, ସହ-ସମ୍ପାଦକ ମାନସ ରଞ୍ଜନ ଦାସ, ଡ଼ିଜେନ୍ଦ୍ର ବେହେରା, ମାନସ କୁମାର ପୁହାଣ, କୋଷାଧକ୍ଷ ପ୍ରଭାତ କୁମାର ସାହୁ, ପୂଜା ସମ୍ପାଦକ ରାମ ଚନ୍ଦ୍ର ବେହେରା, ପୂଜା ସହ ସମ୍ପାଦକ ଆଦର୍ଶ ଜେନା, ଅଜିତ୍ କୁମାର ମଲ୍ଲିକ, ଉପଦେଷ୍ଟା ରଜତ୍ କୁମାର ବିଶ୍ୱାଳ ସମେତ ବହୁ ସଭ୍ୟ ଉପସ୍ଥିତ ଥିଲେ।


## ବେତନଟୀରେ ଖୋଲିବ କିମ୍‌ସ-ଶୁଭ୍ରା ରୁରାଲ୍ ହସ୍‌ପିଟାଲ୍

ବାରିପଦା,୨୬।୮ (ସମିସ): ମୟୂରଭଞ୍ଜ ଜିଲ୍ଲା ବେତନଟୀ ଅନ୍ତର୍ଗତ କୁଞ୍ଚିଶୋଳ ଗ୍ରାମରେ ଏକ ରୁରାଲ ହସ୍‌ପିଟାଲ୍ ଖୋଲିବା ପାଇଁ ଭୁବନେଶ୍ୱରର କିମ୍‌ସ ଓ ଗୁଜରାଟର ଶୁଭ୍ରା ଫାଉଣ୍ଡେସନ୍ ମଧ୍ୟରେ ଏକ ବୁଝାମଣାପତ୍ର ସ୍ୱାକ୍ଷର ହୋଇଯାଇଛି। ମଙ୍ଗଳବାର ଭୁବନେଶ୍ୱରରେ ଅନୁଷ୍ଠିତ ଏକ ସ୍ୱତନ୍ତ୍ର କାର୍ଯ୍ୟକ୍ରମରେ କିଟ୍, କିସ୍ ଓ କିମ୍‌ସ ପ୍ରତିଷ୍ଠାତା ଅଚ୍ୟୁତ ସାମନ୍ତ ଓ ଶୁଭ୍ରା ପ୍ରିୟମ୍ବଦା ଫାଉଣ୍ଡେସନ୍‌ର ନିର୍ଦ୍ଦେଶିକା ସ୍ମିତା ମୁର୍ମୁଙ୍କ ଉପସ୍ଥିତରେ ଏହି ବୁଝାମଣାପତ୍ର ସ୍ୱାକ୍ଷର ହୋଇଛି। ଶୁଭ୍ରା ପ୍ରିୟମ୍ବଦା ଫାଉଣ୍ଡେସନ୍ ପକ୍ଷରୁ ବଦ୍ରି ମହାପାତ୍ର ଓ କିମ୍‌ସ ପକ୍ଷରୁ ଏହାର ଗ୍ରୁପ୍ ନିର୍ଦ୍ଦେଶକ ଦିଲ୍ଲୀପ ପଣ୍ଡା ବୁଝାମଣାପତ୍ରରେ ସ୍ୱାକ୍ଷର କରିଥିଲେ।



ବୁଝାମଣା ଅନୁଯାୟୀ ହସ୍‌ପିଟାଲ୍ ପାଇଁ ଶୁଭ୍ରା ପ୍ରିୟମ୍ବଦା ଫାଉଣ୍ଡେସନ୍ ପକ୍ଷରୁ ସମସ୍ତ ଭିତ୍ତିଭୂମି ଯୋଗାଇ ଦିଆଯାଇଛି। କିମ୍‌ସ ହସ୍‌ପିଟାଲ୍‌ର କ୍ଲିନିକାଲ୍ ଏଷ୍ଟାବ୍ଲିଶମେଣ୍ଟ, ଅପରେସନ୍ ଓ ସମସ୍ତ ପ୍ରଶାସନିକ ଦାୟିତ୍ୱ ବହନ କରିବ। ସୂଚନାଯୋଗ୍ୟ ଯେ, ସ୍ମିତା ମୁର୍ମୁ ଏକ ସମ୍ଭ୍ରାନ୍ତ ପରିବାରରୁ ଆସିଥିବା ବେଳେ ଗତ ୩୦ବର୍ଷ ଧରି ମୟୂରଭଞ୍ଜ ଜିଲ୍ଲାର ବେତନଟୀ ସମେତ ସ୍ଥାନୀୟ ଅଞ୍ଚଳରେ ସ୍ୱାସ୍ଥ୍ୟସେବା ତଥା ଅନ୍ୟାନ୍ୟ ସମାଜସେବା କ୍ଷେତ୍ରରେ କାର୍ଯ୍ୟ କରିଆସୁଛନ୍ତି। କିମ୍‌ସ ଓ ଶୁଭ୍ରା ପ୍ରିୟମ୍ବଦା ହସ୍‌ପିଟାଲ୍ ହେଲେ ବେତନଟୀ ତଥା ସ୍ଥାନୀୟ ଅଞ୍ଚଳର ଜନଜାତି ଓ ବହୁ ଜନସାଧାରଣ ଉପକୃତ ହେବେ। ବେତନଟୀର କୁଞ୍ଚିଶୋଳ ଗ୍ରାମ ହେଉଛି ଓଡ଼ିଶା ତଥା ଭାରତର ଗର୍ବ ଓ ଗୌରବ ଜମ୍ମୁ କାଶ୍ମୀରର ପ୍ରଥମ ଏଲ୍‌ଜି ତଥା ଭାରତର ପୂର୍ବତନ ସିଏଜି ଡ. ଗିରୀଶ ଚନ୍ଦ୍ର ମୁର୍ମୁଙ୍କ ଜନ୍ମିତ ଗ୍ରାମ। ଏଥିରେ ଖୁସି ବ୍ୟକ୍ତ କରି କିଟ୍, କିସ୍ ଓ କିମ୍‌ସ ପ୍ରତିଷ୍ଠାତା ଅଚ୍ୟୁତ ସାମନ୍ତ କହିଛନ୍ତି ଯେ, ଆମେ ସ୍ୱାସ୍ଥ୍ୟ କ୍ଷେତ୍ରରେ ବ୍ୟାପକ କାର୍ଯ୍ୟ କରିଆସୁଛୁ। କିମ୍‌ସ-ଶୁଭ୍ରା ପ୍ରିୟମ୍ବଦା ହସ୍‌ପିଟାଲ୍ ଖୁବ୍ ଶୀଘ୍ର କାର୍ଯ୍ୟକ୍ଷମ ହେବାକୁ ଯାଉଛି ବୋଲି ଶ୍ରୀ ସାମନ୍ତ ସୂଚନା ଦେଇଛନ୍ତି।

## ଗୋଠଛଡା ହାତୀ ଭାଙ୍ଗିଲା ଘର; ଖାଇଲା ଧାନ, ଚାଉଳ



ମୋରଡ଼ା,୨୬।୮ (ସମିସ): ରାସଗୋବିନ୍ଦପୁର ରେଞ୍ଜ ଅନ୍ତର୍ଗତ ମୋରଡ଼ା ଏବଂ ରାସଗୋବିନ୍ଦପୁର ବ୍ଲକରେ ବର୍ଷତମାମ ହାତୀ ଉପଦ୍ରବ ଲାଗିରହିଛି। ସୋମବାର ବିଳମ୍ବିତ ରାତିରେ ଏକ ଦନ୍ତା ବଳଦିଆ ଏବଂ ପାଟିଆପଡା ଗାଁରେ ପ୍ରବେଶ କରି ଲୋକଙ୍କ ଘର ଭାଙ୍ଗିଥିବା ଜଣାପଡିଛି। ମୋରଡ଼ା ପଞ୍ଚାୟତ ପାଟିଆପଡା ଗ୍ରାମରେ ଦନ୍ତାଟି ପଶି ଦମୟନ୍ତୀ ପ୍ରଧାନଙ୍କ ଘର ଭାଙ୍ଗିବା ସହିତ ଧାନ, ଚାଉଳ ଆଦି ଖାଇ ନଷ୍ଟ କରିଦେଇଛି। ଗ୍ରାମବାସୀ ହୋହାଲ୍ଲା କରି ଘଉଡାଇବାରୁ ହାତୀଟି ବଳଦିଆ ଜଙ୍ଗଲକୁ ପଳାଇଯାଇଛି। ରାସଗୋବିନ୍ଦପୁର ବନାଞ୍ଚଳ ଅଧିକାରୀ ଘନଶ୍ୟାମ ସିଂଙ୍କ ସୂଚନା ମୁତାବକ ବର୍ତ୍ତମାନ ବାଘାଝରଣ ଜଙ୍ଗଲରେ ୧୨ଟି ହାତୀ ଥିବାବେଳେ ଗୋଟିଏ ଗୋଠଛଡା ବଳଦିଆ ଜଙ୍ଗଲରେ ରହିଛି। ଗୋଠଛଡ଼ା ଦନ୍ତାଟି ଏଣେତେଣେ ବୁଲି ବ୍ୟାପକ କ୍ଷତି କରୁଛି ବୋଲି ବନ ବିଭାଗ ସୂଚନା ଦେଇଛି।

## ୪ ଘର ଭାଙ୍ଗିଲେ ହାତୀପଲ

ତୁରୁମୁଙ୍ଗା, ୨୬।୮ (ସମିସ): କେନ୍ଦୁଝର ଜିଲ୍ଲା ଚମ୍ପୁଆ ରେଞ୍ଜରେ ୩୨ ଟିକିଆ ହାତୀପଲଙ୍କ ଉପଦ୍ରବ ଜାରି ରହିଛି। ସଂଧ୍ୟାରେ ହାତୀପଲ ନିଶ୍ଚିନ୍ତପୁର ବନ୍ଧରେ ଜଳକ୍ରୀଡା କରିଥିଲା ବେଳେ ବିଳମ୍ବିତ ରାତିରେ ଏହି ହାତୀପଲ କମଣ୍ଡ ଗ୍ରାମରେ ୪ଟି ଘର ଭାଙ୍ଗି ଘର ଭିତରୁ ଧାନ ଓ ଚାଉଳକୁ ଖାଇ ନଷ୍ଟ କରିଦେଇଛନ୍ତି। ହାତୀପଲଙ୍କ ଉପଦ୍ରବରେ ଲୋକେ ଭୟଭୀତ ହୋଇ ନିଜ ଧନଜୀବନ ରକ୍ଷା କରିବାକୁ ରାତି ଅନିଦ୍ରା ହୋଇ ରହୁଛନ୍ତି। ବନ ବିଭାଗ ହାତୀପଲଙ୍କ ଗତିବିଧି ଉପରେ କଡ଼ା ନଜର ରଖିଛି।

## ବେଆଇନ କାଠ ଜବତ; ଜଣେ ଗିରଫ

ତୁରୁମୁଙ୍ଗା, ୨୬।୮ (ସମିସ): ପାଟଣା ରେଞ୍ଜ ଝାଟିପଡ଼ା ପ୍ରାଥମିକ ବିଦ୍ୟାଳୟ ସଂଲଗ୍ନ ସଂରକ୍ଷିତ ଜଙ୍ଗଲରେ ମଙ୍ଗଳବାର ଅପରାହ୍ନରେ କାଠ ମାଫିଆ କଟର ମେସିନ ଲଗାଇ ଗଛ କାଟୁଥିବା ବେଳେ ବନ ବିଭାଗ ଚଢ଼ଉ କରି ଜଣେ ଅଭିଯୁକ୍ତକୁ ଗିରଫକୁ କରିଛି। ଘଟଣାସ୍ଥଳରୁ ଏକ କଟର ମେସିନ ଜବତ କରିଛି। ଗିରଫ ବ୍ୟକ୍ତି ହେଲା ଟାଙ୍ଗରପଡ଼ା ଗ୍ରାମର ନବକିଶୋର ନାଏକ। ଜବତ କାଠ ମଧ୍ୟରେ ୬ଟି ୟୁକାଲିପଟାସ୍ ଗଣ୍ଡି ଓ ୨ କ୍ୱିଣ୍ଟାଲ ଜାଳ କାଠ ରହିଥିବା ବେଳେ ଜବତ କାଠକୁ ରେଞ୍ଜ କାର୍ଯ୍ୟାଳୟକୁ ଅଣାଯାଇଛି। ଚଢ଼ଉରେ ବନପାଳ ନିରଞ୍ଜନ ସେଠୀଙ୍କ ସମେତ ବନ ବିଭାଗର ପାରା ଷ୍ଟାଫ୍ ସାମିଲ ଥିଲେ।

## ନବନିଯୁକ୍ତ ବିଜେଡି ମଣ୍ଡଳ ସଭାପତିଙ୍କୁ ସମ୍ବର୍ଦ୍ଧନା



ବଡ଼ବିଲ, ୨୬।୮ (ସମିସ): ବଡ଼ବିଲ କଳିଙ୍ଗ ନଗର ନିବାସୀ ସଂଜୟ କୁମାର ନାଏକଙ୍କୁ ବଡ଼ବିଲ ପୌରାଞ୍ଚଳ ମଣ୍ଡଳ ସଭାପତି ଭାବରେ ନିଯୁକ୍ତି ମିଳିଛି। ଶ୍ରୀ ନାଏକ ଇଡକଲ କଳିଙ୍ଗ ଲୌହ କାରଖାନାରେ କର୍ମଚାରୀ ଭାବରେ କାର୍ଯ୍ୟ କରୁଥିବା ବେଳେ କିଛିଦିନ ପୂର୍ବରୁ ସେ ସ୍ୱେଚ୍ଛାକୃତ ଅବସର ଗ୍ରହଣ କରିଥିଲେ। ତାଙ୍କର ସାଂଗଠନିକ ଦକ୍ଷତାକୁ ଆଧାର କରି ଏହି ନିଯୁକ୍ତି ମିଳିଥିବା ନେଇ ସେ ପ୍ରକାଶ କରିଛନ୍ତି। ବଡ଼ବିଲ ବିଜେଡି ପକ୍ଷରୁ ତାଙ୍କୁ ଶୁଭେଚ୍ଛା ଜଣାଇବା ସହ ଏକ ସମ୍ବର୍ଦ୍ଧନା ସଭାରେ ବହୁସଂଖ୍ୟକ ବିଜେଡି କର୍ମୀ ଯୋଗ ଦେଇଥିଲେ। ଚମ୍ପୁଆ ବିଧାୟକ ପ୍ରତିନିଧି ମୋହନ ଗୁପ୍ତା, ପୂର୍ବତନ ବିଜେଡି ସଭାପତି ମହାକୁଡ଼, ୱାର୍ଡ ନଂ ୫ କାଉନସିଲର ଦେବଶ୍ରୀ ଗିରି, ହେମନ୍ତ ସହାୟ ପ୍ରମୁଖ ଶ୍ରୀ ନାଏକଙ୍କୁ ଅଭିନନ୍ଦନ ଜଣାଇଛନ୍ତି।

## ସାପ କାମୁଡ଼ାରେ ମହିଳା ମୃତ

- ଚିକିତ୍ସାରେ ଅବହେଳାରୁ ମୃତ୍ୟୁ ଅଭିଯୋଗ

ତେଲକୋଇ, ୨୬।୮ (ସମିସ): ତେଲକୋଇ ଥାନା କତରାପାଳି ଗ୍ରାମ ଭୂଇଁଆସାହିରେ ସାପ କାମୁଡ଼ାରେ ଜଣଙ୍କ ମୃତ୍ୟୁ ଘଟିଛି। ମୃତକ ହେଲେ ସୀତା ଦେହୁରୀ (୩୫)। ଚିକିତ୍ସାରେ ଅବହେଳା ଓ ବିଳମ୍ବ ଯୋଗୁଁ ସୀତାଙ୍କ ମୃତ୍ୟୁ ହୋଇଥିବା ପରିବାର ଲୋକେ ଅଭିଯୋଗ ଆଣିଛନ୍ତି। ସୋମବାର ରାତିରେ ତାଙ୍କୁ ଏକ ବିଷଧର ସାପ କାମୁଡି ଦେଇଥିଲା। ସଙ୍ଗେ ସଙ୍ଗେ ବିଛଣାରୁ ଉଠି ପଡ଼ିଥିଲେ। ପାଖରେ ଏକ ସାପ ଥିବା ଦେଖିଥିଲେ। ପରେ ସଙ୍ଗେ ସଙ୍ଗେ ପରିବାର ଲୋକ ସୀତାଙ୍କୁ ତେଲକୋଇ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରିଥିଲେ। ସେଠାରେ ଡାକ୍ତରଙ୍କୁ ଘଟଣା ସମ୍ପର୍କରେ ସବୁ କହିବା ସହ ସାପ କାମୁଡିଥିବା କହିଥିଲେ। ପରୀକ୍ଷାରେ ଶରୀର ଓ ରକ୍ତରେ କୌଣସି ବିଷ ନଥିବା କୁହାଯାଇଥିଲା। ଫଳରେ ସାପ କାମୁଡ଼ାଜନିତ ଚିକିତ୍ସା ହୋଇ ପାରି ନଥିଲା। କିଛି ସମୟ ପରେ ପୀଡ଼ିତା ସୀତାଙ୍କ ସ୍ୱାସ୍ଥ୍ୟାବସ୍ଥା ଗୁରୁତର ହେବାରୁ କେନ୍ଦୁଝର ଜିଲ୍ଲା ମୁଖ୍ୟ ଚିକିତ୍ସାଳୟକୁ ରେଫର୍ କରାଯାଇଥିଲା। ୧୦୮ ଆମ୍ବୁଲାନ୍ସ ନ ମିଳିବାରୁ ଗୁରୁତର ସୀତାଙ୍କୁ ଦୀର୍ଘ ଦୁଇ ଘଣ୍ଟା ବିଳମ୍ବରେ ପାଳଲହଡାରୁ ଆମ୍ବୁଲାନ୍ସ ପହଞ୍ଚିବା ପରେ କେନ୍ଦୁଝର ଜିଲ୍ଲା ମୁଖ୍ୟ ଚିକିତ୍ସାଳୟକୁ ସ୍ଥାନାନ୍ତରିତ କରାଯାଇଥିଲା। ମାତ୍ର ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ପହଞ୍ଚିବା ପୂର୍ବରୁ ତାଙ୍କର ମୃତ୍ୟୁ ହୋଇଥିଲା। ପ୍ରକାଶଥାଉକି, ତେଲକୋଇ ବ୍ଲକ ଅଞ୍ଚଳରେ ନିଶୁଳ୍କ ରୋଗୀ ପରିବହନ ସେବା ଯୋଗାଇବା ପାଇଁ ସରକାରଙ୍କ ପକ୍ଷରୁ ୪ଟି ଆମ୍ବୁଲାନ୍ସ ଯୋଗାଇ ଦିଆ ଯାଇଥିଲା। ସେଥିମଧ୍ୟରୁ ଏବେ ୩ଟି ୧୦୮ ତେଲକୋଇ ଅଞ୍ଚଳରେ ରହିଥିବା ବେଳେ ଆଉ ଗୋଟିଏ ରଙ୍ଗ କାର୍ଯ୍ୟ ପାଇଁ ଗ୍ୟାରେଜ ଯାଇଥିବା ସୂଚନା ରହିଛି। ରାଜ୍ୟରେ ନୂତନ ସରକାର ଆସିବା ପରଠାରୁ ତେଲକୋଇରେ ନିୟୋଜିତ ଥିବା ୧୦୮ ଆମ୍ବୁଲାନ୍ସକୁ ଜିଲ୍ଲାର ଅନ୍ୟ ବ୍ଲକ ତଥା ଚମ୍ପୁଆ, ଝୁମ୍ପୁରା, କେନ୍ଦୁଝର ସଦର, ଯୋଡ଼ା ଓ ପଡ଼ୋଶୀ ଜିଲ୍ଲା ଅଞ୍ଚଳକୁ ଯାଇ ସେବା ଯୋଗାଉଥିବା ଜଣାପଡ଼ିଛି। ଫଳରେ ତେଲକୋଇ ଅଞ୍ଚଳବାସୀ ତତ୍କାଳ ୧୦୮ ଆମ୍ବୁଲାନ୍ସ ପାଇ ପାରୁନଥିବା ଏବଂ ରୋଗୀ ଅକାଳରେ ମୃତ୍ୟୁବରଣ କରିଥିବା ଅଭିଯୋଗ ହୋଇଛି। ଏହାକୁ ନେଇ ତୀବ୍ର ଅସନ୍ତୋଷ ଓ ପ୍ରତିକ୍ରିୟା ପ୍ରକାଶ ପାଇଛି।

### ୮ରୁ ୩ଦିନିଆ ଆଦର୍ଶ ସମନ୍ୱିତ ସ୍ୱାସ୍ଥ୍ୟ ଶିବିର

## ଅବସରପ୍ରାପ୍ତ ସୈନିକ ସଂଘ ଓ ଜିଲ୍ଲା ପ୍ରଶାସନର ପ୍ରସ୍ତୁତି

ବାରିପଦା, ୨୬।୮ (ସମିସ): ସେପ୍ଟେମ୍ବର ୮ରୁ ୧୦ ତାରିଖ ପର୍ଯ୍ୟନ୍ତ ବାରିପଦାର ଷ୍ଟେସନ ବଜାର ନିକଟ ବିବାହ ମଣ୍ଡପ ଠାରେ ମୟୂରଭଞ୍ଜ ଅବସରପ୍ରାପ୍ତ ସୈନିକ ସଙ୍ଘ, ଭାରତୀୟ ସେନାବାହିନୀ ଏବଂ ଜିଲ୍ଲା ପ୍ରଶାସନର ସହଯୋଗରେ ୩ ଦିନ ବ୍ୟାପୀ ଏକ ଆଦର୍ଶ ସମନ୍ୱିତ ସ୍ୱାସ୍ଥ୍ୟ ସେବା ଶିବିର ଅନୁଷ୍ଠିତ ହେବ। ଏ ନେଇ ମଙ୍ଗଳବାର ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ସମ୍ମିଳନୀ କକ୍ଷରେ ଅତିରିକ୍ତ ଜିଲ୍ଲାପାଳ ନେତ୍ରାନନ୍ଦ ମଲ୍ଲିକଙ୍କ ଅଧ୍ୟକ୍ଷତାରେ ଏକ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଯାଇଛି। ବୈଠକରେ ଚାନ୍ଦିପୁର ଷ୍ଟେସନ ହେଡ୍‌କ୍ୱାଟର ପ୍ରଶାସନିକ କମାଣ୍ଡର ଲେଫ୍ଟନାଣ୍ଟ କର୍ଣ୍ଣେଲ ସନ୍ତୋଷ ପଣ୍ଡା, ଓଡିଶା-ଝାରଖଣ୍ଡ ସବଏରିଆ କମାଣ୍ଡର କର୍ଣ୍ଣେଲ ମନିଷ ପାଣ୍ଡେ, ଏଡିଏମଓ ଡ. ବିଜୟ କୁମାର ଦାଶ, ଅତିରିକ୍ତ ଆରକ୍ଷୀ ଅଧୀକ୍ଷକ ବିନୋଦ କିଷାନ ପ୍ରମୁଖ ଯୋଗ ଦେଇଥିଲେ। ପ୍ରାରମ୍ଭରେ ଶ୍ରୀ ପଣ୍ଡା ଶିବିରର ଆଭିମୁଖ୍ୟ ସମ୍ପର୍କରେ ଉଲ୍ଲେଖ କରିଥିଲେ। ଅବସରପ୍ରାପ୍ତ ବରିଷ୍ଠ ସୈନ୍ୟବାହିନୀ କର୍ମଚାରି ତଥା ଭୂତପୂର୍ବ ସୈନ୍ୟବାହିନୀଙ୍କ ବରିଷ୍ଠ ବୀର ନାରୀ, ବୀର ମାତା, ବିଧବା ଏବଂ ସେମାନଙ୍କ ଉପରେ ନିର୍ଭରଶୀଳ ଯେଉଁମାନେ ରୋଗରେ ପୀଡିତ ସେମାନଙ୍କୁ ଏହି ଶିବିରରେ ବିବିଧ ସ୍ୱାସ୍ଥ୍ୟ ସେବା ଯୋଗାଇ ଦିଆଯିବ ବୋଲି ସେ କହିଥିଲେ। ସେହିପରି ଅନ୍ୟାନ୍ୟ ସମସ୍ୟା ଯଥା ପେନସନ ମାମଲା, ଅଦାଲତ ମାମଲା ଆଦି ସମାଧାନ ପାଇଁ ପରାମର୍ଶ ଦିଆଯିବ। ଶିବିରରେ ସ୍ୱାସ୍ଥ୍ୟ ସେବା କେବଳ ସୈନ୍ୟ ବାହିନୀ କର୍ମଚାରୀଙ୍କ ମଧ୍ୟରେ ସୀମିତ ରହିବ ନାହିଁ। ସାଧାରଣ ଜନତା ମଧ୍ୟ ଏହାର ସୁଯୋଗ ନେଇପାରିବେ ବୋଲି ସେ କହିଥିଲେ। ପରେ ଅତିରିକ୍ତ ଜିଲ୍ଲାପାଳ ଶ୍ରୀ ମଲ୍ଲିକ ଶିବିରର ସଫଳ ରୂପାୟନ ପାଇଁ ଜିଲ୍ଲାର ସ୍ୱାସ୍ଥ୍ୟ, ଶିକ୍ଷା, ପୌରପାଳିକା, ଅଗ୍ନିଶମ, ପୁଲିସ, ପରିବହନ, ସୂଚନା ଓ ଲୋକ ସମ୍ପର୍କ ବିଭାଗ ଇତ୍ୟାଦି ବିଭିନ୍ନ ବିଭାଗୀୟ ଅଧିକାରୀଙ୍କୁ ସେମାନଙ୍କ ଦାୟିତ୍ୱ ସୂଚାରୁ ରୂପେ ସମ୍ପାଦନ ପାଇଁ ନିର୍ଦ୍ଦେଶ ଦେଇଥିଲେ। ବୈଠକରେ ସୈନାବାହିନୀ ଅଧିକାରୀ, ମୟୂରଭଞ୍ଜ ଅବସରପ୍ରାପ୍ତ ସୈନିକ ସଂଘର ସଭାପତି ଫ୍ଲାଇଂ ଅଫିସର ଜନାର୍ଦ୍ଦନ ମହାନ୍ତ, ସମ୍ପାଦକ ସୁବେଦାର ମେଜର ପରମେଶ୍ୱର ମହାନ୍ତ ଓ ସଦସ୍ୟ ବୃନ୍ଦ, ବିଭିନ୍ନ ବିଭାଗୀୟ ଅଧିକାରୀ ଓ ଗଣମାଧ୍ୟମ ପ୍ରତିନିଧି ଉପସ୍ଥିତ ଥିଲେ। ଶେଷରେ ସଂଘର ଯୋଗାଯୋଗ ସମ୍ପାଦକ ପୂର୍ଣ୍ଣଚନ୍ଦ୍ର ପାଣିଗ୍ରାହୀ ଧନ୍ୟବାଦ ଅର୍ପଣ କରିଥିଲେ।



## 'ସକାଳ' ସାମ୍ବାଦିକଙ୍କ ପିତୃ ବିୟୋଗ



ତେଲକୋଇ, ୨୬।୮ (ସମିସ): କେନ୍ଦୁଝର ଜିଲ୍ଲା ତେଲକୋଇ ବ୍ଲକ ସକାଳ ଖବରକାଗଜର ପ୍ରତିନିଧି ସାମ୍ବାଦିକ ଅନୁକୂଳ ବିଶ୍ୱାଳ ବାପା କରୁଣାକର ବିଶ୍ୱାଳ (୭୫)ଙ୍କ ପରଲୋକ ହୋଇଯାଇଛି। କିଛି ଦିନ ହେଲା ବୟସାଧିକ ଯୋଗୁଁ ଅସୁସ୍ଥ ହୋଇ ଘରେ ଥିଲେ। ଗତକାଲି ବିଳମ୍ବିତ ରାତି ପ୍ରାୟ ଗୋଟାଏ ସମୟରେ ତାଙ୍କର ପରଲୋକ ଘଟିଯାଇଛି। ଆଜି ସକାଳେ ଗାଁ ଶ୍ମଶାନରେ ଶେଷକୃତ୍ୟ ସଂପନ୍ନ କରାଯାଇଛି। ଖବର ପାଇ ବହୁ ମାନ୍ୟଗଣ୍ୟ ବ୍ୟକ୍ତି ରାମଚନ୍ଦ୍ରପୁରସ୍ଥିତ ବାସଭବନରେ ଶେଷ ଦର୍ଶନ କରିଥିଲେ। ତାଙ୍କ ପରଲୋକରେ ସ୍ଥାନୀୟ ଅଞ୍ଚଳରେ ଶୋକ ପ୍ରକାଶ ପାଇଛି।

## ଛାତ୍ରଛାତ୍ରୀଙ୍କୁ ନେଇ 'ପୁଲିସ ବନ୍ଧୁ' କାର୍ଯ୍ୟକ୍ରମ

ରାମଚନ୍ଦ୍ରପୁର,୨୬।୮ (ସମିସ): ସାମ୍ପ୍ରତିକ ସମାଜରେ ବୃଦ୍ଧି ପାଉଥିବା ନାରୀ ନିର୍ଯାତନା ବିଶେଷ କରି ଛାତ୍ରୀ ନିର୍ଯାତନା ପୁଲିସ ପ୍ରଶାସନ ପାଇଁ ଚ୍ୟାଲେଞ୍ଜ ସୃଷ୍ଟି କରିଥିବାବେଳେ ଶିକ୍ଷାନୁଷ୍ଠାନରେ ଛାତ୍ରୀଙ୍କ ଭିତରେ ସଚେତନତା ସୃଷ୍ଟି ନିମନ୍ତେ ଘସିପୁରା ପୁଲିସ ପକ୍ଷରୁ ବିଭିନ୍ନ ପଦକ୍ଷେପ ଗ୍ରହଣ କରାଯାଇଛି। ଏହିକ୍ରମରେ ଭଣ୍ଡାରିଡିହା ବାଳିକା ହାଇସ୍କୁଲରେ ପ୍ରଧାନଶିକ୍ଷକ ପ୍ରଶାନ୍ତ ବାଶଙ୍କ ସଂଯୋଜନାରେ ପୁଲିସ ବନ୍ଧୁ କାର୍ଯ୍ୟକ୍ରମରେ ଛାତ୍ରଛାତ୍ରୀଙ୍କୁ ସମାଜର ମୁଖ୍ୟସ୍ରୋତରେ ତାଳ ଦେଇ ଚାଲିବା ଦିଗରେ ସଚେତନ କରାଯାଇଥିଲା। ଥାନାଧିକାରୀ ମାନସ ବାରିକ, ଆମପୁଲିସ ସମିତିର ସଭ୍ୟ ଭରତଚନ୍ଦ୍ର ସାହୁ, ଅକ୍ଷୟ ଜେନା, ଶିକ୍ଷାକମିଟି ସଭାପତି ଅଦୈତ ରାଉତ ଯୋଗ ଦେଇଥିଲେ। ସହକାରୀ ଶିକ୍ଷକ ଅରବିନ୍ଦ ମହାପାତ୍ର, ରମାପ୍ରସାଦ ବେହେରା, ରବିନ୍ଦ୍ର ପତି, ନିମାଇଁ ସା ସହଯୋଗ କରିଥିଲେ।

## କାଣ୍ଡସର ହାଇସ୍କୁଲ ପଡିଆର ଉନ୍ନତିକରଣ ଦାବି



ରାଇରଙ୍ଗପୁର,୨୬।୮ (ସମିସ): ଜାମଦା ବ୍ଲକ କାଣ୍ଡସର ଉଚ୍ଚ ବିଦ୍ୟାଳୟ ପଡିଆର ଉନ୍ନତିକରଣ ପାଇଁ ସାଧାରଣରେ ଦାବି ହେଉଛି। ଉଲ୍ଲେଖଯୋଗ୍ୟ ଯେ, ଉକ୍ତ ପଡିଆରେ ଯେ କୌଣସି କାର୍ଯ୍ୟକ୍ରମ ପାଇଁ ବ୍ୟବହାର ହୋଇଥାଏ। କିନ୍ତୁ ଉପରଛାଉଣୀ ନ ଥିବାରୁ ବର୍ଷା କିମ୍ବା ପବନର ମଧ୍ୟ ଭୟ ରହୁଛି। ବର୍ଷାଦିନେ ପଡିଆ ପରିସର କାଦୁଅ ପଚପଚ ହେଉଥିବାରୁ କାର୍ଯ୍ୟକ୍ରମରେ ଅସୁବିଧା ଦେଖାଦେଉଛି। ତେଣୁ ପଡିଆର ଉନ୍ନିତି ଦାବି କରିଛନ୍ତି ଅଞ୍ଚଳବାସୀ। ଗତ ୨୩ରୁ ୨୫ ତାରିଖ ଯାଏ ୧୯୬୫ରେ ସ୍ଥାପିତ ନରେନ୍ଦ୍ର ଛଉନୃତ୍ୟ ପ୍ରତିଷ୍ଠାନ ଆନୁକୂଲ୍ୟରେ ଏକ ପ୍ରଶିକ୍ଷଣ ଦଳ ପୁରୁଲିଆ ଏଠାରେ ଛଉନୃତ୍ୟ ଶିକ୍ଷା ଦେଇଥିଲେ। ଏଥିରେ ତାଳଗାଁ, ମହିଷକୁଦର, କାଣ୍ଡସର ଓ ସାଗଯୋଡି ଗ୍ରାମବାସୀ ବହୁସଂଖ୍ୟାରେ ଯୋଗଦେଇଥିଲେ। ଏହି ଅବସରରେ ବାମନଘାଟୀ ଛଉନୃତ୍ୟ ପ୍ରତିଷ୍ଠାନ ସଂପାଦକ ଦୁଷ୍ମନ୍ତ ବସା ଅତିଥି ଭାବେ ଯୋଗ ଦେଇଥିଲେ। ଶିବିରକୁ ନରେନ୍ଦ୍ର ଛଉନୃତ୍ୟ ପ୍ରତିଷ୍ଠାନ ସଭାପତି ଲୋଦା ସିର୍କା, ଉପସଭାପତି ସିଦ ପାତ୍ର, ସଂପାଦକ କିଶୋର କୁମାର ବେହେରା, ସହସଂପାଦକ ସୁରେନ୍ଦ୍ର ପାତ୍ର ପ୍ରମୁଖ ପରିଚାଳନା କରିଥିଲେ।

## ରାଜ୍ୟସ୍ତରୀୟ କ୍ରୀଡ଼ାରେ ଧାନଘେରା ଏକଲବ୍ୟ ସ୍କୁଲର କୃତିତ୍ୱ

କୁଆମରା,୨୬।୮ (ସମିସ): ପଞ୍ଚମ ରାଜ୍ୟ ସ୍ତରୀୟ କ୍ରୀଡ଼ା ପ୍ରତିଯୋଗିତାରେ ଖୁଣ୍ଟା ବ୍ଲକ ଧାନଘେରା ଏକଲବ୍ୟ ଆଦର୍ଶ ଆବାସିକ ବିଦ୍ୟାଳୟ ଚଳିତ ବର୍ଷ ପ୍ରଥମ ସ୍ଥାନ ଅଧିକାର କରିଛି। ଏହି ସ୍କୁଲର ଛାତଛାତ୍ରୀ ବିଭିନ୍ନ କ୍ରୀଡାରେ ଅଂଶଗ୍ରହଣ କରି ମୋଟ ୨୩ଟି ପଦବୀ ହାସଲ କରିବାରେ ସଫଳତା ଅର୍ଜନ କରିଛନ୍ତି। ସେଥି ମଧ୍ୟରୁ ୧୩ଟି ସ୍ୱର୍ଣ୍ଣ, ୬ଟି ରୌପ୍ୟ ଓ କାଂସ୍ୟ ପଦକ ରହିଛି। କ୍ରୀଡ଼ା ଶିକ୍ଷକ ନୟନ ରଞ୍ଜନ ପଣ୍ଡା ଓ ପ୍ରମଥେଶ ନାୟକଙ୍କ ତତ୍ତ୍ୱାବଧାନରେ ଛାତ୍ରଛାତ୍ରୀ ପ୍ରଶିକ୍ଷଣ ଲାଭ କରି ଗୌରବର ଅଧିକାରୀ ହୋଇପାରିଛନ୍ତି। ଅଧ୍ୟକ୍ଷ ଅନ୍ତର୍ଯ୍ୟାମୀ ମିଶ୍ର, ସଂପୃକ୍ତ ଦୁଇ ଶିକ୍ଷକ ଓ କୃତିତ୍ୱ ଅର୍ଜନ କରିଥିବା ଛାତ୍ରଛାତ୍ରୀଙ୍କୁ କୃତଜ୍ଞତା ଜଣାଇବା ସହ ଭବିଷ୍ୟତ ଉଜ୍ଜ୍ୱଳ କାମନା କରିଛନ୍ତି।



## ଜବାହରଲାଲ ଉଚ୍ଚ ବିଦ୍ୟାଳୟ ହୀରକ ଜୟନ୍ତୀ ପ୍ରସ୍ତୁତି ବୈଠକ



କପ୍ତିପଦା, ୨୬।୮ (ସମିସ): କପ୍ତିପଦା ବ୍ଲକ ଜବାହରଲାଲ ଉଚ୍ଚ ବିଦ୍ୟାଳୟରେ ଶୁକ୍ରବାର ହୀରକ ଜୟନ୍ତୀ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଯାଇଛି। ବୈଠକରେ ହୀରକ ଜୟନ୍ତୀ କମିଟିର ସଭାପତି ଗୌର ମୋହନ ପାତ୍ର ଅଧ୍ୟକ୍ଷତା କରିଥିଲେ। ଆଗାମୀ ହୀରକ ଜୟନ୍ତୀ ପାଳନ ଓ ପ୍ରତିଷ୍ଠାତା ସ୍ୱର୍ଗତ ସମାଜସେବୀ ତଥା ଶିକ୍ଷାବିତ ବେଣୁଧର ବେହେରାଙ୍କ ପ୍ରତିମୂର୍ତ୍ତି ସ୍ଥାପନ ସମ୍ପର୍କରେ ବୈଠକରେ ଆଲୋଚନା ହୋଇଥିଲା। ଏହି ଅବସରରେ ବିଦ୍ୟାଳୟର ଭାରପ୍ରାପ୍ତ ପ୍ରଧାନ ଶିକ୍ଷୟିତ୍ରୀ ଶାଶ୍ୱତୀ ଦାସଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। ଅନ୍ୟମାନଙ୍କ ମଧ୍ୟରେ ପୁରାତନ ଛାତ୍ର କୈଳାଶ ଚନ୍ଦ୍ର ବେହେରା, ଶ୍ରୀକାନ୍ତ ବେହେରା, ଅବସରପ୍ରାପ୍ତ ପ୍ରଶାସନିକ ଅଧିକାରୀ ଜଗନ୍ନାଥ ବିଶ୍ୱାଳ, ହୀରକ ଜୟନ୍ତୀ କମିଟିର ସମ୍ପାଦକ ବିଦ୍ୟାଧର ବେହେରା ପ୍ରମୁଖ ଉପସ୍ଥିତ ଥିଲେ। ପୂର୍ବ ଦିନରେ ହୋଇଥିବା ଅର୍ଥ ସଂଗ୍ରହ ଓ କାର୍ଯ୍ୟ ନିର୍ବାହ ନିମନ୍ତେ ନିଆ ଯାଇଥିବା ପଦକ୍ଷେପ ସମ୍ପର୍କରେ ବୈଠକରେ ଆଲୋଚନା ହୋଇଥିଲା। ଏଥିପାଇଁ ଏକ ସ୍ମରଣିକା ଉନ୍ମୋଚନ ଓ ଅତିଥିମାନଙ୍କୁ ଯୋଗାଯୋଗ କରିବା ସମ୍ପର୍କରେ ଆଲୋଚନା ହୋଇଥିଲା। ପୁରାତନ ଛାତ୍ର ରଞ୍ଜିତ ସେଠୀ ଅତିଥି ପରିଚୟ ପୁରାତନ ବରିଷ୍ଠ ଛାତ୍ର ଜୟଚନ୍ଦ୍ର ବେହେରା ଧନ୍ୟବାଦ ଅର୍ପଣ କରିଥିଲେ।

# ଜୁଆଙ୍ଗ ଜନଜାତି ମହିଳା ସୁଭଦ୍ରା ଯୋଜନାରୁ ବାଦ୍

ତେଲକୋଇ, ୨୬।୮ (ସମିସ):



ସରକାର ତୃତୀୟ କିସ୍ତି ସୁଭଦ୍ରା ଟଙ୍କା ପ୍ରଦାନ କରି ସାରିଛନ୍ତି; କିନ୍ତୁ କେନ୍ଦୁଝର ଜିଲ୍ଲା ତେଲକୋଇ ବ୍ଲକର ବହୁ ଜୁଆଙ୍ଗ ଜନଜାତି ମହିଳା ସୁଭଦ୍ରା ଯୋଜନାରୁ ବାଦ୍ ପଡ଼ିଛନ୍ତି। ଏନେଇ ଆଜି ବ୍ଲକର ୪ଟି ଗାଁରୁ ଜୁଆଙ୍ଗ ଜନଜାତି ମହିଳାମାନେ ସୁଭଦ୍ରା ଯୋଜନାରେ ଅନ୍ତର୍ଭୁକ୍ତ କରିବା ପାଇଁ ମହିଳା ଓ ଶିଶୁ ବିକାଶ ପ୍ରକଳ୍ପ ଅଧିକାରିଣୀ ନିକଟରେ ଅଭିଯୋଗ କରିଛନ୍ତି। ବାସ୍ତବରେ ସେମାନେ ଯୋଗ୍ୟ ହିତାଧୀକାରୀ ହେବା ପାଇଁ ସରକାର ଦେଇଥିବା ମାନଦଣ୍ଡ ପୂରଣ କରୁଥିଲେ ହେଁ ସେମାନଙ୍କୁ ତାଲିକାରୁ କାଟି ଦିଆଯାଇଛି। ସେମାନେ ବାରମ୍ବାର ଅଭିଯୋଗ କରିଥିଲେ ମଧ୍ୟ ଏପର୍ଯ୍ୟନ୍ତ କୌଣସି ସୁଫଳ ମିଳିନାହିଁ। ଯାହାଫଳରେ ଯୋଗ୍ୟ ହିତାଧୀକାରୀ ତଥା ଆବେଦନକାରୀ ମାନଙ୍କ ମଧ୍ୟରେ ତୀବ୍ର ଅସନ୍ତୋଷ ଦେଖାଦେଇଛି। ଏନେଇ ବ୍ଲକର ପଡ଼ାଙ୍ଗ ପଞ୍ଚାୟତର ଟେଣ୍ଟେଇନାଳି, ଅହିଗୋଳା ଓ ବୁଢ଼ାମ୍ବ ଗ୍ରାମର ଜୁଆଙ୍ଗ ଜନଜାତି ମହିଳା ବାସନ୍ତୀ ଜୁଆଙ୍ଗ, ଜସମା ଜୁଆଙ୍ଗ, ଲୀଳା ଜୁଆଙ୍ଗ, ଶକୁନ୍ତଳା ଜୁଆଙ୍ଗ ଯାମିନି ଜୁଆଙ୍ଗ, ଜିରା ଜୁଆଙ୍ଗ, ଜାନକୀ ଜୁଆଙ୍ଗ, ସବିତା ଜୁଆଙ୍ଗ, ଶ୍ରୀମତୀ ଜୁଆଙ୍ଗ, ମାନସୀ ଜୁଆଙ୍ଗ, ସୁଶୀଳା ଜୁଆଙ୍ଗ ଗୀତା ଜୁଆଙ୍ଗ, ରେବତୀ ଜୁଆଙ୍ଗ ଓ ତାଳପଦା ପଂଚାୟତର ଚାନ୍ଦପଶି ଗାଁର ବୁଧୁବାରୀ ଜୁଆଙ୍ଗ, ମଙ୍ଗୁଳି ଜୁଆଙ୍ଗ, ଶିବାନୀ ଜୁଆଙ୍ଗ, ସାବିତ୍ରୀ ଜୁଆଙ୍ଗ ବ୍ଲକ୍ ମହିଳା ଓ ଶିଶୁ ବିକାଶ ପ୍ରକଳ୍ପ ଅଧିକାରିଣୀ ନିକଟରେ ସୁଭଦ୍ରା ଯୋଜନାରେ ସାମିଲ କରାଯାଉ ବୋଲି ଦାବି କରିଛନ୍ତି। ଏମାନଙ୍କ ମଧ୍ୟରୁ କାହାର ୫ ଏକର ଜମିଥିବା ଦର୍ଶାଇ ସେହି ମହିଳାଙ୍କୁ ଯୋଜନାରୁ ବଞ୍ଚିତ କରାଯାଇଥିବା ଜଣାପଡିଛି। ଅଯୋଗ୍ୟ ଘୋଷଣା ହୋଇଥିବା ଏହି ହିତାଧିକାରୀମାନେ ସରକାରଙ୍କ ପ୍ରତିଶ୍ରୁତି ଧୂଆଁବାଣ ବୋଲି ପ୍ରକାଶ କରିଛନ୍ତି। ଏ ସମ୍ବନ୍ଧରେ ମହିଳା ଓ ଶିଶୁ ବିକାଶ ପ୍ରକଳ୍ପ ଅଧିକାରିଣୀ ସୀମା ଦାସ କହିଲେ ଯେ ସୁଭଦ୍ରା ସହାୟତା କେନ୍ଦ୍ରର କର୍ମଚାରୀମାନେ ଆବେଦନକୁ ନାକଚ କରିଥିବାରୁ ତା'ର କାରଣ ଦର୍ଶାଅ ଥିଲେ। ବହୁ ଜଣଙ୍କ ୫ଏକର ଜମି ଥିବା ଦେଖା ଯାଇଥିଲା। ସରକାରଙ୍କ ପୋର୍ଟାଲ ଖୋଲିଲେ ତଦନ୍ତ କରିବା ସହ ଯୋଗ୍ୟ ହିତାଧୀକାରୀ ହୋଇଥିଲେ ଏଥିରେ ସାମିଲ କରାଯିବ ବୋଲି ସେ କହିଛନ୍ତି।



# ଦେଶ ବିଦେଶ



## ଭବିଷ୍ୟତର ଯୁଦ୍ଧ ଅଧିକ ବିପଜ୍ଜନକ ହେବ: ସିଡିଏସ୍ ଅନିଲ ଚୌହାନ

ମହୁ, ୨୬।୮ (ଏଜେନ୍ସି): ଭାରତ ଶାନ୍ତିପ୍ରିୟ ଦେଶ ହୋଇଥିଲେ ବି ଶାନ୍ତିବାଦୀ ନୁହେଁ। ଶତ୍ରୁ ଏହି ଭୁଲ୍ ବୁଝାମଣାର ଶିକାର ନ ହେଉ। ଦେଶର ସେନା ଯୁଦ୍ଧ ପାଇଁ ସର୍ବଦା ପ୍ରସ୍ତୁତ ହୋଇ ରହିଛି। କାରଣ ଶାନ୍ତି ପାଇଁ ଯୁଦ୍ଧ ଦରକାର ବୋଲି ଚିଫ୍ ଅଫ୍ ଡିଫେନ୍ସ ଷ୍ଟାଫ (ସିଡିଏସ) ଜେନେରାଲ ଅନିଲ ଚୌହାନ କହିଛନ୍ତି। ମଧ୍ୟପ୍ରଦେଶ ମହୁ ସ୍ଥିତ 'ଆର୍ମି ୱାର କଲେଜ'ରେ ଆୟୋଜିତ ରଣ ସମ୍ବାଦ କାର୍ଯ୍ୟକ୍ରମ-୨୦୨୫ରେ ସାମିଲ ହୋଇ ସିଡିଏସ ଏହି ଟିପ୍ପଣୀ ଦେଇଛନ୍ତି। ସିଡିଏସ୍ କହିଥିଲେ ଯେ ଶକ୍ତି ବିନା ଶାନ୍ତି ଏକ 'ୟୁଟୋପିଆନ୍' ଧାରଣା ମାତ୍ର। ସେ ଏକ ଲାଟିନ୍ ଉକ୍ତିର ଉଦାହରଣ ଦେଇ କହିଥିଲେ ଯେ ଯଦି ତୁମେ ଶାନ୍ତି ଚାହୁଁଛ, ତେବେ ଯୁଦ୍ଧ ପାଇଁ ପ୍ରସ୍ତୁତ ରୁହ। କାରଣ ଶାନ୍ତି କେବଳ ଶକ୍ତିରୁ ଆସିପାରିବ। 'ଅପରେସନ୍ ସିନ୍ଦୂର' ଏକ ନୂତନ ଯୁଗର ଯୁଦ୍ଧ ଥିଲା। ଏଥିରୁ ଅନେକ ଶିକ୍ଷା ପାଇଲୁ। ଏହା ମଧ୍ୟରୁ ଅଧିକାଂଶକୁ କାର୍ଯ୍ୟକାରୀ କରିବାକୁ ପ୍ରୟାସ ଚାଲିଛି।

## ଆପ୍ ନେତା ସୌରଭ ଭରଦ୍ୱାଜଙ୍କ ଘରେ ଇଡି ଚଢ଼ଉ

ନୂଆଦିଲ୍ଲୀ, ୨୬।୮ (ଏଜେନ୍ସି): ଆଉ ଜଣ ଆମ୍ ଆଦମୀ ପାର୍ଟି (ଆପ୍) ନେତା ପ୍ରବର୍ତ୍ତନ ନିର୍ଦ୍ଦେଶାଳୟ (ଇଡି) ରାଡ଼ାରରେ ଆସିଛନ୍ତି। ପୂର୍ବତନ ମନ୍ତ୍ରୀ ତଥା ଆପ୍ ନେତା ସୌରଭ ଭରଦ୍ୱାଜଙ୍କ ଘର ସମେତ ୧୩ ସ୍ଥାନ ଏଜେନ୍ସି ଚଢ଼ଉ କରିଛି। ହସ୍ପିଟାଲ ନିର୍ମାଣ ଦୁର୍ନୀତି ମାମଲାରେ ଏହି କାର୍ଯ୍ୟାନୁଷ୍ଠାନ ନିଆଯାଇଛି। ଦିଲ୍ଲୀର ଦୁର୍ନୀତି ନିବାରଣ ଶାଖା (ଏସିବି) ବର୍ଷେ ତଳେ ଆପ୍ ସରକାର ସମୟରେ ସ୍ୱାସ୍ଥ୍ୟ ଭିତ୍ତିଭୂମି ସହିତ ଜଡିତ ପ୍ରକଳ୍ପରେ ବଡ଼ ଧରଣର ଦୁର୍ନୀତି ଅଭିଯୋଗର ତଦନ୍ତ ଆରମ୍ଭ କରିଥିଲା। ଜୁନ୍ ମାସରେ ପୂର୍ବତନ ସ୍ୱାସ୍ଥ୍ୟମନ୍ତ୍ରୀ ସୌରଭ ଭରଦ୍ୱାଜ ଏବଂ ସତ୍ୟେନ୍ଦ୍ର ଜୈନଙ୍କ ବିରୋଧରେ ମାମଲା ରୁଜୁ କରିଥିଲା। ପରେ ଏସିବି ମାମଲାକୁ ଇଡିକୁ ହସ୍ତାନ୍ତର କରିଥିଲା। କେନ୍ଦ୍ରୀୟ ଏଜେନ୍ସି ଜୁଲାଇରେ ମାମଲା ରୁଜୁ କରିଥିଲା। ଏହାକୁ ନେଇ କେଜ୍ରିୱାଲ କେନ୍ଦ୍ର ସରକାରଙ୍କୁ ନିଶାଣ କରିଛନ୍ତି। ସେ କହିଛନ୍ତି ଯେ କେନ୍ଦ୍ର ସରକାର ଆପ୍ ପଛରେ ପଡ଼ିଛନ୍ତି ବୋଲି ଏହି ଚଢ଼ଉ ଦର୍ଶାଉଛି। ସରକାର ଆମର ସ୍ୱରକୁ ଦମନ କରିବାକୁ ଚାହୁଁଛନ୍ତି। ଆମେ ବିଜେପିକୁ ଭୟ କରୁନୁ।

## ବିଜେପି ନେତାଙ୍କଠାରୁ ମେଡାଲ ନେଲେନି ଡିଏମ୍‌କେ ନେତାଙ୍କ ପୁଅ

ଚେନ୍ନଇ, ୨୬।୮ (ଏଜେନ୍ସି): ତାମିଲନାଡୁରେ ରାଜନୈତିକ ବିବାଦ ପର ପିଢି ପର୍ଯ୍ୟନ୍ତ ପହଞ୍ଚି ଗଲାଣି। ବିଭିନ୍ନ କାର୍ଯ୍ୟକ୍ରମରୁ ଏଭଳି ଦୃଶ୍ୟ ସାମ୍ନାକୁ ଆସୁଛି। ତାମିଲନାଡୁ ଡିଏମକେ ନେତା ତଥା ମନ୍ତ୍ରୀ ଟିଆରବି ରାଜାଙ୍କ ପୁଅ ସୂର୍ଯ୍ୟ ରାଜା ବାଲୁ ବିଜେପି ନେତା ଆନାମଲାଇଙ୍କଠାରୁ ମେଡାଲ ନେବାକୁ ମନା କରିଦେଇଛନ୍ତି। ଆନାମଲାଇ ମେଡାଲ ପିନ୍ଧାଇବାକୁ ଆଗକୁ ବଢ଼ିବା ସମୟରେ ବାଲୁ ପଛକୁ ହଟି ଯାଇଥିଲେ। ଅନେକ ପ୍ରୟାସ ସତ୍ତ୍ୱେ ବି ସେ ମେଡାଲ ନେଇ ନ ଥିଲେ। ଶେଷରେ ବିଜେପି ନେତା ତାଙ୍କ ହାତକୁ ମେଡାଲ ଧରାଇ ଦେଇଥିଲେ। ସୋମବାର ଅନୁଷ୍ଠିତ ତାମିଲନାଡୁର ୫୧ତମ ରାଜ୍ୟ ସୁଟିଂ ଖେଳ ସମ୍ମାନ ସମାରୋହରେ ଏହି ଦୃଶ୍ୟ ଦେଖିବାକୁ ମିଳିଥିଲା। ଆନାମଲାଇଙ୍କୁ ମୁଖ୍ୟ ଅତିଥି ଭାବେ ଏହି କାର୍ଯ୍ୟକ୍ରମରେ ସାମିଲ ହୋଇଥିଲେ। ଗତ ୧୩ ଦିନରେ ଦ୍ୱିତୀୟ ଥର ପାଇଁ ଏଭଳି ଘଟଣା ଘଟିଛି।

## ଆରଏସଏସ ଗୀତ ଗାଇଥିବାରୁ କ୍ଷମା ମାଗିଲେ ଶିବକୁମାର

ବେଙ୍ଗାଲୁରୁ, ୨୬।୮ (ଏଜେନ୍ସି): ବିଧାନସଭାରେ ରାଷ୍ଟ୍ରୀୟ ସ୍ୱୟଂ ସେବକ ସଂଘ (ଆରଏସଏସ)ର ଗୀତ ଗାଇବାକୁ ନେଇ କର୍ଣ୍ଣାଟକ ଉପମୁଖ୍ୟମନ୍ତ୍ରୀ ଡିକେ ଶିବକୁମାରଙ୍କୁ ନିଜ ଦଳରେ ସମାଲୋଚନା କରାଯାଉଛି। ଶେଷରେ ସେ ଏଥିପାଇଁ ବିଧାନସଭାରେ ହିଁ କ୍ଷମା ମାଗିଛନ୍ତି। ଏହି ଗୀତ ଗାଇଥିବାରୁ ଯଦି କାହାର ଭାବନାକୁ ଆଘାତ ଲାଗିଛି ତେବେ କ୍ଷମା ମାଗୁଛି ବୋଲି କହିଛନ୍ତି। ଆରଏସଏସ ପ୍ରଶଂସା କରିବା ତାଙ୍କ ଉଦ୍ଦେଶ୍ୟ ନ ଥିଲା ବୋଲି ସେ ସ୍ପଷ୍ଟ କରିଛନ୍ତି। ଶିବକୁମାର କହିଛନ୍ତି ଯେ ସେ ଜଣେ କଂଗ୍ରେସ ସଦସ୍ୟ। ମୃତ୍ୟୁ ପର୍ଯ୍ୟନ୍ତ କଂଗ୍ରେସ ସଦସ୍ୟ ହୋଇ ରହିବେ। ସାରା ଦେଶକୁ ଏହି ବାର୍ତ୍ତା ଦେବାକୁ ଚାହୁଁଛି ଯେ ନିଜକୁ କଂଗ୍ରେସ ପାଇଁ ମୁଁ ସମର୍ପି ଦେଇଛି। ଗାନ୍ଧୀ ପରିବାର ମୋ ପାଇଁ ଭଗବାନ ଏବଂ ମୁଁ ତାଙ୍କ ଭକ୍ତ। ସୂଚନା ଅନୁଯାୟୀ କର୍ଣ୍ଣାଟକ କଂଗ୍ରେସ ସଭାପତି ପଦରେ ଥାଇ ସେ କିଛି ଦିନ ତଳେ ବିଧାନସଭାରେ ଆରଏସଏସ ଗୀତ ଗାଇ ସମସ୍ତଙ୍କୁ ଆଶ୍ଚର୍ଯ୍ୟ କରି ଦେଇଥିଲେ। ଗତ ୨୧ ତାରିଖରେ ଶିବକୁମାର ଆରଏସଏସ ପ୍ରାର୍ଥନା 'ନମସ୍ତେ ସଦା ବତ୍ସଲେ ମାତୃଭୂମେ'ର କିଛି ଧାଡ଼ି ପଢ଼ିଥିଲେ। ଏହା ଭାଇରାଲ ହେବାରୁ ଶିବକୁମାର ଏହି ଗୀତ ଗାଇ କାହାକୁ ପ୍ରଭାବିତ କରିବାକୁ ଚେଷ୍ଟା କରୁଛନ୍ତି ବୋଲି ବରିଷ୍ଠ କଂଗ୍ରେସ ନେତା ବି.କେ. ହରିପ୍ରସାଦ ପ୍ରଶ୍ନ କରିଥିଲେ।

## ଇରାନ ରାଷ୍ଟ୍ରଦୂତଙ୍କୁ ହଟାଇଲା ଅଷ୍ଟ୍ରେଲିଆ

କାନବେରା,୨୬।୮ (ଏଜେନ୍ସି) : ଅଷ୍ଟ୍ରେଲିଆ ମଙ୍ଗଳବାର ଇରାନ ରାଷ୍ଟ୍ରଦୂତଙ୍କୁ ଦେଶରୁ ବାହାର କରିଦେଇଛି। ସିଡନୀ ଏବଂ ମେଲବୋର୍ଣ୍ଣରେ ଇହୁଦୀ ସମ୍ପ୍ରଦାୟ ଉପରେ ଆକ୍ରମଣ ପାଇଁ ଏହି କାର୍ଯ୍ୟାନୁଷ୍ଠାନ ନିଆଯାଇଛି ବୋଲି ଅଷ୍ଟ୍ରେଲିଆ ପ୍ରଧାନମନ୍ତ୍ରୀ ଅନ୍ଥୋନି ଆଲବାନିସ କହିଛନ୍ତି। ସେ ସୂଚନା ଦେଇଛନ୍ତି ଯେ ୨୦୨୪ ଅକ୍ଟୋବରରେ ସିଡନୀର ଲୁଇସ୍ କଣ୍ଟିନେଣ୍ଟଲ କିଚେନ ଏବଂ ୨୦୨୪ ଡିସେମ୍ବର ୬ରେ ମେଲବୋର୍ଣ୍ଣର ଅଦାସ ସଭାଗୃହରେ ଆକ୍ରମଣ କରାଯାଇଥିଲା। ଇରାନ ଏଥିପାଇଁ ଯୋଜନା ପ୍ରସ୍ତୁତ କରିଥିଲା ଏବଂ ପରେ ଆକ୍ରମଣ କରିଥିବା ନେଇ ପ୍ରମାଣ ମିଳିଛି। ଏହା ଅଷ୍ଟ୍ରେଲିଆ ପାଇଁ ବିପଜ୍ଜନକ। ସମାଜର ଏକତାକୁ ଭାଙ୍ଗି ଅଶାନ୍ତି ସୃଷ୍ଟି ଇରାନର ଉଦ୍ଦେଶ୍ୟ। ଇସ୍ରାଏଲ-ହମାସ ଯୁଦ୍ଧ ଆରମ୍ଭ ହେବା ପରେ ଅଷ୍ଟ୍ରେଲିଆରେ ଇହୁଦୀ ସ୍କୁଲ୍, ଘର, ମନ୍ଦିର ଉପରେ ଆକ୍ରମଣ ବୃଦ୍ଧି ପାଇଛି। ଆଲ୍‌ବାନିଜ କହିଛନ୍ତି ଯେ ଅଷ୍ଟ୍ରେଲିଆ ମଧ୍ୟ ତେହରାନ ସ୍ଥିତ ନିଜ ଦୂତାବାସକୁ ବନ୍ଦ କରିଦେଇଛି। ଏହା ସହିତ ଇରାନର ଇସଲାମିକ ରିଭୋଲ୍ୟୁସନାରୀ ଗାର୍ଡ କ୍ରପ୍ସକୁ ସେ ଆତଙ୍କବାଦୀ ସଂଗଠନ ଘୋଷଣା କରିଛନ୍ତି।

# ୪୮ ଘଣ୍ଟା ଧରି ଜମ୍ମୁ-କଶ୍ମୀର, ହିମାଚଳରେ ପ୍ରକୃତିର ତାଣ୍ଡବ



ନୂଆଦିଲ୍ଲୀ, ୨୬।୮ (ଏଜେନ୍ସି): ଜମ୍ମୁ-କଶ୍ମୀର ଏବଂ ହିମାଚଳ ପ୍ରଦେଶରେ ଗତ ୪୮ ଘଣ୍ଟା ଧରି ଚାଲିଛି ପ୍ରକୃତିର ତାଣ୍ଡବ। ବାଦଲଫଟା ବର୍ଷା ଏବଂ ବନ୍ୟା ଯୋଗୁଁ ଘର ସହିତ ଦୋକାନ ବଜାର ସବୁ ଭାସି ଯାଇଛି। ବଡ଼ ବଡ଼ କୋଠା ଭୁଶୁଡ଼ି ପଡ଼ିଛି, ରାସ୍ତା ବିଚ୍ଛିନ୍ନ ଏବଂ ଶତାଧିକ ଘର ବନ୍ୟା ପାଣି ଘେରରେ। ପ୍ରକୃତିର ଏହି ତାଣ୍ଡବରେ ୧୦ ଜଣ ବ୍ୟକ୍ତି ପ୍ରାଣ ହରାଇଥିବା ବେଳେ ଅନେକ ଲୋକ ଆହତ ହୋଇଛନ୍ତି। ପ୍ରବଳ ବର୍ଷା ଯୋଗୁଁ ଅତଡ଼ା ଖସୁଥିବାରୁ ବୈଷ୍ଣୋବଯାତ୍ରାକୁ ବର୍ତ୍ତମାନ ପାଇଁ ସ୍ଥଗିତ ରଖାଯାଇଛି।

### ବାଦଲଫଟା ବର୍ଷା, ଭୂସ୍ଖଳନ ନେଲା ୧୦ ଜୀବନ
### ଖସୁଛି ଅତଡ଼ା, ବୈଷ୍ଣୋ ଦେବୀ ଯାତ୍ରା ସ୍ଥଗିତ

ବର୍ଷା ଓ ବନ୍ୟା ଯୋଗୁଁ ସର୍ବାଧିକ କ୍ଷତିଗ୍ରସ୍ତ ହୋଇଛି ଜମ୍ମୁ ଅଞ୍ଚଳ। ଆଜି ବାଦଲଫଟା ବର୍ଷା ଯୋଗୁଁ ୪ ଜଣ ବ୍ୟକ୍ତି ପ୍ରାଣ ହରାଇଥିବା ବେଳେ ୧୦ଟି ଘର ଭାସିଯାଇଛି। ଜମ୍ମୁ, କଠୁଆ, ସାମ୍ବା ଏବଂ କିସ୍ତୱାର ଅଞ୍ଚଳରେ ଏବେ ବି ଭୀଷଣ ବର୍ଷା ଜାରି ରହିଛି। ଏହାପୂର୍ବରୁ ମଧ କିସ୍ତୱାରରେ ବାଦଲଫଟା ବର୍ଷା ହୋଇଥିଲା। ଇତିମଧ୍ୟରେ ଜମ୍ମୁ-କଶ୍ମୀରର ରିଆସି ଜିଲ୍ଲା ତ୍ରିକୁଟ ପର୍ବତରେ ଅବସ୍ଥିତ ମାତା ବୈଷ୍ଣବ ଦେବୀ ମନ୍ଦିରକୁ ଯାଇଥିବା ରାସ୍ତାରେ ଅତଡ଼ା ଖସିବାରୁ ୬ ଜଣ ପ୍ରାଣ ହରାଇଛନ୍ତି ଏବଂ ୧୪ ଜଣ ଆହତ ହୋଇଛନ୍ତି। ବିଭିନ୍ନ ସ୍ଥାନରେ ରାସ୍ତା ଦବି ଯାଇଥିବାରୁ ବୈଷ୍ଣବ ଯାତ୍ରାକୁ ବର୍ତ୍ତମାନ ପାଇଁ ସ୍ଥଗିତ ରଖାଯାଇଛି। ପ୍ରବଳ ବର୍ଷା ଓ ବନ୍ୟା ଯୋଗୁଁ ଜମ୍ମୁ ଅଞ୍ଚଳରେ ସମସ୍ତ ସରକାରୀ ଅଫିସ ଓ ଶିକ୍ଷାନୁଷ୍ଠାନକୁ ବନ୍ଦ କରିଦିଆଯାଇଛି। ଜମ୍ମୁ-ଶ୍ରୀନଗର ଜାତୀୟ ରାଜପଥକୁ ଗାଡ଼ି ଚଳାଚଳ ପାଇଁ ବନ୍ଦ କରି ଦିଆଯାଇଛି। ତାୱି ନଦୀରେ ବନ୍ୟାଜଳ ସ୍ତର ବୃଦ୍ଧି ପାଉଥିବାରୁ ସମଗ୍ର ଜମ୍ମୁ ଅଞ୍ଚଳ ପାଇଁ ଆଲର୍ଟ ଜାରି କରାଯାଇଛି। ଲୋକମାନଙ୍କୁ ନିରାପଦ ସ୍ଥାନକୁ ନିଆଯାଉଛି।

ସେହିଭଳି ହିମାଚଳ ପ୍ରଦେଶରେ ମଧ ପରିସ୍ଥିତି ଗମ୍ଭୀର ରହିଛି। ପ୍ରବଳ ବର୍ଷା ଯୋଗୁଁ ବେଆସ ନଦୀରେ ବନ୍ୟା ଆସି ମନାଲି ଓ ଆଖପାଖ ଅଞ୍ଚଳରେ ବ୍ୟାପକ କ୍ଷତି ପହଞ୍ଚାଇଛି। ବନ୍ୟା ଓ ଅତଡ଼ା ଖସିବା ଯୋଗୁଁ ଅନେକ ଘର, ବ୍ୟାବସାୟିକ ପ୍ରତିଷ୍ଠାନ ଓ ହୋଟେଲ ଭାସିଯାଇଛି। ବ୍ୟାପକ ଅଞ୍ଚଳ ଜଳମଗ୍ନ ହୋଇଯାଇଥିବାରୁ ବାହ୍ୟ ଜଗତରୁ ବିଚ୍ଛିନ୍ନ ହୋଇଯାଇଛି। ନଦୀ ପାଣି ଉଚ୍ଛୁଳିବାରୁ ମନାଲିରେ ଏକ ବହୁତଲା ବିଶିଷ୍ଟ ହୋଟେଲ ଏବଂ ୪ଟି ଦୋକାନ ଘର ଭାସିଯାଇଛି। ବନ୍ୟା ଯୋଗୁଁ ମନାଲି-ଲେହ ରାଜପଥର ବିଭିନ୍ନ ସ୍ଥାନରେ ବଡ଼ ବଡ଼ ଖାଲ ସୃଷ୍ଟି ହୋଇଛି। କୁଲ୍ଲୁ-ମନାଲି ଜାତୀୟ ରାଜପଥ ମଧ୍ୟ ଅନେକ ସ୍ଥାନରେ ଦବି ଯାଇଛି କିମ୍ବା ଭାସିଯାଇଛି। ମନାଲି ନିକଟବର୍ତ୍ତୀ ଅଞ୍ଚଳରେ ଶତାଧିକ ଲୋକ ପାଣି ଘେରରେ ରହିଛନ୍ତି। ସେମାନଙ୍କ ପାଖରେ ରିଲିଫ ପହଞ୍ଚିପାରି ନାହିଁ। ବିଦ୍ୟୁତ ଯୋଗାଣ ବି ବିଚ୍ଛିନ୍ନ ହୋଇଯାଇଛି। ବହାଙ୍ଗରେ ଏକ ଦୁଇ ମହଲା ହୋଟେଲ ଭାସିଯାଇଥିବା ବେଳେ ଦୁଇଠି ରେସ୍ତୋରାଁ ଏବଂ ଦୁଇଟି ଦୋକାନଘର ଭୁଶୁଡ଼ି ପଡ଼ିଛି। ଏହି ଅଞ୍ଚଳରେ ବ୍ୟାପକ କ୍ଷତି ହୋଇଥିଲେ ମଧ କୌଣସି ଜୀବନହାନିର ଖବର ମିଳିନାହିଁ। ଏହି ଅଞ୍ଚଳରେ ସମସ୍ତ ଶିକ୍ଷାନୁଷ୍ଠାନକୁ ବନ୍ଦ କରି ଦିଆଯାଇଛି। ଗତ ଜୁନ ମାସ ୨୦ ତାରିଖରୁ ହିମାଚଳ ପ୍ରଦେଶରେ ବର୍ଷା ଓ ବନ୍ୟା ଲାଗି ରହିଛି। ବର୍ଷା ଓ ବନ୍ୟା ଯୋଗୁଁ ବ୍ୟାପକ କ୍ଷତି ହୋଇଛି। ଜୁନ୍ ୨୦ରୁ ଆଜି ପର୍ଯ୍ୟନ୍ତ ବର୍ଷା ଓ ବନ୍ୟା ଯୋଗୁଁ ରାଜ୍ୟରେ ୧୫୬ ଜଣ ଲୋକ ପ୍ରାଣ ହରାଇଥିବା ବେଳେ ୩୮ ଜଣ ଏବେ ବି ନିଖୋଜ ରହିଛନ୍ତି। ଅନେକ ସ୍ଥାନ ଏବେ ବି ବିଚ୍ଛିନ୍ନ ରହିଥିବା ବେଳେ ବିଦ୍ୟୁତ ଯୋଗାଣ ସ୍ୱାଭାବିକ ହୋଇପାରୁ ନାହିଁ।

## ଅମ୍ବାନୀଙ୍କ ବନତାରାର ଯାଞ୍ଚ ହେବ

ନୂଆଦିଲ୍ଲୀ, ୨୬।୮ (ଏଜେନ୍ସି): କୋହ୍ଲାପୁରର ମାଧୁରୀ ହାତୀକୁ ନେଇ ଶିଳ୍ପପତି ମୁକେଶ ଅମ୍ବାନୀଙ୍କୁ ତୀବ୍ର ସମାଲୋଚନା କରାଯାଉଛି। ଏପରି ସମୟରେ ଗୁଜୁରାଟ ଜାମନଗର ସ୍ଥିତ ଅମ୍ବାନୀଙ୍କ ବନ୍ୟଜନ୍ତୁ ଉଦ୍ଧାର ଏବଂ ପୁନର୍ବାସ କେନ୍ଦ୍ର 'ବନତାରା'ର ଯାଞ୍ଚ ପାଇଁ ସୁପ୍ରିମକୋର୍ଟ ସୋମବାର ନିର୍ଦ୍ଦେଶ

**କମିଟି ଗଠନ କଲେ ସୁପ୍ରିମକୋର୍ଟ**

ଦେଇଛନ୍ତି।ଏଥିପାଇଁ ୪ ସଦସ୍ୟ ବିଶିଷ୍ଟ ସ୍ୱତନ୍ତ୍ର ତଦନ୍ତକାରୀ ଦଳ (ଏସଆଇଟି) ଗଠନ କରିଛନ୍ତି। ରିଲାଏନ୍ସ ଫାଉଣ୍ଡେସନ ଏହି ବନାତାରାକୁ ଚଳାଉଛି। ସୁପ୍ରିମକୋର୍ଟର ପୂର୍ବତନ ବିଚାରପତି ଜେ. ଚେଲେମେଶ୍ୱର ଏହି ଏସଆଇଟିର ନେତୃତ୍ୱ ନେବେ। ଏହି ଟିମ୍‌ରେ ହାଇକୋର୍ଟର ପୂର୍ବତନ ମୁଖ୍ୟ ବିଚାରପତି ରାଘବେନ୍ଦ୍ର ଚୌହାନ, ମୁମ୍ବଇ ପୁଲିସର ପୂର୍ବତନ କମିଶନର ହେମନ୍ତ ନାଗରାଲେ ଏବଂ ସୀମା ଶୁଳ୍କ ଅଧିକାରୀ ଅନିଶ ଗୁପ୍ତା ସାମିଲ ଅଛନ୍ତି। ଆସନ୍ତା ୧୨ ତାରିଖ ସୁଦ୍ଧା ଏହି କମିଟି ରିପୋର୍ଟ ପ୍ରଦାନ କରିବ। ୧୫ ତାରିଖରେ ମାମଲାର ପରବର୍ତ୍ତୀ ଶୁଣାଣି ହେବ। ରିପୋର୍ଟ ଆଧାରରେ ପରବର୍ତ୍ତୀ ପଦକ୍ଷେପ ନିଆଯିବ ବୋଲି ଜଷ୍ଟିସ ପଙ୍କଜ ମିତ୍ତଲ ଏବଂ ପି ଭି ବରାଲେଙ୍କ ଖଣ୍ଡପୀଠ କହିଛନ୍ତି। ଓକିଲ ସିଆର ଜୟା ସୁକିନ ଏବଂ ଦେବ ଶର୍ମା ପକ୍ଷରୁ ଦାଏର ଦୁଇଟି ଜନସ୍ୱାର୍ଥ ମାମଲା (ପିଆଇଏଲ)ର ଶୁଣାଣି କରି କୋର୍ଟ ଏହି ନିର୍ଦ୍ଦେଶ ଦେଇଛନ୍ତି। ଯାଞ୍ଚ କେବଳ ସତ୍ୟ ଏବଂ ତଥ୍ୟ ଆଧାରିତ ହେବ। ଏସ୍‌ଆଇଟି ଗଠନ କରି କୌଣସି ସଂସ୍ଥାର କାର୍ଯ୍ୟ ପ୍ରଣାଳୀ ଉପରେ ପ୍ରଶ୍ନ ଉଠା ଯାଉନାହିଁ ବୋଲି ଖଣ୍ଡପୀଠ କହିଛନ୍ତି। କୋହ୍ଲାପୁରର ଜୈନ ମଠରେ ଥିବା ହାତୀ ମାଧୁରୀକୁ ଚିକିତ୍ସା ନାମରେ ବନତାରା ନେବା ପରେ ଏହି ଆବେଦନ ଦାଏର କରାଯାଇଥିଲା। ଏସ୍‌ଆଇଟି ୫ଟି ପଏଣ୍ଟକୁ ନେ ଯାଞ୍ଚ କରିବ। ଭାରତ ଏବଂ ବିଦେଶରୁ ହାତୀ ଆଣିବା ବେଳେ ବନ୍ୟଜନ୍ତୁ ସଂରକ୍ଷଣ ନିୟମ, ଚିଡ଼ିଆଖାନା ନିୟମ, ଅନ୍ତର୍ଜାତୀୟ ପ୍ରଜାତି ବାଣିଜ୍ୟ ଚୁକ୍ତି, ଆମଦାନୀରପ୍ତାନୀ ଆଇନ ଏବଂ ଅନ୍ୟ ଆଇନଗତ ନିୟମ ପାଳନ କରାଯାଉଛି କି ନାହିଁ ଯାଞ୍ଚ କରାଯିବ।



## ଶାହାରୁଖ, ଦୀପିକାଙ୍କ ବିରୋଧରେ ଏତଲା

ଭରତପୁର, ୨୬।୮ (ଏଜେନ୍ସି): ଅନ୍‌ଲାଇନ ଗେମିଂ ପାଇଁ ବିଜ୍ଞାପନ କରି ସେଲିବ୍ରିଟି ଫସିବା ପରେ ଏବେ ଆଉ ଏକ ମାମଲା ସାମ୍ନାକୁ ଆସିଛି। ଖରାପ ଗାଡ଼ି ପାଇଁ ମାର୍କେଟିଂ କରୁଥିବା ଅଭିଯୋଗରେ ବଲିଉଡ ଅଭିନେତା ଶାହାରୁଖ ଖାନ୍ ଏବଂ ଅଭିନେତ୍ରୀ ଦୀପିକା ପାଦୁକୋନଙ୍କ ବିରୋଧରେ ରାଜସ୍ଥାନ ଭରତପୁରରେ ଏତଲା ରୁଜୁ କରାଯାଇଛି। ଏହି ଏତଲାରେ ଉଭୟ ବ୍ରାଣ୍ଡ ଆମାସାଡରଙ୍କ ସହିତ ହୁଣ୍ଡାଇ କମ୍ପାନୀର ଏମ୍‌ଡି ଅନସୋକିମ, ହୋଲ୍ ଟାଇମ ଡାଇରେକ୍ଟର ଆଣ୍ଡ ଚିଫ୍ ଅପରେଟିଂ ଅଫିସର ତରୁଣ ଗର୍ଗ ଏବଂ ଶୋ'ରୁମ ମାଲିକଙ୍କ ନାମ ରହିଛି। ଭରତପୁରର ଓକିଲ କୀର୍ତ୍ତି ସିଂହଙ୍କ ଆବେଦନ ଉପରେ ଶୁଣାଣି କରି କୋର୍ଟ ଏତଲା ନିର୍ଦ୍ଦେଶ ରୁଜୁ ପାଇଁ ନିର୍ଦ୍ଦେଶ ଦେଇଥିଲେ। ସହରର ମଥୁରା ଗେଟ୍ ଥାନା ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଦେଇଛି। ଏତଲାରେ କୀର୍ତ୍ତି ସିଂହ କହିଛନ୍ତି ଯେ ସେ ୨୦୨୨ ଜୁନ୍‌ରେ ୨୩ ଲକ୍ଷ ୯୭ହଜାର ୩୫୩ ଟଙ୍କା ଦେଇ ହରିୟାଣା ସୋନିପତ ସ୍ଥିତ ମାଲୱା ଅଟୋ ସେଲ୍ସ ପ୍ରାଇଭେଟ୍ ଲିମିଟେଡ୍ କୁଣ୍ଡଲି କିଣିଥିଲେ। ତେବେ ରାସ୍ତାରେ ଅନ୍ୟ ଗାଡ଼ିକୁ ଅତିକ୍ରମ କରିବା ସମୟରେ କାର୍ ପିକ୍-ଅପ ନେଉନାହିଁ। କେବଳ ଆରପିଏମ ବଢୁଛି। କାରର ଓଡୋମିଟରରେ ମାଲ୍ ଫଙ୍କସନ ଲେଖାଯାଇଥିବା ଚିହ୍ନ ଦେଖାଯାଉଛି। ୬-୭ ମାସ ଚଳାଇବା ପରେ କାର୍‌ରେ ଯାନ୍ତ୍ରିକ ତ୍ରୁଟି ଦେଖା ଯାଇଥିଲା। ଅଧିକ ବେଗରେ ଗଲେ ଶବ୍ଦ ହୋଇ ଗାଡ଼ି ଥରୁ ଥିଲା। ଇଞ୍ଜିନ ଖରାପ ହେବା ସଙ୍କେତ ଦେଉଥିଲା। ଏଥିଯୋଗଁ ଅନେକ ଦୁର୍ଘଟଣାରୁ ସେ ଅଳ୍ପକେ ବର୍ତ୍ତି ଯାଇଥିଲେ। କମ୍ପାନୀକୁ ଜଣାଇବାରୁ ଏହା ଉତ୍ପାଦନ ଜନିତ ତ୍ରୁଟି, ତେଣୁ ଠିକ୍ କରିହେବନି ବୋଲି କୁହାଯାଇଥିଲା। ଏଭଳି ହେଲେ ଘଣ୍ଟାଏ ପର୍ଯ୍ୟନ୍ତ କମ୍ ବେଗରେ ଗାଡ଼ି ଚଲାଇବାକୁ ପରାମର୍ଶ ଦିଆଯାଇଥିଲା। କଳାକାର ଏଭଳି ଗାଡ଼ିର ବିଜ୍ଞାପନ କରିବା ଅନୁଚିତ। କାରଣ ସେମାନଙ୍କୁ ଦେଖି ହିଁ ଲୋକେ ଗାଡ଼ି କିଣୁଛନ୍ତି।

**ଯୌତୁକ ପାଇଁ ଜିଅନ୍ତା ପୋଡ଼ି ହତ୍ୟା ମାମଲା**

## ସିସିଟିଭି ଫୁଟେଜ୍ କହୁଛି ଭିନ୍ନ କାହାଣୀ

ନୋଏଡ଼ା, ୨୬।୮ (ଏଜେନ୍ସି): ଗ୍ରେଟର ନୋଏଡ଼ାର ନିକି ଭାଟି ହତ୍ୟା ମାମଲା ସାରା ଦେଶକୁ ସ୍ତବ୍ଧ କରିଦେଇଛି। ଯୌତୁକ ପାଇଁ ସ୍ୱାମୀ ଏବଂ ଶଶୁର ଘର ଲୋକେ ତାଙ୍କୁ ହତ୍ୟା କଲେ ବୋଲି ଅଭିଯୋଗ ହୋଇଛି। ଏପରି ସମୟରେ ନିକିର ମୃତ୍ୟୁକୁ ନେଇ ଭିନ୍ନ ଭିନ୍ନ ଦାବି ସଂଶୟ ବଢ଼ାଇ ଦେଇଛି। ଗତ ୨୧ ତାରିଖରେ ନିକିଙ୍କୁ ତାଙ୍କ ସ୍ୱାମୀ ଏବଂ ଶଶୁର ଘର ଲୋକେ କିରୋସିନ ଢାଳି ନିଆଁ ଲଗାଇ ଦେଇଥିଲେ। କିନ୍ତୁ ତାଙ୍କ ପଡ଼ିଶା ଘର ଲୋକଙ୍କ ଅନୁଯାୟୀ ନିକି ଏବଂ ତାଙ୍କ ଭଉଣୀ କାଞ୍ଚନ ସବୁବେଳେ ଇନ୍‌ଷ୍ଟାଗ୍ରାମରେ ବ୍ୟସ୍ତ ରହୁଥିଲେ। ଦୁଇ ଭଉଣୀ ମିଶି ରିଲ୍ସ କରୁଥିଲେ। ଏହାକୁ ନେଇ ପରିବାରରେ ଅସନ୍ତୋଷ ସୃଷ୍ଟି ହୋଇଥିଲା। ନିକିଙ୍କ ସ୍ୱାମୀ ବିପିନ ତାଙ୍କୁ ଏପରି ନ କରିବାକୁ କହିଥିଲେ। କିନ୍ତୁ ସେ ନ ମାନିବାରୁ ଉଭୟଙ୍କ ସମ୍ପର୍କରେ ତିକ୍ତତା ସୃଷ୍ଟି ହୋଇଥିଲା।


ଏହା ମଧ୍ୟରେ ନିକିଙ୍କ ଭଉଣୀ କାଞ୍ଚନଙ୍କ ଦାବିକୁ ନେଇ ମଧ୍ୟ ପ୍ରଶ୍ନ ଉଠୁଛି। ସେ ବିପିନଙ୍କ ସାନ ଭାଇର ରୋହିତକୁ ବିବାହ କରିଥିଲେ। ଭଉଣୀ ମୃତ୍ୟୁ ଖବର ପାଇଁ ସେ ଚେତା ହରାଇ ଥିବା କହିଥିଲେ। ଏହି ସମୟରେ ଶଶୁର ଘର ଲୋକେ ଫେରାର ହୋଇ ଯାଇଥିବା କାଞ୍ଚନ ଦାବି କରିଥିଲେ। କିନ୍ତୁ ଗ୍ରେଟର ନୋଏଡାରେ ନିକିଙ୍କ ଅନ୍ତିମ ସଂସ୍କାର ସମୟରେ ଶଶୁର ଘର ଲୋକେ ଛିଡ଼ା ହୋଇଥିବା ଦେଖାଯାଉଛି। ଏହାର କିଛି ଘଣ୍ଟା ପରେ ନିକିଙ୍କ ପରିବାର ତାଙ୍କ ସ୍ୱାମୀ ବିପିନ, କାଞ୍ଚନଙ୍କ ସ୍ୱାମୀ ରୋହିତ, ତାଙ୍କ ଶ୍ୱଶୁର ଏବଂ ଶାଶୁଙ୍କ ବିରୋଧରେ ହତ୍ୟା ମାମଲା ରୁଜୁ କରାଯାଇଥିଲା। ସେହିପରି ଗତ ସପ୍ତାହରେ ଏକ ଭିଡିଓ ସାମ୍ନାକୁ ଆସିଥିଲା। ଏଥିରେ ବିପିନ ଏବଂ ଅନ୍ୟ ଜଣେ ମହିଳା ନିକିଙ୍କ ଚୁଟି ଧରି ଟାଣି ନେଉଥିବା ଦେଖାଯାଇଥିଲା। ବିପିନ ସାର୍ଟ ପିନ୍ଧି ନ ଥିବାବେଳେ ତାଙ୍କ ପେଟ ଏବଂ ପିଠିରେ ରକ୍ତ ଲାଗିଥିଲା। ଅନ୍ୟ କ୍ଲିପ୍‌ଗୁଡ଼ିକରେ ନିକି ନିଆଁରେ ଜଳୁଥିବା ସମୟରେ ସିଡ଼ି ଦେଇ ତଳକୁ ଖସୁଥିବା ଏବଂ ପରେ ତଳେ ବସିଥିବାର ଦେଖାଯାଉଥିଲା। ଗତ ସୋମବାର ସାମ୍ନାକୁ ଆସିଥିବା ଆଉ ଏକ ଭିଡିଓରେ ନିକିଙ୍କୁ ଆକ୍ରମଣ ସମୟରେ ମୁଖ୍ୟ ଅଭିଯୁକ୍ତ ବିପିନ ଏକ ତେଜରାତି ଦୋକାନ ବାହାରେ ଛିଡ଼ା ହୋଇଥିବା ଦେଖାଯାଉଛି। ଏହା ତାଙ୍କ ଘରର ବିପରୀତ ଦିଗରେ ରହିଛି। ସନ୍ଧ୍ୟା ୫ଟା ୪୨ରେ ବିପିନ ଛିଡ଼ା ହୋଇଥିବାବେଳେ ଅନ୍ୟ ଜଣେ ବ୍ୟକ୍ତି ତାଙ୍କ ସହ ସାମିଲ ହେଉଛନ୍ତି। ପରେ ୫ଟା ୪୭ରେ ଆଉ କିଛି ବ୍ୟକ୍ତି ଆସି ତାଙ୍କ ସହ ଚର୍ଚ୍ଚା କରୁଛନ୍ତି। ଏହି ସମୟରେ ଚେକ୍ ସାର୍ଟ ପିନ୍ଧି ଥିବା ବ୍ୟକ୍ତି ଘରକୁ ଦୌଡୁଛି। ଭିଡ଼ ବଢ଼ିବା ପରେ ଜଣେ ବ୍ୟକ୍ତି କାର୍‌ରେ ବସି ପଳାଉଛି। ବିପିନଙ୍କ ଜଣେ ସମ୍ପର୍କୀୟ ଦାବି କରିଛନ୍ତି ଯେ ସିଲିଣ୍ଡର ବିସ୍ଫୋରଣରୁ ନିକି ଦେହରେ ନିଆଁ ଲାଗିଥିଲା। ତା ପରେ ବିପିନ ଚିତ୍କାର କରି ନିକିଙ୍କୁ ହସ୍ପିଟାଲକୁ ନେଇଥିଲେ। ଏହି ଭିଡିଓ ପୁଣିଥରେ ମାମଲାର ଯାଞ୍ଚ ପାଇଁ ପୁଲିସକୁ ଖୋରାକ ଯୋଗାଉଛି।

## ଟ୍ରମ୍ପଙ୍କ ଫୋନ୍ ଉଠାଉ ନାହାନ୍ତି ମୋଦୀ!

ନୂଆଦିଲ୍ଲୀ, ୨୬।୮ (ଏଜେନ୍ସି): ଚଢ଼ା ଶୁଳ୍କକୁ ନେଇ ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ଏବଂ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କୁ ମଧ୍ୟରେ ତିକ୍ତତା ବୃଦ୍ଧି ପାଇଛି। ଏହାକୁ ନେଇ ଆଲୋଚନା କରିବାକୁ ଟ୍ରମ୍ପ ମୋଦୀଙ୍କୁ ଚାରି ଥର ଫୋନ୍ କଲେଣି। ତେବେ ମୋଦୀ କୌଣସି ଥର ତାଙ୍କ ତାଙ୍କ ଫୋନ୍‌ର ଉତ୍ତର ଦେଇ ନ ଥିଲେ। ଜର୍ମାନୀ ଖବରକାଗଜ ଏଫଏଜେଡ୍ ଏହି ଦାବି କରିଛି। ତେବେ ଟ୍ରମ୍ପ କେଉଁ ଦିନ ଫୋନ୍ କରିଥିଲେ ତାହାର କୌଣସି ସୂଚନା ଦିଆଯାଇ ନାହିଁ। ରିପୋର୍ଟ ଅନୁଯାୟୀ ଟ୍ରମ୍ପଙ୍କ ଆକ୍ରମକ ବାଣିଜ୍ୟ ନୀତି ଏବଂ ଭାରତକୁ 'ମୃତ ଅର୍ଥନୀତି' କହିବାକୁ ନେଇ ମୋଦୀ କ୍ଷୁବ୍ଧ ହୋଇଛନ୍ତି। ପୂର୍ବରୁ ଦୁଇ ନେତାଙ୍କ ମଧ୍ୟରେ ଭଲ ସମ୍ପର୍କ ଥିଲା। କିନ୍ତୁ ଏବେ ଆମେରିକା ସହ ବାଣିଜ୍ୟ ଚୁକ୍ତି ନେଇ ଆଲୋଚନାକୁ ମଧ ଭାରତ ରଦ୍ଦ କରିଦେଇଛି। ଆମେରିକ ପ୍ରତିନିଧିମଣ୍ଡଳକୁ ନୂଆଦିଲ୍ଲୀ ଆସିବାକୁ ଦିଆଯାଇ ନାହିଁ। ଟ୍ରମ୍ପ ଭାରତ ଉପରେ ମୋଟ ୫୦ ପ୍ରତିଶତ ଶୁଳ୍କ ଲଗାଇଛନ୍ତି। ଏଥିରୁ ୨୫ ପ୍ରତିଶତ ପୂର୍ବରୁ କାର୍ଯ୍ୟକାରୀ ହୋଇଥିବାବେଳେ ଆଉ ୨୫ ପ୍ରତିଶତ ବୁଧବାରଠାରୁ ଲାଗୁ ହେବ। ରୁଷଠାରୁ ତୈଳ କିଣିବାକୁ ନେଇ ଟ୍ରମ୍ପ ଭାରତ ଉପରେ ଅତିରିକ୍ତ ୨୫ ପ୍ରତିଶତ ଶୁଳ୍କ ଲଗାଇଛନ୍ତି। ବିଶେଷଜ୍ଞଙ୍କ ମତାମତ ଆଧାରରେ ଖବରକାଗଜ ପକ୍ଷରୁ କୁହାଯାଇଛି ଯେ ଟ୍ରମ୍ପ ପ୍ରଥମେ ବାଣିଜ୍ୟ କ୍ଷତିକୁ ନେଇ ଏକ ଦେଶକୁ ଆକ୍ରମଣ କରନ୍ତି। ଏହା ପରେ ଉଚ୍ଚ ଶୁଳ୍କ ଧମକ ଦିଅନ୍ତି। ଏହାରି ଭୟରେ ଆଲୋଚନା ଆରମ୍ଭ ହୁଏ ଏବଂ ଶେଷରେ ସେ ଉଚ୍ଚ ଶୁଳ୍କ ଲାଗୁ କରି ଏବଂ କିଛି ରିହାତି ଦେଇ ନିଜକୁ ବିଜେତା ବୋଲି କୁହନ୍ତି। ଅନେକ ଦେଶ ସହିତ ଏଭଳି ଘଟିଛି। ଆମେରିକୀୟ ବଜାର ଉପରେ ନିଜ ସ୍ଥିତି କେତେ ମଝବୁତ ତାହା ଟ୍ରମ୍ପ ଦେଖାଇଦେବକୁ ଚାହୁଁଛନ୍ତି, କିନ୍ତୁ ଏଥର ମୋଦୀ ମୁଣ୍ଡ ନୁଆଁଇବାକୁ ମନା କରିଦେଇଛନ୍ତି।

# ଶତ୍ରୁକୁ ଚକ୍‌ମା ଦେବେ ଉଦୟଗିରି, ହିମଗିରି

ମୁମ୍ବଇ, ୨୬।୮ (ଏଜେନ୍ସି):



ଭାରତୀୟ ନୌସେନା ଇତିହାସ ସୃଷ୍ଟି କରିଛି। ପ୍ରଥମ ଥର ଦୁଇଟି ଭିନ୍ନ ଭିନ୍ନ ସିପୟାର୍ଡରେ ନିର୍ମିତ ଦୁଇଟି ଷ୍ଟିଲ୍‌ଥ ଯୁଦ୍ଧ ଜାହାଜ ଆଇଏନଏସ ଉଦୟଗିରି ଏବଂ ଆଇଏନଏସ ହିମଗିରି ଦିନକେ ନୌସେନାରେ ସାମିଲ ହୋଇଛି। ବିଶାଖାପାଟଣା ନୌସେନା ବେସ୍‌ରେ ମଙ୍ଗଳବାର ଆୟୋଜିତ ସ୍ୱତନ୍ତ୍ର କାର୍ଯ୍ୟକ୍ରମରେ ପ୍ରତିରକ୍ଷା ମନ୍ତ୍ରୀ ରାଜନାଥ ସିଂହ ଏହାକୁ ନୌସନାକୁ ସମର୍ପିଛନ୍ତି। ସ୍ୱଦେଶୀ ଜ୍ଞାନକୌଶଳରେ ନିର୍ମିତ ଏହି ଦୁଇଟି ଯୁଦ୍ଧ ଜାହାଜ ନୌସେନାର କ୍ଷମତାକୁ ଅଧିକ ବୃଦ୍ଧି କରିଛି। ଉଭୟ ଯୁଦ୍ଧଜାହାଜ ପ୍ରକଳ୍ପ-୧୭ଏର ଅଂଶବିଶେଷ। ଏହି ଅବସରରେ ରାଜନାଥ ଆମେରିକାର ଏଫ-୩୫ ବିମାନକୁ ଉପହାସ କରିଥିଲେ। ନୌସେନା ମୁଖ୍ୟ ଆଡମିରାଲ ଦିନେଶ କୁମାର ତ୍ରିପାଠୀ ଏହି କାର୍ଯ୍ୟକ୍ରମକୁ ସମ୍ବୋଧନ କରି ପାକିସ୍ତାନକୁ ଚେତାବନୀ ଦେଇଛନ୍ତି। ସେ କହିଛନ୍ତି ଯେ ଯଦି ଆବଶ୍ୟକ ପଡ଼େ ଭାରତୀୟ ନୌସେନା ଆଗ ପାକିସ୍ତାନରେ ଆକ୍ରମଣ କରିବ। ଅପରେସନ ସିନ୍ଦୂର ଆଗକୁ ମଧ ଜାରି ରହିବ। ଅନିଶ୍ଚିତତା ଏବଂ ପ୍ରତିଯୋଗିତାର ଏହି ଯୁଗରେ ସମୁଦ୍ରରେ ଶକ୍ତି ପ୍ରଦର୍ଶନ କରି ଭାରତୀୟ

**ଖଞ୍ଜାଯାଇଛି ବାରାକ-୮, ବ୍ରହ୍ମୋସ କ୍ଷେପଣାସ୍ତ୍ର**

**ଆଇଏନଏସରେ ସାମିଲ ହେଲେ ନୌସେନାର ଦୁଇ ଯୁଦ୍ଧ ଜାହାଜ**

ନୌସେନା ଶତ୍ରୁମାନଙ୍କୁ ଦୃଢ଼ ଜବାବ ଦେବ। ଅପରେସନ ସିନ୍ଦୂର ସମୟରେ ଏହି କ୍ଷମତାକୁ ଭଲ ଭାବରେ ପ୍ରଦର୍ଶନ କରାଯାଇଥିଲା।

ପ୍ରତିରକ୍ଷା ମନ୍ତ୍ରାଳୟ ପକ୍ଷରୁ କୁହାଯାଇଛି ଯେ ଏଗୁଡ଼ିକୁ ସ୍ୱତନ୍ତ୍ର ଭାବେ ଡିଜାଇନ୍ କରାଯାଇଛି। ଶତ୍ରୁର ରାଡାର, ଇନଫ୍ରାରେଡ୍ ଏବଂ ଶବ୍ଦ ସେନ୍‌ସର ଏହି ଯୁଦ୍ଧ ଜାହାଜକୁ ଧରିପାରିବ ନାହିଁ। ଭାରତ-ପ୍ରଶାନ୍ତ ମହାସାଗରୀୟ କ୍ଷେତ୍ରରେ ଏହି ଯୁଦ୍ଧଜାହାଜକୁ ନିୟୋଜିତ କରାଯିବ। ଉକ୍ତ ଅଞ୍ଚଳରେ ବାୟୁସେନାର ପର୍ଯ୍ୟବେକ୍ଷଣ କ୍ଷମତା ବୃଦ୍ଧି ପାଇବ। ଉଭୟ ଯୁଦ୍ଧଜାହାଜରେ ବ୍ରହ୍ମୋସ୍ ସୁପରସୋନିକ୍ କ୍ଷେପଣାସ୍ତ୍ର ଏବଂ ଭାରତ-ଇସ୍ରାଏଲ ଦ୍ୱାରା ନିର୍ମିତ ବାରାକ-୮ ଦୀର୍ଘ ଦୁରଗାମୀ ବାୟୁ କ୍ଷେପଣାସ୍ତ୍ର ପ୍ରଣାଳୀ (ଏଲଆରଏସଏଏମ) ଖଞ୍ଜା ଯାଇଛି। ଏଥିରେ ସମୁଦ୍ର ଯୁଦ୍ଧରେ ୭୬ ଏମଏମର ନୌସେନା ବନ୍ଧୁକ ଏବଂ ପାଣି ତଳେ ଚାଲୁଥିବା ଟର୍ପିଡୋ ବିସ୍ଫୋରକ ଅସ୍ତ୍ର ମଧ ଲାଗିଛି।

କୋଲକାତାର ଗାର୍ଡେନ୍ ରିଚ୍ ସିପିବିଲ୍ଡର୍ସ ଆଣ୍ଡ ଇଞ୍ଜିନିୟର୍ସ (ଜିଆରଏସଇ) ଆଇଏନଏସ ହିମଗିରୀକୁ ନିର୍ମାଣ କରିଛି। ପୁରୁଣା ଆଇଏନଏସ ହିମଗିରିର ନାମରେ ଏହାକୁ ନାମିତ କରାଯାଇଛି। ସେହିପରି ମୁମ୍ବଇର ମଝଗାଁଓ ଡକ୍ ସିପ୍‌ବିଲ୍ଡର୍ସ ଲିମିଟେଡ୍ ଆଇଏନଏସ ଉଦୟଗିରୀକୁ ନିର୍ମାଣ କରିଛି। ଆନ୍ଧ୍ରପ୍ରଦେଶର ଉଦୟଗିରି ପର୍ବତମାଳା ନାମରେ ଏହାର ନାମ ରଖାଯାଇଛି। ମାତ୍ର ୩୭ ମାସରେ ଏହାର ନିର୍ମାଣ କରାଯାଇଛି। ଆଇଏନଏସ ହିମଗିରିର ଓଜନ ୬,୬୭୦ ଟନ୍ ଏବଂ ଲମ୍ବ ୧୪୯ ମିଟର। ଏହା ଦୀର୍ଘ ଦିନ ପର୍ଯ୍ୟନ୍ତ ଅଭିଯାନରେ ଭାଗ ନେଇପାରିବ। ଏଥିରେ କ୍ଲୋଜ-ଇନ ୱିପନ ସିଷ୍ଟମ, ଟର୍‌ପିଡୋ ଟ୍ୟୁବ୍ସ, ଆଣ୍ଟି-ସବମେରାଇନ ରକେଟ୍ ଲଞ୍ଚର, ଆଡଭାନ୍ସ ଇଲେକ୍ଟ୍ରୋନକି ୱାରଫେୟାର ସିଷ୍ଟମ ରହିଛି।

## ଆଜିର ରାଶିଫଳ

**ମେଷ:** ଦିନଟି ଭଲରେ କଟିବ। ସ୍ୱାସ୍ଥ୍ୟରେ ଉନ୍ନତି ପରିଲକ୍ଷିତ ହେବ। ଆର୍ଥିକ ସ୍ଥିତି ଭଲ ରହିବ। ବନ୍ଧୁଙ୍କ ସହାୟତା ମିଳିବ। ବ୍ୟବସାୟ ପାଇଁ ନୂଆ ଯୋଜନା ପ୍ରସ୍ତୁତ କରିବେ। ନକାରାତ୍ମକ ଚିନ୍ତା ଦୂର ହେବ।

**ବୃଷ:** ଯାତ୍ରା ଯୋଗ ଅଛି। ଜୀବନସାଥୀଙ୍କ ସହ ସୁଖମୟ ସମୟ ଅତିବାହିତ କରିବେ। ନିବେଶରୁ ଦୂରେଇ ରୁହନ୍ତୁ। କୌଣସି ଶୁଭ ଖବର ମିଳିବ। ଛାତ୍ରଛାତ୍ରୀ ମନପସନ୍ଦ କାର୍ଯ୍ୟରେ ସମୟ ଅତିବାହିତ କରିବେ।

**ମିଥୁନ:** ଯାନବାହନ କିଣିବେ। ଧାର୍ମିକ ପୁସ୍ତକ ପ୍ରତି ଆଗ୍ରହ ବଢ଼ିବ। ପ୍ରେମିକ-ପ୍ରେମିକାଙ୍କ ପାଇଁ ଦିନଟି ଭଲ। ପରୋପକାର କାର୍ଯ୍ୟରେ ନିଜକୁ ନିୟୋଜିତ କରିବେ। ଘରେ ମାଙ୍ଗଳିକ କାର୍ଯ୍ୟ ଅନୁଷ୍ଠିତ ହେବ।

**କର୍କଟ:** ଅଫିସ୍‌ରେ କାର୍ଯ୍ୟଭାର ବଢ଼ିବ। କୌଣସି କାର୍ଯ୍ୟରେ ସମସ୍ୟା ଦେଖା ଦେବ। ଅଯଥା ଖର୍ଚ୍ଚ ବୃଦ୍ଧି ପାଇବ। ବିବାହରେ ସମସ୍ୟା ଆସିବ। ପ୍ରତିଯୋଗିତାମୂଳକ ପରୀକ୍ଷାରେ ବିଦ୍ୟାର୍ଥୀ କୃତକାର୍ଯ୍ୟ ହେବେ।

**ସିଂହ:** ବ୍ୟବସାୟରେ ଆଶାଜନକ ପରିଣାମ ମିଳିବ ନାହିଁ। ଜୀବନସାଥୀଙ୍କ ସହଯୋଗ ମିଳିବ। ବାପାଙ୍କ ସ୍ୱାସ୍ଥ୍ୟ ସମସ୍ୟାକୁ ନେଇ ଚିନ୍ତାରେ ରହିବେ। ଦାମ୍ପତ୍ୟ ଜୀବନ ସୁଖମୟ ହେବ।

**କନ୍ୟା:** ଚାକିରିକୁ ନେଇ କୌଣସି ସମସ୍ୟା ଦେଖା ଦେବ। ପାରିବାରିକ ଜୀବନ ସୁଖମୟ ହେବ। ଘରେ ପୂଜାପାଠ ଆୟୋଜନ କରିବେ। ଅଟକିଥିବା କାର୍ଯ୍ୟ ପୂରା ହେବ। ଆୟର ନୂଆ ଅବସର ପ୍ରାପ୍ତ ହେବ।

**ତୁଳା:** ଦିନଟି ମିଶ୍ରଫଳ ପ୍ରଦାନ କରିବ। ଆର୍ଥିକ ସ୍ଥିତି ମଜଭୁତ୍ ହେବ। ବିବାହ ପ୍ରସ୍ତାବ ଆସିବ। ରାଜନୀତିରେ ସଫଳତା ମିଳିବ। ଛାତ୍ରଛାତ୍ରୀ କ୍ୟାରିୟର ପାଇଁ ନୂଆ ଯୋଜନା କରିବେ।

**ବିଛା:** ଆଇଟି ଓ ବ୍ୟାଙ୍କ କ୍ଷେତ୍ରରେ ସଫଳତା ମିଳିବ। ଅଫିସ୍‌ରେ ବରିଷ୍ଠ ଅଧିକାରୀଙ୍କ ସହଯୋଗ ମିଳିବ। ବୈବାହିକ ଜୀବନ ସୁଖଶାନ୍ତିରେ କଟିବ। ବିଦ୍ୟାର୍ଥୀ ପଢ଼ାରେ ମନୋନିବେଶ କରିବେ।

**ଧନୁ:** ପରିବାର ଲୋକଙ୍କ ସହଯୋଗ ମିଳିବ। ସ୍ୱାସ୍ଥ୍ୟରେ ସୁଧାର ଆସିବ। ଆୟ ତୁଳନାରେ ବ୍ୟୟ ଅଧିକ ହେବ। କଥାରେ ମଧୁରତା ରକ୍ଷା କରିବେ। ଦାମ୍ପତ୍ୟ ଜୀବନରେ ତିକ୍ତତା ଦେଖା ଦେବ।

**ମକର:** ଦିନଟିରେ କର୍ମଚଞ୍ଚଳ ରହିବେ। ବ୍ୟବସାୟରେ ଲାଭ ମିଳିବ। ଛାତ୍ରଛାତ୍ରୀ କଠିନ ପରିଶ୍ରମ କରିବେ। ପଡ଼ୋଶୀଙ୍କ ସହ ମତାନ୍ତର ହେବ। ପୈତୃକ ସମ୍ପତ୍ତିରୁ ଲାଭ ମିଳିବ। ପ୍ରେମ ସମ୍ବନ୍ଧ ସୁଖମୟ ହେବ।

**କୁମ୍ଭ:** ବ୍ୟବସାୟକୁ ନେଇ ଦୂରସ୍ଥାନକୁ ଯାତ୍ରା କରିବେ। ନିବେଶରୁ ଦୂରେଇ ରୁହନ୍ତୁ। ଘରେ ପୂଜାପାଠ ଆୟୋଜନ ହେବ। ବିବାହ ସମସ୍ୟା ସମାଧାନ ହେବ। ଯାନବାହନ କ୍ରୟର ଯୋଗ ଅଛି।

**ମୀନ:** ଚାକିରିରେ ବନ୍ଧୁଙ୍କ ସହାୟତା ମିଳିବ। ଅଫିସ୍‌ରେ ସହକର୍ମୀଙ୍କ ସହ ମତାନ୍ତର ଦେଖା ଦେବ। ନୂଆ କାର୍ଯ୍ୟ ଆରମ୍ଭ କରିବାର ଉତ୍ତମ ସମୟ। ସ୍ୱାମୀ-ସ୍ତ୍ରୀ ମଧ୍ୟରେ ଉତ୍ତମ ବୁଝାମଣା ରହିବ।

## ଆଜିର ଇତିହାସ

- ୧୮୭୦ : ଭାରତର ପ୍ରଥମ ଶ୍ରମିକ ସଂଗଠନ ଭାବେ ଶ୍ରମଜୀବୀ ସଂଘର ସ୍ଥାପନା।
- ୧୯୫୦ : ଟେଲିଭିଜନ ଇତିହାସରେ ପ୍ରଥମଥର ପାଇଁ ବିବିସି ସିଧା ପ୍ରସାରଣ କଲା।
- ୧୯୯୦ : ୱାଶିଂଟନସ୍ଥିତ ଇରାକୀ ଦୂତାବାସର ୩୬ କର୍ମଚାରୀଙ୍କୁ ଆମେରିକା ବାହାର କରଥିଲା।
- ୨୦୦୩ : ୬୦ ହଜାର ବର୍ଷ ପରେ ମଙ୍ଗଳ ଗ୍ରହ ପୃଥିବୀର ସବୁଠୁ ନିକଟତର ହୋଇଥିଲା।



## ଗଣଦେବତା ଶ୍ରୀଗଣେଶ

ଭାରତୀୟ ସଂସ୍କୃତିରେ ବିଘ୍ନରାଜ ବିନାୟକ ସର୍ବପୂଜ୍ୟ ଗଣ ଦେବତାର ଆସନ ଅଳଙ୍କୃତ କରି ଶ୍ରୀଗଣେଶ ନାମରେ ଖ୍ୟାତ ହୋଇଛନ୍ତି। ଭାରତୀୟ ଧର୍ମ ଧାରାରେ ବୈଦିକ କାଳରୁ ଶ୍ରୀଗଣପତିଙ୍କ ଉପାସନାର ଉନ୍ମେଷ ଘଟିଥିବା ଜଣାଯାଏ। ବୈଦିକ ମନ୍ତ୍ରରେ ଗଣପତିଙ୍କୁ ସର୍ବ ସିଦ୍ଧଦାତା, ସର୍ବ ମଙ୍ଗଳମୟ ରୂପେ ଅଭିହିତ କରାଯାଇଛି। ସେ ବୈଦିକ ଦେବତା ଅଗ୍ରପୂଜ୍ୟ ବିଘ୍ନ ବିନାଶକାରୀ ବିନାୟକ। ସେ ବକ୍ରତୁଣ୍ଡ ଓ ସର୍ବ କାର୍ଯ୍ୟ ସିଦ୍ଧିଦାତା ଗଣେଶ ଭାବରେ ଆରାଧିତ ହୋଇ ଆସୁଛନ୍ତି। ଆଦି ଦେବତା ଭାବେ ପ୍ରତ୍ୟେକ ଶୁଭ କାର୍ଯ୍ୟ, ପୂଜା, ଲେଖାପଢ଼ା ଓ ଧାର୍ମିକ କ୍ରିୟା ଆରମ୍ଭରେ ତାଙ୍କର ଆବାହନ କରାଯାଏ। ଗଜାନନଙ୍କୁ ପଞ୍ଚଦେବତାମାନଙ୍କ ମଧ୍ୟରୁ ଜଣେ ବୋଲି କୁହାଯାଏ। ହିନ୍ଦୁ ଧର୍ମରେ ବିବାହ ହେଉ କି ବ୍ରତ ଘର କି ଘର ପ୍ରତିଷ୍ଠା ସର୍ବପ୍ରଥମେ ଶ୍ରୀଗଣେଶଙ୍କୁ ପୂଜା କରାଯିବା ବିଧି ରହିଛି। ଭାଦ୍ରବ ଶୁକ୍ଳପକ୍ଷ ଚତୁର୍ଥୀ ତିଥିରେ ପାଳନ କରାଯାଏ ବିଦ୍ୟାର ଦେବତା ଆଦିଦେବ, ଅଗ୍ରପୂଜ୍ୟ ପ୍ରଭୁ ଶ୍ରୀଗଣେଶଙ୍କ ପୂଜା। ଗଣେଶ ପୂଜା ସର୍ବଭାରତୀୟ ପୂଜା ଭାବରେ ପ୍ରସିଦ୍ଧି ଲାଭ କରି ଆସିଛି। ଶ୍ରୀଗଣେଶ ବିଦ୍ୟାଦାତା ଓ ସିଦ୍ଧି ଦାତା ଭାବେ ବିଦ୍ୟାର୍ଥୀମାନଙ୍କ ଦ୍ୱାରା ପୂଜିତ ହୋଇଥାନ୍ତି। ଖାସ୍ ସେଥିପାଇଁ ଶିକ୍ଷାନୁଷ୍ଠାନମାନଙ୍କରେ ଶ୍ରୀଗଣେଶଙ୍କ ପୂଜାର୍ଚ୍ଚନା ମହାଆଡ଼ମ୍ବରରେ ପାଳନ କରାଯାଏ। ସମସ୍ତ ପ୍ରକାର ଫଳ, ଚୁଡା ଘଷା, ବେସନ ସେଉ, ବୁନ୍ଦି ଗଣେଶଙ୍କୁ ଭୋଗ ରୂପେ ଅର୍ପଣ କରାଗଲେ ବି ମୋଦକ ଓ ରାଶିଲଡୁ ତାଙ୍କର ପ୍ରିୟ ଭୋଗ। ମହାରାଷ୍ଟ୍ରରେ ଏହା ଏକ ଗଣପର୍ବ ହୋଇଥିବାବେଳେ ଓଡିଶାର ଖୋର୍ଦ୍ଧା ଜିଲ୍ଲା ଜଟଣୀରେ ଗଣେଶ ପୂଜା ପ୍ରସିଦ୍ଧ। ଶିବ ପୁରାଣ ଅନୁଯାୟୀ, ଦେବୀ ପାର୍ବତୀ ନିଜଦେହରୁ ନିର୍ଗତ ମଇଳାରୁ ଏକ ମୂର୍ତ୍ତି ଗଠନ କଲେ ଏବଂ ତାଙ୍କୁ ଜୀବଦାନ ଦେଲେ। ପାର୍ବତୀ ତାଙ୍କୁ ଦ୍ୱାର ଜଗାଇ ଭିତରକୁ କାହାକୁ ପ୍ରବେଶ ନ କରେଇବା ପାଇଁ ଆଦେଶ ଦେଇ ସ୍ନାନ କରିବାକୁ ଗଲେ। ଠିକ୍ ସେହି ସମୟରେ ମହାଦେବ ସେଠାକୁ ଆସି ଭିତରକୁ ପ୍ରବେଶ କରିବାରୁ ବାଳକ ଗଣେଶ ନିଜ ପିତାଙ୍କୁ ଚିହ୍ନି ନ ପାରି ବାଟ ଛାଡ଼ିଲେ ନାହିଁ। ମହାଦେବ ବୁଝାଇବାକୁ ଚେଷ୍ଟା କରି ବିଫଳ ହେବା ପରେ କ୍ରୋଧ ଜର୍ଜରିତ ହୋଇ ଗଣେଶଙ୍କ ଶିରଚ୍ଛେଦନ କଲେ। ପରେ ପାର୍ବତୀଙ୍କ ନିକଟରୁ ଶ୍ରୀଗଣେଶଙ୍କ ପରିଚୟ ପାଇ ଫେରି ଆସି ଦେଖିଲା ବେଳକୁ ମୁଣ୍ଡହୀନ ଗଣ୍ଡିଟି ପଡ଼ିଛି। ଏହା ଦେଖି ମାତା ପାର୍ବତୀ ଅଧୀର ହୋଇ ପଡ଼ିଥିଲେ। ପାର୍ବତୀ ଉତ୍ତେଜିତ ହୋଇ ଉଗ୍ରରୂପ ଧାରଣ କରିଥିଲେ। ସୃଷ୍ଟିକୁ ଧ୍ୱଂସ କରି ଦେବାକୁ କହିଥିଲେ। ପାର୍ବତୀଙ୍କୁ ସୃଷ୍ଟି କର୍ତ୍ତା ବ୍ରହ୍ମା ବୁଝାଇବାକୁ ଚେଷ୍ଟା କରିଥିଲେ। ତାଙ୍କ ସମ୍ମୁଖରେ ପାର୍ବତୀ ଦୁଇଟି ସର୍ତ୍ତ ରଖିଥିଲେ। ପ୍ରଥମେ ଗଣେଶଙ୍କୁ ଜୀବ ଦାନ ଦିଆଯିବ ଅନ୍ୟଟି ସେ ଅଗ୍ରପୂଜ୍ୟ ହେବେ। ଏଥିରେ ବ୍ରହ୍ମା ରାଜି ହୋଇଥିଲେ। ଅପରପକ୍ଷରେ ଶିବ ଗଣେଶଙ୍କୁ ଜୀବଦାନ ଦେବା ପାଇଁ ତାଙ୍କ ଅନୁଚରଙ୍କୁ ପଠାଇ ଯେଉଁ ପ୍ରାଣୀକୁ ପ୍ରଥମେ ଦେଖିବ ଯିଏକି ଉତ୍ତର ଦିଗକୁ ମୁଣ୍ଡ ଦେଇ ଶୋଇଥିବ ତା'ର ଶିର ଛେଦନ କରି ନେଇ ଆସିବ ବୋଲି କହିଥିଲେ। ଶିବଦୂତ ଏକ ହାତୀ ମୁଣ୍ଡ ଆଣି ଆସିଥିଲେ। ବିଘ୍ନେଶଙ୍କ ମୁଣ୍ଡରେ ହାତୀ ମୁଣ୍ଡଟିକୁ ଲଗାଇ ତାଙ୍କୁ ଜୀବନ୍ୟାସ ପ୍ରଦାନ କରାଯାଇଥିଲା। ଏହାପରେ ସେ ଗଜାନନ ନାମରେ ନାମିତ ହୋଇଥିଲେ ଓ ଅଗ୍ରପୂଜ୍ୟ ଭାବେ ପୂଜା ପାଇଥିଲେ। ପୌରାଣିକ ମତେ, ଗଣେଶ ବ୍ୟାସୋକ୍ତ ମହାଭାରତର ଲେଖକ। ଭାଦ୍ରବ ମାସ ଶୁକ୍ଳ ପକ୍ଷ ଚତୁର୍ଥୀ ଦିନ ପିଲା ଖଡ଼ି ଧରିବା (ଅକ୍ଷର ଲେଖା ଶିଖିବା) ଆରମ୍ଭ କରନ୍ତି। ସମୂହ ଖଡ଼ି ଛୁଆଁ କାର୍ଯ୍ୟକ୍ରମ ବିଭିନ୍ନ ମନ୍ଦିର ଓ ପୂଜାମଣ୍ଡପମାନଙ୍କରେ ଆୟୋଜିତ ହୁଏ। ଭକ୍ତି ସହକାରେ ଶ୍ରୀଗଣେଶଙ୍କ ପୂଜାର୍ଚ୍ଚନା କଲେ ମାନବର ସମସ୍ତ ଆଶା ଆକାଂକ୍ଷା ପ୍ରଭୁଙ୍କ ଦ୍ୱାରା ପୂର୍ଣ୍ଣ ହୋଇଥାଏ ବୋଲି ଭାରତୀୟ ଜନମାନସରେ ବିଶ୍ୱାସ ରହିଛି।

## 'ସନି ସଂସ୍କାରୀ କୀ ତୁଳସୀ କୁମାରୀ'ର ସୁଟିଂ ଶେଷ



ବଲିଉଡ୍ ଅଭିନେତା ବରୁଣ ଧୱନ୍‌ଙ୍କ ଫିଲ୍ମ 'ସନି ସଂସ୍କାରୀ କୀ ତୁଳସୀ କୁମାରୀ'ର ସୁଟିଂ ଇତିମଧ୍ୟରେ ଶେଷ ହୋଇଛି। ବରୁଣ ନିଜେ ଏସମ୍ପର୍କରେ ଇନ୍‌ଷ୍ଟାଗ୍ରାମ୍‌ରେ ଏକ ପୋଷ୍ଟ ସେୟାର୍ କରି ସୂଚନା ଦେଇଛନ୍ତି। ବରୁଣ ଏହି ପୋଷ୍ଟରେ ଲେଖିଛନ୍ତି- 'ସନି ସଂସ୍କାରୀ କୀ ତୁଳସୀ କୁମାରୀ'ର ସୁଟିଂ ସରିଲା। ମୁଁ ପୁଣି ଥରେ ଶଶାଙ୍କ ଖୈତାନଙ୍କ ନିର୍ଦ୍ଦେଶନାରେ ଅକ୍ଟୋବର ୨ରେ ପରଦାକୁ ଫେରୁଛି।' ସେ ଏହା ସହ ଫିଲ୍ମର ଫଟୋ ମଧ୍ୟ ସେୟାର୍ କରିଛନ୍ତି। ତେବେ ଶଶାଙ୍କଙ୍କ ସହ ଏହା ବରୁଣଙ୍କ ତୃତୀୟ ଫିଲ୍ମ। ଏହାପୂର୍ବରୁ ଶଶାଙ୍କଙ୍କ ସହ ବରୁଣ 'ହମ୍‌ଟି ଶର୍ମା କି ଦୁଲହନିୟା' ଓ 'ବଦ୍ରୀନାଥ କି ଦୁଲହନିୟା'ରେ କାମ କରିଥିଲେ। ଏହି ଦୁଇଟି ଫିଲ୍ମରେ ବରୁଣଙ୍କ ବିପକ୍ଷରେ ଆଲିଆ ଭଟ୍ଟ ଦେଖାଯାଇଥିଲେ। 'ସନି ସଂସ୍କାରୀ କୀ ତୁଳସୀ କୁମାରୀ'ରେ କିନ୍ତୁ ବରୁଣଙ୍କ ବିପକ୍ଷରେ ଜାହ୍ନବୀ କପୁର ଦେଖାଯିବେ। ଫିଲ୍ମର ରିଲିଜ୍ ଡେଟ୍ ଏହାପୂର୍ବରୁ ଅନେକ ଥର ପରିବର୍ତ୍ତନ କରାଯାଇଛି। ଏବେ ଏହା ଅକ୍ଟୋବର ୨ରେ ରିଲିଜ୍ ହେବ ବୋଲି ଫାଇନାଲ ହୋଇଛି। ଏଥିରେ ବରୁଣ ଓ ଜାହ୍ନବୀଙ୍କ ସହ ଅକ୍ଷୟ ଓବରୟ, ସାନ୍ୟା ମଲହୋତ୍ରା, ମନୀଷ ପଲ ମଧ୍ୟ ଗୁରୁତ୍ୱପୂର୍ଣ୍ଣ ଭୂମିକାରେ ଦେଖାଯିବେ। ଏହାର ପ୍ରଯୋଜନା ଦାୟିତ୍ୱରେ ଧର୍ମା ପ୍ରଡକ୍ସନ୍ ରହିଛି।

## ଅପରାଧ ରୋକିବ ହୋଲୋଗ୍ରାଫିକ୍ ପୁଲିସ୍



ଦକ୍ଷିଣ କୋରିଆ ରାଜଧାନୀ ସିଓଲ ସହରର ସ୍ଥାନେ ସ୍ଥାନେ ଏବେ ହୋଲେଗ୍ରାଫିକ୍ ପୁଲିସ୍ ମୁତୟନ କରାଯାଇଛି। ଲୋକଙ୍କ ସୁରକ୍ଷାକୁ ଆଖି ଆଗରେ ରଖି ଏହି ହାଇଟେକ୍ ପୁଲିସ୍‌କୁ ନିୟୋଜିତ କରାଯାଇଛି। ତେବେ ସ୍ଥାନୀୟ ପୁଲିସ୍ ଏହାକୁ ନେଇ ବେଶ୍ ଆଶାୟୀ ଥିବାବେଳେ ସାଧାରଣ ଲୋକେ କିନ୍ତୁ ଏଥିରେ ଖୁସି ନାହାନ୍ତି। ପ୍ରତିଦିନ ସନ୍ଧ୍ୟା ୭ଟାରୁ ୧୦ଟା ମଧ୍ୟରେ ଜଙ୍ଗ-ଗୁ, ଜୁଡୋଙ୍ଗ ନଂ୩ ପାର୍କରେ ୧୭୦ ସେଣ୍ଟିମିଟର ଉଚ୍ଚତା ବିଶିଷ୍ଟ ହୋଲୋଗ୍ରାଫିକ୍ ପୁଲିସ୍ କର୍ମୀଙ୍କୁ ଦେଖିବାକୁ ମିଳିଥାଏ। ପ୍ରୋଜେକ୍ଟର ମାଧ୍ୟମରେ ଏହି ଛାୟାକୃତି ପୁଲିସ୍ ଅଫିସର୍‌କୁ ଦେଖିବାକୁ ମିଳୁଛି। ସିସିଟିଭି ଅପରାଧୀମାନଙ୍କ ଉପରେ ତୀକ୍ଷ୍ଣ ନଜର ରଖିଛି ଓ ଜରୁରିକାଳୀନ ସ୍ଥିତିରେ ପୁଲିସ୍ ତୁରନ୍ତ ଲୋକଙ୍କୁ ସାହାଯ୍ୟ କରିବ ବୋଲି ଏହି ହୋଲୋଗ୍ରାଫିକ୍ ପୁଲିସ୍ ଲୋକଙ୍କୁ ମନେ ପକାଇ ଦେଉଛି। ହୋଲୋଗ୍ରାମିକା ନାମକ କମ୍ପାନି ଏହାକୁ ତିଆରି କରିଛି। ଗତବର୍ଷ ଅକ୍ଟୋବର ମାସରେ ଏହାକୁ ପରୀକ୍ଷାମୂଳକ ଭାବେ ଲଗାଯାଇଥିଲା। ତେବେ ଜୁଡୋଙ୍ଗ ନଂ ୩ ପାର୍କରେ ଏହା ଲଗାଯିବା ପରେ ସେଠାରେ ଅପରାଧ ଘଟଣା କମ୍ ହୋଇଥିବା ଦେଖାଯାଇଛି। ଯଦିଓ ଏହାକୁ ନେଇ ସ୍ଥାନୀୟ ପୁଲିସ୍ ଖୁସି ଅଛି କିନ୍ତୁ ସାଧାରଣ ଲୋକେ ଏହାକୁ ନେଇ ଅସନ୍ତୋଷ ବ୍ୟକ୍ତ କରିଛନ୍ତି। ଲୋକଙ୍କ କହିବା ଅନୁସାରେ, ଏଭଳି ପୁଲିସ୍‌କୁ ଦେଖି ଲୋକେ ଭୂତପ୍ରେତ ମନେକରି ଯାଉ ନାହାନ୍ତି।

# ଖେଳ

### ୟୁଏସ୍ ଓପନ ଗ୍ରାଣ୍ଡସ୍ଲାମ୍ ଟେନିସ

## କାର୍ଲୋସ୍ ଆଲକାରାଜଙ୍କ ବିଜୟ ଅଭିଯାନ

ନ୍ୟୁୟର୍କ,୨୬।୮ (ଏଜେନ୍ସି)

ପୁରୁଷ ଟେନିସ ଜଗତର ନୂଆ ସୁପରଷ୍ଟାର ସ୍ପେନ୍‌ର କାର୍ଲୋସ ଆଲକାରାଜ ନୂଆ ହେୟାରକଟ୍‌ରେ ୟୁଏସ୍ ଓପନର ପ୍ରଥମ ରାଉଣ୍ଡ ମ୍ୟାଚ୍‌ରେ ବିଜୟୀ ହୋଇଛନ୍ତି। ଖେଳ ଅପେକ୍ଷା ଦର୍ଶକ ଓ ସମର୍ଥକ ମାନେ ତାଙ୍କ ହେୟାରକଟ୍‌କୁ ଅଧିକ ପ୍ରଶଂସା କରୁଥିବା ଦେଖାଯାଇଥିଲା। ସୋମବାର ଅନୁଷ୍ଠିତ ପ୍ରଥମ ରାଉଣ୍ଡ ମୁକାବିଲାରେ ସେ ଆମେରିକାର ରିଲି ଓପେଲକାଙ୍କୁ ପରାସ୍ତ କରି ଦ୍ୱିତୀୟ ରାଉଣ୍ଡରେ ପ୍ରବେଶ କରିଛନ୍ତି। ଏହି ମ୍ୟାଚ୍ ଜିତିବାକୁ ତାଙ୍କୁ କିଛିଟା ସଂଘର୍ଷ କରିବାକୁ ପଡ଼ିଥିଲା। ସେ କିନ୍ତୁ୧୭ଟି ଅନ୍‌ଫୋର୍ସଡ ତ୍ରୁଟି କରି ୬-୪, ୭-୫, ୬-୪ ସିଧାସଳଖ ସେଟ୍‌ରେ ବିଜୟୀ ହୋଇଥିଲେ। ଦ୍ୱିତୀୟ ରାଉଣ୍ଡରେ ତାଙ୍କର ମୁକାବିଲା ହେବ ଇଟାଲୀର ୨୪ ବର୍ଷୀୟ ମାଟ୍ଟିଓ ବେଲୁଚିଙ୍କ ସହ। ବେଲୁଚି ପ୍ରଥମ ରାଉଣ୍ଡରେ ଚୀନ୍‌ର ଜାନଚେନ୍ ସାଙ୍ଗ୍‌ଙ୍କୁ ୭-୬, ୧-୬, ୬-୦, ୬-୩ ସେଟ୍‌ରେ ହରାଇ ଦ୍ୱିତୀୟ ରାଉଣ୍ଡରେ ପ୍ରବେଶ କରିଥିଲେ। ଦ୍ୱିତୀୟ ଦିନ ମଧ୍ୟ ସିଡେଡ ଖେଳାଳିଙ୍କ ବିଜୟ ଅଭିଯାନ ଅବ୍ୟାହତ ରହିଛି। ଏମାନଙ୍କ ମଧ୍ୟରେ ୯ମ ସିଡ୍ କାରେନ ଖାଚାନୋଭ୍, ୧୧ଶ ସିଡ୍ ହୋଲଗର ର୍ୟୁନ୍, ୧୨ଶ ସିଡ୍ କାସ୍‌ପର ରୁଡ୍, ୧୫ଶ ସିଡ ଆନ୍ଦ୍ରେ ରୁବ୍‌ଲେଭ୍ ପ୍ରମୁଖ ବିଜୟୀ ହୋଇ ଦ୍ୱିତୀୟ ରାଉଣ୍ଡରେ ପ୍ରବେଶ କରିଛନ୍ତି।

### ■ ହାରିଲେ ମାଡିସନ କିଜ୍

ମହିଳା ଏକକରେ ପୂର୍ବତନ ଗ୍ରାଣ୍ଡସ୍ଲାମ୍ ଚାମ୍ପିଅନ ଆମେରିକାର ମାଡିସନ କିଜ୍ ପ୍ରଥମ ରାଉଣ୍ଡରେ ବିଦାୟ ନେଇଛନ୍ତି। ସୋମବାର ଖେଳାଯାଇଥିବା ମୁକାବିଲାରେ ସେ ମେକ୍ସିକୋର ରେନାଟା ଜାରୁଜୁଆଙ୍କଠାରୁ ୧-୨ ସେଟ୍‌ରେ ପରାଜିତ ହୋଇଥିଲେ। ସେହିପରି ଦ୍ୱାଦଶ ସିଡ୍ ଏଲିନା ଭିଟୋଲିନା ମଧ୍ୟ ପ୍ରଥମ ରାଉଣ୍ଡରୁ ବିଦାୟ ନେଇଛନ୍ତି। ଏମାନଙ୍କ ବ୍ୟତୀତ ଅନ୍ୟ ସିଡେଡ ଖେଳାଳି ପ୍ରଥମ ରାଉଣ୍ଡରେ ବିଜୟୀ ହୋଇଛନ୍ତି। ସେମାନଙ୍କ ମଧ୍ୟରେ ୫ମ ସିଡ୍ ମୀରା ଆନ୍ଦ୍ରିଭା, ୯ମ ସିଡ ଏଲେନା ରିବାକିନା, ୧୧ଶ ସିଡ୍ କାରୋଲିନା ମୁଚୋଭା, ୧୫ତମ ସିଡ୍ ଡାରିଆ କାସତକିନା, ୧୯ତମ ସିଡ୍ ଏଲିସେ ମେର୍ଟେନ୍ସ ଓ୨୮ତମ ସିଡ୍ ମାଗଡାଲେନା ଫ୍ରେଚ୍ ପ୍ରମୁଖ ବିଜୟ ହାସଲ କରିଛନ୍ତି।



### ■ ୪୫ ବର୍ଷରେ ଖେଳିଲେ ଭେନସ

୨୦୧୧ରେ ଗୁରୁତର ଅସୁସ୍ଥତା ପରେ ଭେନସ ୱିଲିୟମ୍ସଙ୍କ ପ୍ରତିଯୋଗିତାମୂଳକ ଟେନିସ ଖେଳିବା ଏକ ପ୍ରକାର ସ୍ୱପ୍ନ ହୋଇଯାଇଥିଲା। କିନ୍ତୁ ସେ ଗତ ଜୁଲାଇରେ ପ୍ରତିଯୋଗିତାମୂଳକ ଟେନିସ ଖେଳି ସମସ୍ତଙ୍କ ଅନୁମାନକୁ ଭୁଲ ପ୍ରମାଣିତ କରିଦେଇଥିଲେ। ଏହା ମଧ୍ୟରେ ଅସୁସ୍ଥତାକୁ ପଛରେ ପକାଇ ଭେନସ ପୁଣିଥରେ ଟେନିସ କୋର୍ଟକୁ ଫେରିଥିଲେ। ୭ଥରର ଗ୍ରାଣ୍ଡସ୍ଲାମ୍ ଚାମ୍ପିଅନ ଭେନସ ଫିଟ୍ ହେବା ପରେ ପ୍ରଥମଥର ଏପରି ଏକ ବଡ଼ ଟୁର୍ଣ୍ଣାମେଣ୍ଟରେ ଖେଳିଥିଲେ। ଅନ୍ୟତମ ଶ୍ରେଷ୍ଠ ଖେଳାଳି ତଥା ୧୧ଶ ସିଡ ଚେକ୍ ଗଣରାଜ୍ୟର କାରୋଲିନା ମୁଚୋଭାଙ୍କଠାରୁ ଲଢ଼େଇ କରି ହାରିଥିଲେ। ମୁଚୋଭା ଏହି ମ୍ୟାଚ୍‌କୁ ୬-୩, ୨-୬, ୬-୧ରେ ଜିତିଥିଲେ ମଧ୍ୟ ଭେନସଙ୍କ ନିକଟରେ ଏବେ ବି ଟପ୍ କ୍ଲାସ୍ ଟେନିସ ଖେଳିବାର ଶକ୍ତିଥିବା କଥା ପ୍ରମାଣିତ କରିଥିଲେ।

### ସହଜରେ ଜିତିଲେ ସ୍ୱିଆଟେକ, ମୁସେଟୀ

ମହିଳା ବିଭାଗରେ ଦ୍ୱିତୀୟ ସିଡ୍ ଇଗା ସ୍ୱିଆଟେକ ୟୁଏସ୍ ଓପନ ମହିଳା ଏକକ ଦ୍ୱିତୀୟ ରାଉଣ୍ଡରେ ପ୍ରବେଶ କରିଛନ୍ତି। ମଙ୍ଗଳବାର ଖେଳାଯାଇଥିବା ପ୍ରଥମ ରାଉଣ୍ଡ ମୁକାବିଲାରେ ୬ଥରର ଗ୍ରାଣ୍ଡସ୍ଲାମ୍ ଚାମ୍ପିଅନ ସ୍ୱିଆଟେକ୍ ୬-୧, ୬-୨ ସିଧାସଳଖ ସେଟ୍‌ରେ କଲମ୍ବିଆର ଏମିଲିଆନୋ ଆରାଙ୍ଗୋଙ୍କୁ ପରାସ୍ତ କରିଥିଲେ। ପୋଲାଣ୍ଡର ଏହି ଚାମ୍ପିଅନ ଖେଳାଳି ଦ୍ୱିତୀୟ ରାଉଣ୍ଡରେ ନେଦରଲାଣ୍ଡସର ସୁଜାନା ଲାମେନ୍ସଙ୍କୁ ଭେଟିବେ। ମହିଳା ଏକକର ଅନ୍ୟ ମୁକାବିଲାରେ ବ୍ରାଜିଲର ବିଏଟ୍ରିଜ୍ ହାଦାଦ ମାୟା ଲଢୁଆ ଖେଳ ପ୍ରଦର୍ଶନ କରି ୬-୩, ୧-୬, ୬-୧ ସେଟ୍‌ରେ ବ୍ରିଟେନର ସୋନୟ କର୍ତାଲଙ୍କୁ ହରାଇ ଦ୍ୱିତୀୟ ରାଉଣ୍ଡରେ ପ୍ରବେଶ କରିଛନ୍ତି। ଅନ୍ୟ ଏକ ମ୍ୟାଚ୍‌ରେ ୨୭ ନମ୍ବର ସିଡ୍ ୟୁକ୍ରେନ୍‌ର ମାର୍ତ୍ତା କୋଷ୍ଟ୍ୟୁକ୍ ୬-୪, ୬-୪ ସିଧାସଳଖ ସେଟ୍‌ରେ ବ୍ରିଟେନର କାଟି ବୋଲଟରଙ୍କୁ ହରାଇ ଦ୍ୱିତୀୟ ରାଉଣ୍ଡକୁ ଉନ୍ନୀତ ହୋଇଛନ୍ତି। ମଙ୍ଗଳବାର ଖେଳାଯାଇଥିବା ପୁରୁଷ ଏକକ ମୁକାବିଲାରେ ଇଟାଲୀର ଯୁବ ଖେଳାଳି ତଥା ୧୦ମ ସିଡ୍ ୨୪ ବର୍ଷୀୟ ଲୋରେଞ୍ଜୋ ମୁସେଟୀ ୩-୧ (୬-୭, ୬-୩, ୬-୪, ୬-୪)ସେଟ୍‌ରେ ଫ୍ରାନ୍ସର ଗିଓଭାନି ପେଟଶୀ ପେରୀକାର୍ଡଙ୍କୁ ପରାସ୍ତ କରି ଦ୍ୱିତୀୟ ରାଉଣ୍ଡରେ ପ୍ରବେଶ କରିଛନ୍ତି।

## ଗୋଆରେ ଚେସ୍ ବିଶ୍ୱକପ୍

ନୂଆଦିଲ୍ଲୀ,୨୬।୮ (ଏଜେନ୍ସି): ଫିଡେ ବା ପୁରୁଷ ଚେସ୍ ବିଶ୍ୱକପ୍ ଭାରତର ଗୋଆରେ ଅକ୍ଟୋବର ୩୧ରୁ ନଭେମ୍ବର ୨୭ ଯାଏ ଅନୁଷ୍ଠିତ ହେବ। ନକ୍‌ଆଉଟ ଭିତ୍ତିରେ ଖେଳାଯିବାକୁ ଥିବା ଏହି ପ୍ରତିଯୋଗିତାରେ ସମଗ୍ର ବିଶ୍ୱରୁ ୨୦୬ ଜଣ ଖେଳାଳି ଅଂଶଗ୍ରହଣ କରିବେ। ଏଥିରେ ମୋଟ ୧୭.୫ କୋଟି ଟଙ୍କାର ପୁରସ୍କାର ପ୍ରଦାନ କରାଯିବାକୁ ଥିଲାବେଳେ ୩ଜଣ ଖେଳାଳି ୨୦୨୬ କ୍ୟାଣ୍ଡିଡେଟ୍ସ ଚେସ୍‌ରେ ଭାଗ ନେବାକୁ ଯୋଗ୍ୟତା ଅର୍ଜନ କରିବେ। ପ୍ରଥମ ୫୦ଜଣଙ୍କ ସ୍ଥାନରେ ଥିବା ଖେଳାଳିମାନେ ଦ୍ୱିତୀୟ ରାଉଣ୍ଡରୁ ଖେଳ ଆରମ୍ଭ କରିବେ। ପ୍ରତ୍ୟେକ ରାଉଣ୍ଡରେ ୨ଟି କ୍ଲାସିକ୍ ମ୍ୟାଚ୍ ଖେଳାଯିବ। ଆବଶ୍ୟକ ହେଲେ ରାପିଡ ଓ ବ୍ଲିଜ୍‌ରେ ଟାଇବ୍ରେକ୍ ମ୍ୟାଚ୍ ଅନୁଷ୍ଠିତ ହେବ। ଏବେ ଓପନ ବା ପୁରୁଷ କାଟାଗୋରୀରେ ଡି ଗୁକେଶ, ମହିଳା ବିଭାଗରେ ଦିବ୍ୟା ଦେଶମୁଖ ବିଶ୍ୱକପ୍, ଚେସ୍ ଅଲିମ୍ପିଆଡ଼ରେ ଉଭୟ ଦଳ ଚାମ୍ପିଅନ ଆଖ୍ୟା ଅର୍ଜନ କରିଛନ୍ତି।

## ତ୍ରିପୁରାରୁ ଖେଳିବେ ହନୁମା

ଅଗରତାଲା,୨୬।୮ (ଏଜେନ୍ସି): ଘରୋଇ କ୍ରିକେଟରେ ଆନ୍ଧ୍ରପ୍ରଦେଶ ପକ୍ଷରୁ ୪୪ଟି ଓ ହାଇଦ୍ରାବାଦ୍ ପକ୍ଷରୁ ୪୦ଟି ପ୍ରଥମଶ୍ରେଣୀ ମ୍ୟାଚ୍ ଖେଳିଥିବା ବ୍ୟାଟର ହନୁମା ବିହାରୀ ଚଳିତ ସିଜନରେ ତ୍ରିପୁରା ପକ୍ଷରୁ ଖେଳିବାକୁ ଚୁକ୍ତିବଦ୍ଧ ହୋଇଛନ୍ତି। ଆଜି ଆନ୍ଧ୍ର ପକ୍ଷରୁ ତାଙ୍କୁ ଏନ୍‌ଓସି ଦେବା ପରେ ଏହା ସ୍ପଷ୍ଟ ହୋଇଛି। ଭାରତ ପକ୍ଷରୁ ୨୦୧୮ରୁ ୨୦୨୨ ମଧ୍ୟରେ ୧୬ଟି ଟେଷ୍ଟ ଖେଳିଥିବା ଏହି ଖେଳାଳି ନିକଟରେ ଆନ୍ଧ୍ର ପ୍ରିମିୟର ଲିଗ୍‌ରେ ଖେଳିଥିଲେ। ସେ ତ୍ରିପୁରା ଦଳର ନେତୃତ୍ୱ ନେବେ।

### ଜୟନ୍ତ ମହାପାତ୍ର ସ୍ମାରକୀ ଫୁଟବଲ

## କିସ୍-ବିକାଶ ସେମିଫାଇନାଲ ମୁକାବିଲା

ଭୁବନେଶ୍ୱର,୨୬।୮(ସମିସ): କିସ୍ ଓ ବିକାଶ ରେସିଡେନସିଆଲ ସ୍କୁଲ ମଧ୍ୟରେ ଏଠାରେ ଚାଲିଥିବା ଜୟନ୍ତ ମହାପାତ୍ର ସ୍ମାରକୀ ଭୁବନେଶ୍ୱର ଆନ୍ତଃସ୍କୁଲ ଫୁଟବଲ ଟୁର୍ଣ୍ଣାମେଣ୍ଟର ସେମିଫାଇନାଲ ମୁକାବିଲା ଅନୁଷ୍ଠିତ ହେବ। ସେହପରି ପ୍ରଥମ ସେମିରେ ଡିଏଭି ପୋଖରୀପୁଟ ସହ ଓଡିଏମ୍ ଗ୍ଲୋବାଲ ସ୍କୁଲର ମୁକାବିଲା ହେବ। ଉଭୟ ସେମିଫାଇନାଲ ଭୁବନେଶ୍ୱର ଫୁଟବଲ ଏକାଡେମୀ ପରିସରରେ ଅଗଷ୍ଟ ୨୮ ତାରିଖ ଗୁରୁବାର ଖେଳାଯିବ। ଆଜି ଅନୁଷ୍ଠିତ ଦୁଇଟିଯାକ କ୍ୱାର୍ଟର ଫାଇନାଲ ମୁକାବିଲା ଏକତରଫା ହୋଇଥିଲା। ଆଜିର ପ୍ରଥମ ତଥା ଟୁର୍ଣ୍ଣାମେଣ୍ଟର ତୃତୀୟ କ୍ୱାର୍ଟର ଫାଇନାଲ ମୁକାବିଲାରେ କିସ୍ ୧୧-୦ ଗୋଲରେ ବକ୍ସି ଜଗବନ୍ଧୁ ଇଂଲିଶ ମିଡିୟମ୍ ସ୍କୁଲ୍‌କୁ ପରାସ୍ତ କରି ସେମିଫାଇନାଲରେ ପ୍ରବେଶ କରିଥିଲା। ବିଜୟୀ ଦଳ ପକ୍ଷରୁ ସୋନାରାମ ସୋରେନ୍ ଓ ଉପେନ୍ଦ୍ର ଅମାନତ୍ୟ ହ୍ୟାଟ୍ରିକ୍ ଗୋଲ ସ୍କୋର କରିଥିଲେ। ବଚନ ପୂର୍ତ୍ତି ମଧ୍ୟ ୨ଟି ଗୋଲ ସ୍କୋର କରିଥିଲେ। ସୋନାରାମଙ୍କୁ ଆଜିର ଅତିଥି ତଥା ଚାଟାର୍ଡ ଆକାଉଣ୍ଟାଣ୍ଟ ସତ୍ୟଜିତ ମିଶ୍ର ପୁରସ୍କାର ପ୍ରଦାନ କରିଥିଲେ। ସେହିପରି ଦ୍ୱିତୀୟ ମ୍ୟାଚ୍ ମଧ୍ୟ ଏକତରଫା ହୋଇଥିଲା। ଏଥିରେ ବିକାଶ ରେସିଡେନ୍ସିଆଲ ସ୍କୁଲ ୭-୦ ଗୋଲରେ ମଦର୍ସ ପବ୍ଲିକ୍ ସ୍କୁଲ୍‌କୁ ପରାସ୍ତ କରି ଶେଷ ଦଳ ଭାବେ ସେମିଫାଇନାଲରେ ପ୍ରବେଶ କରିଛି। ବିଜୟୀ ଦଳ ପକ୍ଷରୁ ଆର୍ଯ୍ୟନ ଲେନୀ ହ୍ୟାଟ୍ରିକ୍ ଗୋଲ ସ୍କୋର କରି ଅତିଥି ତଥା ପୂର୍ବତନ ପରିବହନ ମନ୍ତ୍ରୀ ପଦ୍ମନାଭ ବେହେରାଙ୍କଠାରୁ ପୁରସ୍କାର ଗ୍ରହଣ କରିଥିଲେ।



ଆର୍ଯ୍ୟନ ଲେନୀ



ସୋନାରାମ ସୋରେନ୍

### ଏସିଆନ ସୁଟିଂ ଚାମ୍ପିଅନସିପ୍

## ଡବଲ ସ୍ୱର୍ଣ୍ଣ ଜିତିଲେ ସିଫ୍ଟ କୌର

ନୂଆଦିଲ୍ଲୀ,୨୬।୮ (ଏଜେନ୍ସି)

ଭାରତର ଆଉ ଜଣେ ସୁଟର ସିଫ୍‌ଟ କୌର ସାମ୍ରା କାଜାଖସ୍ଥାନରେ ଚାଲିଥିବା ଏସିଆନ୍ ସୁଟିଂ ଚାମ୍ପିଅନସିପ୍‌ରେ ଡବଲ ସ୍ୱର୍ଣ୍ଣପଦକ ବିଜୟୀ ହୋଇଛନ୍ତି। ମଙ୍ଗଳବାର ଅନୁଷ୍ଠିତ ମହିଳା ୫୦ ମିଟର ରାଇଫଲ ୩ ପୋଜିସନରେ ସେ ଉଭୟ ବ୍ୟକ୍ତିଗତ ଓ ଦଳଗତ ବିଭାଗରେ ସ୍ୱର୍ଣ୍ଣପଦକ ହାସଲ କରିଛନ୍ତି। ଗତକାଲି ନୀରୁ ଧାଣ୍ଡା ମହିଳା ଟ୍ରାପ୍ ଇଭେଣ୍ଟରେ ଡବଲ ସ୍ୱର୍ଣ୍ଣ ପଦକ ଜିତିଥିଲେ। ଆଜି ଅନୁଷ୍ଠିତ ଇଭେଣ୍ଟରେ ସିଫ୍‌ଟ କୌର ଫାଇନାଲ ମୁକାବିଲାରେ ସର୍ବାଧିକ ୪୫୯.୨ ପଏଣ୍ଟ ପାଇ ପ୍ରଥମ ସ୍ଥାନରେ ରହିଥିଲେ। ଚୀନ୍‌ର ୟାଙ୍ଗ ୟୁଜି ୪୫୮.୮ ପଏଣ୍ଟ ପାଇ ରୌପ୍ୟ ଓ ଜାପାନର ନୋବୋଟା ମିସାକି କାଂସ୍ୟ ପଦକ ହାସଲ କରିଛନ୍ତି। ବ୍ୟକ୍ତିଗତ ବିଭାଗରେ ସ୍ୱର୍ଣ୍ଣ ଜିତିବା ପରେ ସିଫ୍ଟଙ୍କ ନେତୃତ୍ୱରେ ଆଶୀ ଚୋକସୀ ଓ ଅଞ୍ଜୁମ ମୌଦଗିଲ୍ ୧୭୫୦ ପଏଣ୍ଟ ସ୍କୋର କରି ପ୍ରଥମ ସ୍ଥାନ ଅଧିକାର କରିବା ସହ ସ୍ୱର୍ଣ୍ଣ ପଦକ କବ୍‌ଜା କରିଥିଲେ।



**ଶୀର୍ଷରେ ଶ୍ରୀୟଙ୍କା** : ଭାରତ ତଥା ଓଡ଼ିଶାର ସୁଟର ଶ୍ରୀୟଙ୍କା ଷଡଙ୍ଗୀ ଏହି ଇଭେଣ୍ଟର କ୍ୱାଲିଫିକେସନ ରାଉଣ୍ଡରେ ପ୍ରଥମ ସ୍ଥାନ ଅଧିକାର କରିଥିଲେ। କିନ୍ତୁ ସେ ମେଡାଲ ଲାଗି ଖେଳିପାରି ନ ଥିଲେ। ସେ କେବଳ ର୍ୟାଙ୍କିଂ ପଏଣ୍ଟ ପାଇବା ଲାଗି ଖେଳୁଥିବାରୁ ଫାଇନାଲ ଖେଳି ନ ଥିଲେ। ସିଫ୍‌ଟ କୌର ଏହାକୁ ମିଶାଇ ଏସିଆନ୍ ଚାମ୍ପିଅନସିପ୍‌ରେ ଚତୁର୍ଥ ସ୍ୱର୍ଣ୍ଣ ପଦକ ବିଜୟୀ ହୋଇଛନ୍ତି।

■ ରାଜ୍ୟଗୋଷ୍ଠୀ ଭାରୋତ୍ତୋଳନ

# ମୀନାଙ୍କୁ ସ୍ୱର୍ଣ୍ଣ ସ୍ନେହାଙ୍କୁ ରୌପ୍ୟ

ଭୁବନେଶ୍ୱର,୨୬।୮(ସମିସ): ଅହମ୍ମଦାବାଦ୍‌ରେ ଚାଲିଥିବା ରାଜ୍ୟଗୋଷ୍ଠୀ ଭାରୋତ୍ତୋଳନରେ ମଙ୍ଗଳବାର ଆଉ ୨ ଓଡ଼ିଆ ପ୍ରତିଯୋଗୀ ପଦକ ଜିତିବାରେ ସମର୍ଥ ହୋଇଛନ୍ତି। ଜୁନିଅର ୫୮ କେଜିରେ ମିନା ସାନ୍ତା-ଏ ସ୍ୱର୍ଣ୍ଣ ଓ ମହିଳା ୫୩ କିଲୋ କାଟାଗୋରୀରେ ସ୍ନେହା ସୋରେନ୍ ରୌପ୍ୟ ପଦକ ବିଜୟୀ ହୋଇଛନ୍ତି। ନବରଙ୍ଗପୁରର ଝିଅ ମିନା ସ୍ନାଚ୍‌ରେ ୮୪, କ୍ଲିନ୍ ଆଣ୍ଡ ଜର୍କରେ ୧୦୧ ଓ ମୋଟରେ ୧୮୫ କେଜି ଓଜନ ଉଠାଇ ସ୍ୱର୍ଣ୍ଣ ଜିତିଛନ୍ତି। ସେହିପରି ମୟୂରଭଞ୍ଜର ଝିଅ ସ୍ନେହା ସ୍ନାଚ୍‌ରେ ୮୧, କ୍ଲିନ୍ ଆଣ୍ଡ ଜର୍କରେ ୧୦୪ କେଜି ସହ ମୋଟ ୧୮୫ କେଜି ଓଜନ ଉଠାଇ ଦ୍ୱିତୀୟ ସ୍ଥାନରେ ରହିଥିଲେ। ଉଭୟ କଳିଙ୍ଗ ଷ୍ଟାଡିୟମ୍‌ରେ ଥିବା ଭାରୋତ୍ତୋଳନ ହାଇ ପରଫର୍ମାନ୍ସ ସେଣ୍ଟରରେ କୋଚ୍ ଗୋପାଳକୃଷ୍ଣ ଦାସଙ୍କଠାରୁ ପ୍ରଶିକ୍ଷଣ ନେଉଛନ୍ତି।





# ଏସିଆ କପ୍ ମହିଳା ହକି: ଭାରତୀୟ ଦଳରେ ଓଡ଼ିଶାରୁ ଏକା ସୁନେଲିତା

ଭୁବନେଶ୍ୱର,୨୬।୮(ସମିସ): ଚୀନ୍‌ର ହାଙ୍ଗଝୋଉଠାରେ ସେପ୍ଟେମ୍ବର ୫ରୁ ୧୪ ତାରିଖ ଯାଏ ମହିଳା ଏସିଆ କପ୍ ହକି ଲାଗି ଭାରତ ଏକ ୨୦ ଜଣିଆ ଦଳ ଘୋଷଣା କରିଛି। ମିଡ୍‌ଫିଲ୍ଡର ସଲିମା ଟେଟେ ଏହି ଦଳର ନେତୃତ୍ୱ ନେଉଥିଲାବେଳେ ଏଥିରେ ଜଣେ ମାତ୍ର ଓଡ଼ିଆ ଖେଳାଳି ସ୍ଥାନ ପାଇଛନ୍ତି। ସେ ହେଲେ ମିଡ୍‌ଫିଲ୍ଡର ସୁନେଲିତା ଟପ୍ପୋ। ଏହି ଚୟନରେ ଭିନ୍ନ ଭିନ୍ନ କାରଣରୁ ଆଉ ୩ଜଣ ଓଡ଼ିଶା ଖେଳାଳି ସ୍ଥାନ ପାଇବାରୁ ବଞ୍ଚିତ ହୋଇଛନ୍ତି। ବିହାରର ରାଜଗିରଠାରେ ଅଗଷ୍ଟ ୨୯ରୁ ଆରମ୍ଭ ହେବାକୁ ଯାଉଥିବା ପୁରୁଷ ଏସିଆ କପ୍‌ରେ ଅମିତ ରୋହିଦାସ୍ ଓ ଶିଳାନନ୍ଦ ଲାକ୍ରା ସ୍ଥାନ ପାଇଛନ୍ତି। ନୀଳମ ସଞ୍ଜୀପ ଖେସ ରିଜର୍ଭ ଖେଳାଳି ରହିଛନ୍ତି।



## ପୁରୁଷ ଏସିଆ କପ୍‌ରେ ମାଗଣା ଟିକଟ

ଦର୍ଶକମାନେ ମାଗଣାରେ ପୁରୁଷ ଏସିଆ କପ୍ ଖେଳ ଦେଖିପାରିବେ ବୋଲି ହକି ଇଣ୍ଡିଆ ସଭାପତି ଦିଲୀପ ତିର୍କୀ ଘୋଷଣା କରିଛନ୍ତି। କିନ୍ତୁ ଏଥିଲାଗି ଦର୍ଶକମାନେ www.ticketgenie.in ଆପ୍‌ରେ ଟିକଟ ବୁକିଂ କରିବାକୁ ହେବ।

ବୁଚି ବାବୁ ଆମନ୍ତ୍ରଣୀୟ କ୍ରିକେଟ

# ରାଜେଶଙ୍କ ଶତକ; ଓଡ଼ିଶା ୩୧୪/୧୦

କଟକ,୨୬।୮(ସମିସ): ବୁଚି ବାବୁ ଆମନ୍ତ୍ରଣୀୟ କ୍ରିକେଟ ଟୁର୍ଣ୍ଣାମେଣ୍ଟର ୩ୟ ତଥା ଅନ୍ତିମ ଲିଗ୍ ମ୍ୟାଚ୍ ମଙ୍ଗଳବାର ଠାରୁ ଆରମ୍ଭ ହୋଇଛି। ଚେନ୍ନାଇର ଏସ୍‌ଏସଏନ ଗ୍ରାଉଣ୍ଡରେ ଓଡ଼ିଶା ଜମ୍ମୁ ଓ କଶ୍ମୀରକୁ ଭେଟିଛି। ପ୍ରଥମ ଦୁଇଟି ମ୍ୟାଚ୍‌ରେ ପରାଜୟର ସମ୍ମୁଖୀନ ହୋଇଥିବା ଓଡ଼ିଶା ଶେଷ ଲିଗ୍‌ରେ





ବିଜୟୀ ହେବା ଲକ୍ଷ୍ୟ ରଖିଛି। ଜମ୍ମୁ ଓ କଶ୍ମୀର ଅଧିନାୟକ ଅବଦୁଲ ସମାଦ ଟସ୍ ଜିତି ଓଡ଼ିଶାକୁ ବ୍ୟାଟିଂ ନିମନ୍ତ୍ରଣ ଦେଇଥିଲେ। ୯୦ଓଭର ବିଶିଷ୍ଟ ପ୍ରଥମ ଇନିଂସ୍ ଖେଳର ୨ ଓଭର ବାକି ଥାଇ ଓଡ଼ିଶା ୩୧୭ରନରେ ଅଲଆଉଟ ହୋଇଥିଲା। ଓପନର ଓମ ଟି ମୁଣ୍ଡେ ୮ରନ ଏବଂ ଶୁଭ୍ରାଂଶୁ ଶେଖର ସେନାପତି ଶୂନରେ ପ୍ୟାଭିଲିୟନ ଫେରିବା ସହ ଦଳ ପ୍ରାଥମିକ ବ୍ୟାଟିଂ ବିପର୍ଯ୍ୟୟର ସମ୍ମୁଖୀନ ହୋଇଥିଲା। ଅନ୍ୟତମ ଓପନର ବିନୟ ପାଇକରାୟ ୨୦ରନ କରିଥିଲେ। ମଧ୍ୟକ୍ରମରେ ୱିକେଟ କିପର ରାଜେଶ ଧୂପରଙ୍କ ୧୦୪ରନ, ଗୋବିନ୍ଦ ପୋଦ୍ଦାରଙ୍କ ୭୪ରନ, କାର୍ତ୍ତିକ ବିଶ୍ୱାଳଙ୍କ ୫୩ରନ ବଳରେ ଦଳ ୩୦୦ପାର୍ କରିଥିଲା। ଅନୀଲ ପରିଡା ୨୨ରନର ପାଳି ଖେଳିଥିଲେ। ଜମ୍ମୁ ଓ କଶ୍ମୀର ପକ୍ଷରୁ ବଂଶଜ ଶର୍ମା ଓ ଆବିଦ ମୁସ୍ତାକ ୪ଟି ଲେଖାଏ ୱିକେଟ ଦଖଲ କରିଥିଲେ।







PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED.
PRINTED AT THE SAKALA, SWOTI VILLAGE, PANIKOILI-755043, DIST: JAJPUR, ODISHA
କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦୁ ଦାସ
EXECUTIVE EDITOR: SAMARENDU DAS